

ଶ୍ରଦ୍ଧା ସ୍ମରଣିକାଙ୍କୁ ସ୍କୁଲ୍ ଚେସ୍ ଟାଇଟଲ୍
▶ପୃଷ୍ଠା ୧୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI


◆VOLUME- 43 ◆ISSUE-27 ◆MONDAY ◆21 JULY 2025 ◆PAGE-12 ◆₹ 6.00 | JEYPORE | ◆ବର୍ଷ-୪୩ ◆ସଂଖ୍ୟା-୨୭ ◆ସୋମବାର ◆୨୧ ଜୁଲାଇ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ସିରିଆରେ ସାମ୍ପ୍ରଦାୟିକ ଦଙ୍ଗା; ୧୦୦୦ ମୃତ



■ **ଦାମାସକସ୍, ୨୦।୭ (ଏଜେନ୍ସି):** ମଧ୍ୟପ୍ରାଚ୍ୟ ଦେଶ ସିରିଆର ଦ୍ରୁଜ ବହୁଳ କ୍ଷେତ୍ର ସ୍ୱେଦାରେ ସାମ୍ପ୍ରଦାୟିକ ଦଙ୍ଗା ଉଗ୍ରରୂପ ଧାରଣ କରିଛି । ଗତ ଏକ ସପ୍ତାହ ମଧ୍ୟରେ ହୋଇଥିବା ହିଂସା କାଣ୍ଡରେ ଏପର୍ଯ୍ୟନ୍ତ ୧୦୦୦ଜଣ ମୃତ୍ୟୁବରଣ କରିଛନ୍ତି ବୋଲି ବ୍ରିଟେନ ସ୍ଥିତ ସିରିଆର ଆବଜରଭେଟରୀ ଫର ହ୍ୟୁମାନ ରାଇଟ୍ସ କହିଛି । ଏହି ଅଞ୍ଚଳରେ ମେସିନଗନ ଓ ମୋର୍ଟାର ଗୁଳିଗୋଳାର ଶବ୍ଦ ଶୁଣିବାକୁ ମିଳିଛି । ଏହି କ୍ଷେତ୍ରରେ ଅସ୍ତ୍ରବିରତି ଲାଗୁ କରିବାରେ ସରକାର ବିଫଳ ହୋଇଛନ୍ତି । ଦ୍ରୁଜ ସମ୍ପ୍ରଦାୟ ଓ ବେଦୁଇନ୍ ଜନାଜାତି ସମ୍ପ୍ରଦାୟ ମଧ୍ୟରେ ସଂଘର୍ଷ ଆରମ୍ଭ ହୋଇଥିଲା । ସିରିଆର ଦକ୍ଷିଣ ଭାଗରେ ସୁରକ୍ଷାବାହିନୀ ନିୟୋଜିତ କରାଯାଇଥିଲେ ମଧ୍ୟ ହିଂସା ରୋକିବାରେ ସଫଳ ହୋଇନାହାନ୍ତି । ସ୍ଥିତିକୁ ନିୟନ୍ତ୍ରଣ କରିବାକୁ ସରକାର ସୈନ୍ୟ ପଠାଇଥିଲେ । ତେବେ ଦ୍ରୁଜ୍ ଯୋଦ୍ଧାମାନେଙ୍କ ସହିତ ସେନାର ସଂଘର୍ଷ ହୋଇଥିଲା । ଶନିବାର ଦ୍ରୁଜ୍ ଓ ବେଦୁଇନ୍ ପୁଣି ମୁହାଁମୁହିଁ ହୋଇଥିଲେ । ତେବେ ସ୍ଥିତି ନିୟନ୍ତ୍ରଣାଧୀନ ରହିଛି ବୋଲି ସିରିଆ ସରକାର କହିଛନ୍ତି ।

## ବିଧାନସଭାରେ ଗେମ୍ ଖେଳିଲେ ମହାରାଷ୍ଟ୍ର କୃଷିମନ୍ତ୍ରୀ



### ଦିନକୁ ରାଜ୍ୟରେ ୮ ଚାଷୀ କରୁଛନ୍ତି ଆତ୍ମହତ୍ୟା: ବିରୋଧୀ
### ତିନି ମାସରେ ୭୫୦ ଚାଷୀଙ୍କ ଆତ୍ମହତ୍ୟା; ସରକାର ଶୋଇଛନ୍ତି

■ **ମୁମ୍ବାଇ, ୨୦।୭ (ଏଜେନ୍ସି):** ମହାରାଷ୍ଟ୍ର ବିଧାନସଭାରେ ବସି କୃଷିମନ୍ତ୍ରୀ ମାଣିକରାଓ କୋକାଟେ ଗେମ୍ ଖେଳୁଥିବାର ଦେଖାଯାଉଛି । ଏହାର ଭିଡିଓ ଖୁବ୍ ଭାଇରାଲ ହେବାରେ ଲାଗିଛି । ଏହାକୁ ନେଇ ବିରୋଧୀ ମନ୍ତ୍ରୀଙ୍କୁ ତୀବ୍ର ସମାଲୋଚନା କରିଛନ୍ତି । ରାଜ୍ୟରେ ଦିନକୁ ୮ ଚାଷୀ ଆତ୍ମହତ୍ୟା କରୁଥିବାବେଳେ କୃଷିମନ୍ତ୍ରୀ ବେସ୍ ଗେମ୍ ଖେଳିବା ଲଜ୍ଜାଜନକ ବୋଲି କହିଛନ୍ତି । ବିରୋଧୀ କୃଷିମନ୍ତ୍ରୀଙ୍କ ଇସ୍ତଫା ଦାବି କରିଛନ୍ତି । ରବିବାର ସଂସଦ ଭବନରେ ଅନୁଷ୍ଠିତ ସର୍ବଦଳୀୟ ବୈଠକ ପରେ ଏନ୍ସିପି (ଏସ୍‌ପି) ସାଂସଦ ସୁପ୍ରିୟା ସୁଲେ କହିଥିଲେ ଯେ କୃଷିମନ୍ତ୍ରୀ ତୁରନ୍ତ ପଦରୁ ଇସ୍ତଫା ଦେବା ଉଚିତ । ସେ ଇସ୍ତଫା ନ ଦେଲେ ମୁଖ୍ୟମନ୍ତ୍ରୀ ତାଙ୍କୁ ବାହାର କରିବା ଆବଶ୍ୟକ । ରାଜ୍ୟରେ ଗତ ତିନି ମାସରେ ପ୍ରାୟ ୭୫୦ ଚାଷୀ ଆତ୍ମହତ୍ୟା କଲେଣି । ଏଭଳି ଜରୁରୀ ସମୟରେ ଚାଷୀଙ୍କ ପାଇଁ ସ୍ୱର ଉତ୍ତୋଳନ କରିବା ପରିବର୍ତ୍ତେ କୃଷିମନ୍ତ୍ରୀ ବିଧାନସଭାରେ ▶ପୃଷ୍ଠା-୭

# ମରଣ ସହ ଯୁଝୁଛନ୍ତି ବଳଙ୍ଗା ପୀଡ଼ିତା

### ୭୫% ଦଗ୍ଧ; ସ୍ଥିତି ସଙ୍କଟାପନ୍ନ: ଦିଲ୍ଲୀ ଏମ୍ସ
### ସ୍ୱତନ୍ତ୍ର ଏୟାର ଆମ୍ବୁଲାନ୍ସ ଯୋଗେ ନିଆଗଲା
### ଆଇସିୟୁରେ ଅକ୍ସିଜେନ୍ ସପୋର୍ଟରେ ପୀଡ଼ିତା



■ **ଭୁବନେଶ୍ୱର, ୨୦।୭ (ସମିସ):** ଦୁର୍ବୃତ୍ତଙ୍କ ପାଶବିକ ଅତ୍ୟାଚାରର ଶିକାର ହୋଇ ଜଳି ଯାଇଥିବା ବଳଙ୍ଗା ଥାନା ଅଞ୍ଚଳର ୧୫ବର୍ଷୀୟା ପୀଡ଼ିତାଙ୍କୁ ଆଜି ଏୟାରଲିଫ୍ଟ କରାଯାଇଛି । ଉନ୍ନତ ଚିକିତ୍ସା ପାଇଁ ତାଙ୍କୁ ଭୁବନେଶ୍ୱର ଏମ୍ସରୁ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଛି ।

ପୀଡ଼ିତାଙ୍କୁ ଗତକାଲି ଗୁରୁତର ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଭର୍ତ୍ତି କରାଯାଇଥିଲା । ଆଜି ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସିଥିଲା । ହେଲେ ଉନ୍ନତ ଚିକିତ୍ସା ପାଇଁ ତାଙ୍କ ପରିବାର ସହ ଆଲୋଚନା ପରେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଛି । ପୀଡ଼ିତାଙ୍କୁ ସ୍ଥାନାନ୍ତର ପାଇଁ କମିସନରେଟ ପୁଲିସ ପକ୍ଷରୁ ଭୁବନେଶ୍ୱର ଏମ୍ସରୁ ବିଜୁ ପଟ୍ଟନାୟକ ବିମାନବନ୍ଦର ପର୍ଯ୍ୟନ୍ତ ଗ୍ରୀନ କରିଡର୍‌ର ବ୍ୟବସ୍ଥା କରିଥିଲା । ଗୋଟିଏ ପାଖ ରାସ୍ତାକୁ ସମ୍ପୂର୍ଣ୍ଣ ବନ୍ଦ କରାଯାଇଥିଲା । ଏମ୍ସରୁ ଆମ୍ବୁଲାନ୍ସ ବାହାରିବା ପରେ ଖଣ୍ଡଗିରି, ଫାୟାରଷ୍ଟେସନ୍, ଓୟୁଏଟି, ଗଙ୍ଗନଗର, ସୁର୍ କମ୍ପାନୀ ଛକ ଦେଇ ଏୟାରପୋର୍ଟ ନିଆଯାଇଥିଲା । ଦିନ ପ୍ରାୟ ସାଢ଼େ ୧୨ଟାରେ ବାହାରିଥିବା ଏସ୍କର୍ଟ ୧୨ଟା ୪୧ରେ ଏୟାରପୋର୍ଟରେ ପହଞ୍ଚିଥିଲା । ପୀଡ଼ିତାଙ୍କୁ ମାତ୍ର ୧୧ ମିନିଟରେ ବିମାନବନ୍ଦରର ପହଞ୍ଚା ଯାଇଥିଲା । ତାଙ୍କୁ ଚିକିତ୍ସା କରୁଥିବା ବର୍ଣ୍ଣ ଓ ପ୍ଲାଷ୍ଟିକ ସର୍ଜରୀ ବିଭାଗର ଅତିରିକ୍ତ ପ୍ରଫେସର ଡାକ୍ତର ସଞ୍ଜୟ ଗିରିଙ୍କ ସମେତ ଏକ ଡାକ୍ତରୀ ଟିମ୍ ପୀଡ଼ିତାଙ୍କ ସହ ଏମ୍ସରୁ ବିମାନବନ୍ଦର ପର୍ଯ୍ୟନ୍ତ ଯାଇଥିଲେ । ସେଠାରୁ ଦିଲ୍ଲୀ ଇନ୍ଦ୍ରପ୍ରସ୍ଥ ଆପୋଲୋର ସ୍ୱତନ୍ତ୍ର ଏୟାର ଆମ୍ବୁଲାନ୍ସ ଯୋଗେ ଦିଲ୍ଲୀ ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା । ପୀଡ଼ିତାଙ୍କ ସହ ତାଙ୍କ ପରିବାରର ସଦସ୍ୟ ମଧ୍ୟ ଦିଲ୍ଲୀ ଯାଇଛନ୍ତି ।

ସୂଚନାଯୋଗ୍ୟ, ଗ୍ରୀନ କରିଡର ଓ ଟ୍ରାଫିକ ପରିଚାଳନା ପାଇଁ କମିସନରେଟ୍ ପୁଲିସ୍ ପକ୍ଷରୁ ୭୯ ଟ୍ରାଫିକ୍ କନେଷ୍ଟବଳ, ୨ ପ୍ଲାଟୁନ୍ ପୁଲିସ ଫୋର୍ସ ଓ ଏସ୍କର୍ଟ ପାର୍ଟି ମୁତୟନ ହୋଇଥିଲେ ।

ସେପଟେ, ପୀଡ଼ିତା ଦିଲ୍ଲୀ ଏମ୍ସରେ ପହଞ୍ଚିବା ପରେ ଡାକ୍ତରଖାନା ପକ୍ଷରୁ ଆଜି ସଂଧ୍ୟାରେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ବୁଲେଟିନ୍ ଜାରି ହୋଇଛି । ରବିବାର ଅପରାହ୍ଣ ୪ଟା ୨୦ରେ ଦିଲ୍ଲୀ ଏମ୍ସରେ ପହଞ୍ଚିଛନ୍ତି । ତାଙ୍କୁ ବର୍ଣ୍ଣ ଓ ପ୍ଲାଷ୍ଟିକ ସର୍ଜରୀ ବ୍ଲକ୍‌ର ବର୍ଣ୍ଣ ଆଇସିୟୁରେ ଭର୍ତ୍ତି କରାଯାଇଛି । ତାଙ୍କ ଶରୀରର ୭୫ପ୍ରତିଶତ ଜଳିଯାଇଥିବା ବେଳେ ସେ ଆଇସିୟୁରେ ଅକ୍ସିଜେନ୍ ସପୋର୍ଟରେ ରହିଛନ୍ତି ବୋଲି ଡାକ୍ତରଖାନା ପକ୍ଷରୁ କୁହାଯାଇଛି । ପୀଡ଼ିତା ବିପିଏସ୍ ୫ ଆଇସିୟୁ ବେଡ୍ ନଂ-୧୨ରେ ଚିକିତ୍ସିତ ହେଉଥିବା ବେଳେ ସ୍ୱତନ୍ତ୍ର ଡାକ୍ତରୀ ଟିମ୍ ତାଙ୍କର ଚିକିତ୍ସା ତଦାରଖ କରୁଛନ୍ତି ।

### ଆଜିଠୁ ସଂସଦର ମୌସୁମୀ ଅଧିବେଶନ
## ଓଡ଼ିଶା, ବିହାର, ପହଲଗାମ ପ୍ରସଙ୍ଗରେ ତାତିବ ଗୃହ



### ଜଷ୍ଟିସ ବର୍ମାଙ୍କ ବିରୋଧରେ ଆସିବ ମହାଭିଯୋଗ ପ୍ରସ୍ତାବ
### ସମସ୍ତ ଆଲୋଚନା ପାଇଁ ପ୍ରସ୍ତୁତ: ମନ୍ତ୍ରୀ

■ **ନୂଆଦିଲ୍ଲୀ, ୨୦।୭ (ଏଜେନ୍ସି):** ସର୍ବଦଳୀୟ ବୈଠକ ଡକାଯାଇଥିଲା । ଆସନ୍ତାକାଲି ଠାରୁ ଆରମ୍ଭ ହେବାକୁ ଯାଉଥିବା ସଂସଦର ମୌସୁମୀ ଅଧିବେଶନ ବିହାର, ପହଲଗାମ ଏବଂ ଅପରେସନ ସିନ୍ଦୂର ପ୍ରସଙ୍ଗରେ ସରଗରମ ହେବାର ସମ୍ଭାବନା ରହିଛି । ଆଜି ଅନୁଷ୍ଠିତ ସର୍ବଦଳୀୟ ବୈଠକରୁ ଏଭଳି ଆଭାସ ମିଳିଛି । ସରକାର ଏହିସବୁ ପ୍ରସଙ୍ଗ ଉପରେ ଆଲୋଚନା କରିବାକୁ ପ୍ରସ୍ତୁତ ଥିବା ସଂସଦୀୟ ବ୍ୟାପାର ମନ୍ତ୍ରୀ କହିଛନ୍ତି । ଏହି ଅଧିବେଶନରେ ଆହ୍ଲାବାଦ ହାଇକୋର୍ଟର ବିଚାରପତି ଜଷ୍ଟିସ ବର୍ମାଙ୍କୁ ବହିଷ୍କାର କରିବା ଲାଗି ତାଙ୍କ ବିରୋଧରେ ମହାଭିଯୋଗ ପ୍ରସ୍ତାବ ମଧ୍ୟ ଆଗତ କରାଯିବ ।

ସଂସଦର ବର୍ଷାକାଳୀନ ଅଧିବେଶନ ଅବ୍ୟବହିତ ପୂର୍ବରୁ ଆଜି ସରକାରଙ୍କ ପକ୍ଷରୁ ବୈଠକରେ ବିରୋଧୀ ଦଳମାନେ ଅନ୍ୟାନ୍ୟ ପ୍ରସଙ୍ଗ ସମେତ ପହଲଗାମରେ ଆତଙ୍କବାଦୀ ଆକ୍ରମଣ ଏବଂ ଏଥିରେ ସରକାରୀ ଗୁଇନ୍ଦାର ବିଫଳତା, ଅପରେସନ ସିନ୍ଦୂର ବେଳେ ଭାରତ ଓ ପାକିସ୍ତାନ ମଧ୍ୟରେ ଯୁଦ୍ଧବିରତି କରାଇଥିବା ନେଇ ଆମେରିକାର ରାଷ୍ଟ୍ରପତି ଟ୍ରମ୍ପଙ୍କ ଦାବି ତଥା ବିହାରରେ ଚାଲିଥିବା ଭୋଟର ତାଲିକା ସଂଶୋଧନ ବିବାଦ କଥା ଉଠାଇଥିଲେ । ଓଡ଼ିଶାରେ ନାରୀ ନିର୍ଯାତନା କଥା ବି ଉଠିଥିଲା । ବିଜେଡି ସଂସଦ ସସ୍ମିତ ପାତ୍ର କହିଥିଲେ ଯେ ଓଡ଼ିଶାରେ ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇପଡ଼ିଛି । ରାଜ୍ୟର ଏଭଳି ପରିସ୍ଥିତି ପାଇଁ କେନ୍ଦ୍ର ନିଜ ଉପରୁ ଦାୟିତ୍ୱ ଖସାଇପାରିବ ନାହିଁ । ▶ପୃଷ୍ଠା-୭

## ଡିଏଫ୍‌ଓ ନା ଜମିଦାର୍ !
### ପତ୍ନୀ, ପୁଅଝିଅ ଓ ନିଜ ନାମରେ ୧୧୫ ପ୍ଲଟ୍



### ତାରକା ହୋଟେଲ ପରି ବହୁତଳ କୋଠା ବି ରହିଛି
### ଜଙ୍ଗଲୀ ବାବୁଙ୍କ ଘରେ ମିନି ଅସ୍ତ୍ରାଗାର

■ **ଭୁବନେଶ୍ୱର/କେନ୍ଦୁଝର/ଓଡ଼ଗାଁ, ୨୦।୭ (ସମିସ):** ଜମିଦାର ଡିଏଫ୍‌ଓଙ୍କ ଅଚଳାଚଳ ସମ୍ପତ୍ତି ଦେଖି ଆଶ୍ଚର୍ଯ୍ୟ ହୋଇଛନ୍ତି ଭିଜିଲାନ୍ସ ଟିମ୍ । ଏପରିକି ବାବୁଙ୍କ ସମ୍ପତ୍ତିକୁ ଆକଳନ କରିବା ଭିଜିଲାନ୍ସ ପକ୍ଷେ କଷ୍ଟକର ହୋଇପଡ଼ିଛି । ଆୟ ବହିର୍ଭୂତ ସମ୍ପତ୍ତି ଠୁଳ ଅଭିଯୋଗରେ କେନ୍ଦୁଝର କେନ୍ଦୁପତ୍ର ଡିଭିଜନ୍ ଡିଏଫ୍‌ଓ ନିତ୍ୟାନନ୍ଦ ନାୟକଙ୍କ ଘରେ ଆଜି ଭିଜିଲାନ୍ସ ଟିମ୍ ଚଢ଼ଉ କରିବା ପରେ ଏଭଳି ସମ୍ପତ୍ତି ଠାବ ହୋଇଛି । ବାବୁଙ୍କ ପରିବାର ଏବଂ ତାଙ୍କ ନାମରେ ୧୧୫ଟି ପ୍ଲଟ୍ ରହିଛି । ଯାହାକି ଭିଜିଲାନ୍ସ ଇତିହାସରେ ସରକାରୀ ବାବୁଙ୍କ ସର୍ବାଧିକ ପ୍ଲଟ୍ । ଭିଜିଲାନ୍ସ ଜାଲରେ ପଡ଼ିଥିବା କୌଣସି ସରକାରୀ କର୍ମଚାରୀଙ୍କ ନାମରେ ଏତେ ସଂଖ୍ୟକ ପ୍ଲଟ କେବେ ଠାବ କରାଯାଇ ନାହିଁ ବୋଲି କୁହାଯାଉଛି ।

ଆଜି ଡିଏଫ୍‌ଓ ନିତ୍ୟାନନ୍ଦଙ୍କ ପୈତୃକ ବାସଭବନ ସମେତ ୭ଟି ସ୍ଥାନରେ ଭିଜିଲାନ୍ସ ପକ୍ଷରୁ ଚଢ଼ଉ କରାଯାଇଥିଲା । ବନ୍ତଲ ଥାନା ମଦନମୋହନ ପାଟଣାରେ ଗାଁ ଘର, ଜଗନ୍ନାଥ ପୁରରେ ଶଶୁର ଘର,କେଉଁଝରେ ଡିଏଫ୍‌ଙ୍କ ଅଫିସ୍, କେଉଁଝରେ ସରକାରୀ କ୍ୱାର୍ଟର୍ସ, ନୟାଗଡ଼ରେ କୋମଣ୍ଡା ସ୍ଥିତ ତାଙ୍କ ପୁଅଙ୍କ ଆବାସିକ ଘର ଓ କୋମଣ୍ଡା ସ୍ଥିତ ପିଏଚସିରେ ଥିବା ତାଙ୍କ ପୁଅଙ୍କ ଚ୍ୟାମ୍ବରରେ ଭିଜିଲାନ୍ସ ପକ୍ଷରୁ ଚଢ଼ଉ କରାଯାଇଥିଲା । ଚଢ଼ଉରେ ୩ଜଣ ଡିଏସ୍‌ପି, ୧୦ ଇନ୍ସପେକ୍ଟର ଏବଂ ଅନ୍ୟ କର୍ମଚାରୀ ସାମିଲ ଥିଲେ । ନିତ୍ୟାନନ୍ଦଙ୍କ ନାମରେ କଳାଧନ ଅର୍ଜନର ଅଭିଯୋଗ ଆସିବା ପରେ ▶ପୃଷ୍ଠା-୭

## ଆସୁଛି ବଡ଼ ବର୍ଷା

■ **ଭୁବନେଶ୍ୱର, ୨୦।୭ (ସମିସ):** ଆସନ୍ତା ୨୪ ବେଳକୁ ଉତ୍ତର ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହେବ । ଏହା ପରବର୍ତ୍ତୀ ସମୟରେ ସଦୃଶ ଲଘୁଚାପ ଓ ପରେ ଅଧିକ ଘନୀଭୂତ ହୋଇ ଅବପାତର ରୂପ ନେବାର ସମ୍ଭାବନା ରହିଛି । ସମ୍ଭାବ୍ୟ ଲଘୁଚାପ ଯୋଗୁଁ ରାଜ୍ୟର ଅଧିକାଂଶ ସ୍ଥାନରେ ଆସନ୍ତା ୨୩-୨୭ ପର୍ଯ୍ୟନ୍ତ ବର୍ଷା ହେବ । ଏହି ସମୟରେ ଓଡ଼ିଶାର ଅନେକ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି । ଏମିତି କି ଉତ୍ତର ଓଡ଼ିଶାର କିଛି କିଛି ଜିଲ୍ଲାରେ ଅତ୍ୟନ୍ତ ପ୍ରବଳ (୨୦ସେମି.ରୁ ଅଧିକ) ବର୍ଷା ହୋଇପାରେ ।

ବର୍ତ୍ତମାନ ଓଡ଼ିଶା ଉପରେ କୌଣସି ପାଣିପାଗ ନିୟାମକ ନାହିଁ । ଏଥିପାଇଁ ରାଜ୍ୟରେ ଏବେ ମୁଖ୍ୟତଃ ଖରାଟିଆ ପାଗ ରହୁଛି । ବାୟୁମଣ୍ଡଳରେ ଜଳୀୟବାଷ୍ପ ଅଧିକ ରହୁଥିବାରୁ କିଛି କିଛି ସ୍ଥାନରେ ବିଜୁଳି ଘଡ଼ଘଡ଼ି ଜନିତ ବର୍ଷା ମଧ୍ୟ ହେଉଛି । ମାତ୍ର ୨୪ ତାରିଖରେ ଲଘୁଚାପ ଯୋଗୁଁ ୨୨ରୁ ପାଗରେ ପରିବର୍ତ୍ତନ ଆସିବ ଓ ୨୩ରୁ ବର୍ଷା ବଢ଼ିବ । ▶ପୃଷ୍ଠା-୭

### ପ୍ରଶ୍ନପତ୍ର ଲିକ୍: ରାତିଅଧିଆ ଓଟିଇଟି ପରୀକ୍ଷା ବାତିଲ୍
## ୭୫ହଜାର ପରୀକ୍ଷାର୍ଥୀ ହଟହଟା

### ୧୪୦୦ ଫି' ସତ୍ତ୍ୱେ ସୁରକ୍ଷିତ ପରୀକ୍ଷା କରିବାରେ ବିଫଳ
### ବୋର୍ଡ କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ସମ୍ପୃକ୍ତି ଥିବା ଅଭିଯୋଗ

■ **ଭୁବନେଶ୍ୱର, ୨୦।୭ (ସମିସ):** ଭାଇରାଲ୍ ହେଲା ପ୍ରଶ୍ନପତ୍ର । ତେଣୁ, ରାତିଅଧିଆ ବାତିଲ୍ ହେଲା ସ୍ୱତନ୍ତ୍ର ଶିକ୍ଷକ ଯୋଗ୍ୟତା ପରୀକ୍ଷା (ଓଟିଇଟି) । ପରୀକ୍ଷା ଦେବାକୁ କିଛି ପରୀକ୍ଷାର୍ଥୀ ପୂର୍ବଦିନ ଏବଂ ଆଉ କିଛି ଭୋର୍ ସକାଳୁ ବାହାରିଥିଲେ । କିନ୍ତୁ ପରୀକ୍ଷା କେନ୍ଦ୍ରରେ ପହଞ୍ଚିବା ପରେ ପରୀକ୍ଷା ବାତିଲ୍ ହୋଇଥିବା ଜାଣିବାକୁ ପାଇଲେ । ଫଳରେ ରାଜ୍ୟବ୍ୟାପୀ ପ୍ରାୟ ୭୫ ହଜାର ପରୀକ୍ଷାର୍ଥୀ ଆଜି ହଟହଟା ହୋଇଛନ୍ତି । କିଛି ପରୀକ୍ଷା କେନ୍ଦ୍ରରୁ ଫେରିଥିବା ବେଳେ ଆଉ କିଛି ଅଧା ବାଟରୁ ଫେରିଛନ୍ତି । ତେବେ, ମାଧ୍ୟମିକ ଶିକ୍ଷା ପରିଷଦ (ବିଏସ୍‌ଇ) ପରିଚାଳିତ ଏହି ପରୀକ୍ଷାର ପ୍ରଶ୍ନପତ୍ର କିପରି ଭାଇରାଲ୍ ହେଲା, ତାହା ଏବେ ସବୁଠୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ।

ରବିବାର ସକାଳ ୯ରୁ ସ୍ୱତନ୍ତ୍ର ଓଟିଇଟି ପରୀକ୍ଷା ଆରମ୍ଭ ହେବାର ଥିଲା । ଏହାର ଘଣ୍ଟାଏ ପୂର୍ବରୁ ଅର୍ଥାତ୍ ୮ଟାରେ ପରୀକ୍ଷାକେନ୍ଦ୍ରକୁ ପ୍ରବେଶ କରିଥା'ନ୍ତେ ପରୀକ୍ଷାର୍ଥୀ । ପରୀକ୍ଷା ଆରମ୍ଭର ୧୫ମିନିଟ୍ ପୂର୍ବରୁ ପ୍ରଶ୍ନପତ୍ର ସିଲ୍ ଖୋଲିବା କଥା । ହେଲେ ଶନିବାର ଅପରାହ୍ଣରୁ ଭାଇରାଲ୍ ହେଉଛି ପ୍ରଶ୍ନପତ୍ର । ହ୍ୱାଟସ୍‌ଆପରେ ଭାଇରାଲ୍ ହେଉଥିବା ପ୍ରଶ୍ନପତ୍ର ଫେସ୍‌ବୁକ୍‌ରେ ଭାଇରାଲ୍ ହେବା ପରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗର ନିଦ ହଜିଥିଲା । ମୂଳ ପ୍ରଶ୍ନପତ୍ର ସହ ଭାଇରାଲ୍ ହେଉଥିବା ପ୍ରଶ୍ନପତ୍ରର ସାମଞ୍ଜସ୍ୟ ଥିବାରୁ ରାତି ଅଧରେ ପରୀକ୍ଷାକୁ ପରବର୍ତ୍ତୀ ନିର୍ଦ୍ଦେଶ ପର୍ଯ୍ୟନ୍ତ ବାତିଲ କରାଯାଇଛି । ହେଲେ ପ୍ରଶ୍ନପତ୍ର ଭାଇରାଲ୍ କିପରି ହେଲା, ତାହା ସବୁଠୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି କରିଛି । ସିଲ୍ ହୋଇଥିବା ପ୍ରଶ୍ନପତ୍ର ପରୀକ୍ଷା କେନ୍ଦ୍ରକୁ ପଠାଯାଇଥିବା ବେଳେ କେଉଁଠି ସିଲ୍ ଖୋଲାଯାଇଛି ନା ପ୍ରଶ୍ନପତ୍ର ପ୍ରସ୍ତୁତି ବେଳେ ଏହାର ନକଲ କରାଯାଇଛି? ପରୀକ୍ଷା କେନ୍ଦ୍ରରେ ପ୍ରଶ୍ନପତ୍ର ଖୋଲା ହୋଇନଥିବାରୁ ସେଠାରୁ ଭାଇରାଲ୍ ହେବାର ଆଶଙ୍କା ନାହିଁ । ଏପରି ସ୍ଥିତିରେ ବୋର୍ଡ ▶ପୃଷ୍ଠା-୭

## ଦୁଇ କାର୍ ମୁହାମୁହିଁ ଧକ୍କା, ୩ ମୃତ

■ **ସୁନାବେଡ଼ା, ୨୦।୭ (ସମିସ):** ଶନିବାର ବିଳମ୍ବିତ ରାତିରେ ୨୬ ନମ୍ବର ଜାତୀୟ ରାଜପଥର ସୁନାବେଡ଼ା ଟିଟିଏସ୍ ଫାଟକ ସମ୍ମୁଖରେ ଦୁଇଟି କାର୍ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ୩ ଜଣଙ୍କ ମୃତ୍ୟୁ ହୋଇଛି । ଅନ୍ୟ ଦୁଇଜଣ ଗୁରୁତର ହୋଇ ବିଶାଖାପାଟଣାରେ ଚିକିତ୍ସିତ ହେଉଛନ୍ତି । ମୃତକମାନେ ହେଲେ, ସୁନାବେଡ଼ା ଏଇଏଫ୍ କଲୋନୀର ଆଶୁତୋଷ ରଣା (୨୪), ସୁନାବେଡ଼ା ଡିପି କ୍ୟାମ୍ପର ଦିବ୍ୟରଞ୍ଜନ ପାତ୍ର (୨୪) ଏବଂ ଗଞ୍ଜାମ କଲୋନୀର ବିକାଶ କୁମାର ପାତ୍ର (୨୫) ।

ସୂଚନାନୁସାରେ, ଶନିବାର ରାତିରେ ଏକ ଧଳା ରଙ୍ଗର ଟାଟା ସଫାରୀ କାର୍ କୋରାପୁଟରୁ ଦାମନଯୋଡ଼ି ଯାଉଥିବା ବେଳେ ସୁନାବେଡ଼ା ଟିଟିଏସ ମୁଖ୍ୟଗେଟ୍ ନିକଟରେ ବିପରୀତ ଦିଗରୁ ଆସୁଥିବା ଏକ ନୀଳ ରଙ୍ଗର କାର୍ ସହ ମୁହାଁମୁହିଁ ଧକ୍କା ହୋଇଥିଲା । ଏଥିରେ ଆଶୁତୋଷଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିଲା । ସୁନାବେଡ଼ା ପୁଲିସ୍ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ଗୁରୁତର



୫ଜଣଙ୍କୁ କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ମେଡ଼ିକାଲ କଲେଜ ଓ ହସ୍ପିଟାଲକୁ ପଠାଇଥିଲେ । ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ଦିବ୍ୟରଞ୍ଜନ ଓ ବିକାଶଙ୍କର ମୃତ୍ୟୁ ହୋଇଥିଲା । ଗୁରୁତର ଆହତ ଗଞ୍ଜାମ କଲୋନୀର ମୋହନ ହରିଜନଙ୍କ ପୁଅ କୈଳାସ ହରିଜନ (୩୦) ଏବଂ ଅନ୍ୟ ଜଣକୁ ବିଶାଖାପାଟଣା ସ୍ଥାନାନ୍ତର କରାଯାଇଛି । ଉଭୟେ ଆପୋଲୋ ହସ୍ପିଟାଲରେ ଚିକିତ୍ସିତ ହେଉଥିବା ଜଣାପଡ଼ିଛି । ସବ୍-ଇନ୍ସପେକ୍ଟର୍ ଚରଣ ସିଂ ମାଝୀ ଘଟଣାର ତଦନ୍ତ କରୁଛନ୍ତି । ବ୍ୟବଚ୍ଛେଦ ପରେ ମୃତଦେହଗୁଡ଼ିକୁ ସେମାନଙ୍କ ପରିବାରଲୋକଙ୍କୁ ହସ୍ତାନ୍ତର କରାଯିବ ବୋଲି ସୁନାବେଡ଼ା ଥାନା ଅଧିକାରୀ ସୁଷମା କହଁର ସୂଚନା ଦେଇଛନ୍ତି ।

## ୫ କିଲୋ ଚାଉଳ ପାଇଁ ଗାଡ଼ି ଖର୍ଚ୍ଚ ୧୦୦

■ **ଲାଞ୍ଜିଗଡ଼, ୨୦।୭ (ସମିସ):** ଉଭୟ କେନ୍ଦ୍ର ଓ ରାଜ୍ୟ ସରକାର ଗରିବ ଲୋକଙ୍କ ପାଇଁ ଅନେକ ଯୋଜନା କରୁଛନ୍ତି; ହେଲେ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍‌ର ଏଭଳି ୧୧ଟି ଗାଁ ଅଛି ଯେଉଁଠି ସ୍ୱାଧୀନତାର ବହୁ ବର୍ଷ ପରେ ମଧ୍ୟ ଗାଁ ଲୋକଙ୍କ ପାଇଁ ସରକାରୀ ସୁବିଧା ସୁଯୋଗ ସାତ ସପନ ହୋଇ ରହିଛି । ବର୍ଷ ବର୍ଷ ଧରି ଏହି ଆଦିବାସୀ ଗ୍ରାମଗୁଡ଼ିକର ୨୧୫ ପରିବାର ପାହାଡ଼ ଘେରା ଅପହଞ୍ଚ ଅଞ୍ଚଳରେ ବହୁ କଷ୍ଟରେ ଜୀବନ କାଟୁଛନ୍ତି । ଏମାନେ ନିଜର ବିଭିନ୍ନ ସମସ୍ୟା ନେଇ ବାରମ୍ବାର ପ୍ରଶାସନିକ ଅଧିକାରୀଙ୍କଠାରୁ ଆରମ୍ଭ କରି ରାଜନେତାଙ୍କ ପର୍ଯ୍ୟନ୍ତ ଗୁହାରୀ ଜଣାଇଥିଲେ ମଧ୍ୟ ପ୍ରତିଶ୍ରୁତି ଛଡ଼ା କୌଣସି ସୁଫଳ ମିଳି ନଥିବା କହିଛନ୍ତି । ସବୁଠୁ ସାଙ୍ଘାତିକ ବିଷୟ ହେଉଛି ମାଗଣା ଚାଉଳ



ଆଣିବା ପାଇଁ ଏମାନଙ୍କୁ ୧୦୦ ଟଙ୍କା ଖର୍ଚ୍ଚ କରିବାକୁ ପଡୁଛି ।


କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ୍ ଗୁଣ୍ଡୁରୀ ପଞ୍ଚାୟତର ଏହି ୧୧ଟି ଗାଁ ହେଉଛି ହାତୀମୁଣ୍ଡା, କାରକଟା, କୋଟେଜୋର, ଅଦଲାଡ଼ୁ, ତରଙ୍ଗଲ, ମାଡ଼ିବନ୍ଧା, ଗମପେନୁ, ବିଜେପୁର, ସାଡ଼ାଙ୍ଗପଦର, ଡମେର ଓ ଦାରବେଙ୍ଗ । ବ୍ଲକ ମୁଖ୍ୟାଳୟଠାରୁ ଏସବୁ ଗାଁର ଦୂରତା ୬୦କିଲୋମିଟର । ଗୁଣ୍ଡୁରୀ ପଞ୍ଚାୟତ କାର୍ଯ୍ୟାଳୟଠାରୁ ପ୍ରାୟ ୩୦ରୁ ୩୫ କିଲୋମିଟର । ପୂର୍ବରୁ ପଞ୍ଚାୟତ କାର୍ଯ୍ୟାଳୟକୁ ଏହି ଗାଁଗୁଡ଼ିକଠାରୁ ୧୦/୧୫ କିମି ପଡୁଥିଲା; ହେଲେ ରେଳ ପ୍ରକଳ୍ପ ଲାଗି ଏମାନେ ବିସ୍ଥାପିତ ହେବା ପରେ ଦୂରତା ବଢ଼ିଗଲା । ୧୯୮୪ରେ ରେଥ ପ୍ରକଳ୍ପ ପାଇଁ ସର୍ଭେ ହୋଇଥିଲା । ୧୯୯୪ରେ ରେଥ ପ୍ରକଳ୍ପ ନିର୍ମାଣ ପାଇଁ ଅନୁମତି ମିଳିଲା । ୨୦୦୬ରେ କ୍ଷୟକ୍ଷତି ବାବଦକୁ ଟଙ୍କା ପ୍ରଦାନ କରାଯାଇଥିଲା । ଏହାପରେ ପ୍ରକଳ୍ପ କାର୍ଯ୍ୟ ଆରମ୍ଭ ହୋଇଥିଲା । ଫଳରେ ଅଧିକାଂଶ ଗାଁକୁ ବିସ୍ଥାପିତ କରାଯାଇଥିଲା । ୨୦୧୭ ମସିହାରେ ପ୍ରକଳ୍ପ କାମ ଶେଷ ହୋଇଥିଲା; ହେଲେ ପ୍ରକଳ୍ପରେ ପାଣି ରହିବା ଫଳରେ ସମସ୍ୟା ବଢ଼ି ଯାଇଛି । ପାହାଡ଼, ନାଳ, ଝରଣା, ଘଞ୍ଚ ଜଙ୍ଗଲ ଓ ଘାଟିର ପାଦଚଲା ରାସ୍ତା ଦେଇ ଲୋକଙ୍କୁ ୩୦ରୁ ୩୫ କିଲୋମିଟର ଯିବାକୁ ପଡୁଛି । ଫଳରେ ବୃଦ୍ଧବୃଦ୍ଧା ଓ ଭିନ୍ନକ୍ଷମ ଲୋକଙ୍କ ପାଇଁ ପଞ୍ଚାୟତ କାର୍ଯ୍ୟାଳୟକୁ ଆସିବା ସମ୍ଭବ ହୋଇ ନ ଥାଏ । ଏହି ଗାଁଗୁଡ଼ିକୁ ଆମ୍ବୁଲାନ୍ସ ଯିବା ପାଇଁ ମଧ୍ୟ ରାସ୍ତା ନାହିଁ । ଫଳରେ ଗର୍ଭବତୀ, ପ୍ରସୂତି ▶ପୃଷ୍ଠା-୭

## ପତ୍ନୀଙ୍କୁ ଭୁଲିଗଲେ ଶିବରାଜ



**ନୂଆଦିଲ୍ଲୀ,୨୦।୭(ଏଜେନ୍ସି):** ମଧ୍ୟପ୍ରଦେଶ ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା କେନ୍ଦ୍ରକୃଷି ମନ୍ତ୍ରୀ ଶିବରାଜ ସିଂଙ୍କୁ ନେଇ ଏକ ମଜାଦାର ଘଟଣା ସାମ୍ନାକୁ ଆସିଛି। ବିମାନ ଧରିବାକୁ ଯାଇ ତରବରରେ ସେ ପତ୍ନୀ ସାଧନା ସିଂଙ୍କୁ ସାଥିରେ ନେବାକୁ ଭୁଲିଯାଇଥିଲେ। ସେ ସାଧନାଙ୍କୁ ଛାଡି ୨୨ଟି ଗାଡିର କାରକେଡ ସହ ଜୁନାଗଡରୁ ରାଜକୋଟ ଅଭିମୁଖେ ଚାଲିଯାଇଥିଲେ। ପିନଟ (ବାଦାମ) ରିସର୍ଚ୍ଚ ସେଣ୍ଟରରେ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ସେ ରାଜକୋଟ୍ ବାହାରି ଥିଲେ। କିନ୍ତୁ ଏକ କିମି ଯିବା ପରେ ସାଧନାଙ୍କୁ ସାଥିରେ ଆଣି ନ ଥିବା କଥା ସେ ହୃଦୟଙ୍ଗମ କରିଥିଲେ। ଏହାପରେ ସେ ତୁରନ୍ତ ୟୁଟର୍ଣ୍ଣ ନେଇଥିଲେ ଓ ୱେଟିଂ ରୁମ୍‌ରେ ବସିଥିବା ପତ୍ନୀଙ୍କୁ ସାଥିରେ ଆଣି ପୁଣି ରାଜକୋଟ ଅଭିମୁଖେ ଯାତ୍ରା କରିଥିଲେ। ଶିବରାଜଙ୍କ ଏହି ଭୁଲାପଣକୁ ନେଇ ରାଜନୈତିକ ମହଲରେ ଚର୍ଚ୍ଚା ଚାଲିଛି।

## 'ଡନ୍'ର ନିର୍ଦ୍ଦେଶକ ଚନ୍ଦ୍ରବାରୋଟ୍‌ଙ୍କ ପରଲୋକ



**ନୂଆଦିଲ୍ଲୀ,୨୦।୭(ଏଜେନ୍ସି):** ବର୍ଷୀୟାନ ଫିଲ୍ମ ନିର୍ମାତା ତଥା ନିର୍ଦ୍ଦେଶକ ଚନ୍ଦ୍ର ବାରୋଟ ରବିବାର ପରଲୋକ ଗମନ କରିଛନ୍ତି। ମୃତ୍ୟୁ ବେଳକୁ ତାଙ୍କୁ ୮୬ ବର୍ଷ ହୋଇଥିଲା। ସେ ମିଲେନିୟମ ଷ୍ଟାର ଅମିତାଭ ବଚନଙ୍କ ଅନ୍ୟତମ ସୁପର ହିଟ୍ ସିନେମା 'ଡନ୍' ସିନେମାର ନିର୍ଦ୍ଦେଶନା ଦେଇଥିଲେ। ଡନ୍ ୧୯୭୮ରେ ମୁକ୍ତିଲାଭ କରିଥିଲା ଓ ବକ୍ସ ଅଫିସ୍‌ରେ ଭଲ ବ୍ୟବସାୟ କରିଥିଲା। ମୃତ୍ୟୁବେଳକୁ ତାଙ୍କ ପାଖରେ ପତ୍ନୀ ଦୀପା ବାରୋଟ ଉପସ୍ଥିତ ଥିଲେ। ଜଣାଶୁଣା ନିର୍ଦ୍ଦେଶକ ଫରହାନ ଅଖତାର ଏହି ସିନେମାକୁ ଦ୍ୱିତୀୟଥର ପାଇଁ ଶାହରୁଖ ଖାନ୍‌ଙ୍କୁ ନେଇ ବନାଇଥିଲେ ଓ ଏହା ମଧ୍ୟ ହିଟ୍ ହୋଇଥିଲା। ସେ ବେଙ୍ଗଲି ସିନେମା ଆଶ୍ରିତ (୧୯୮୯), ପ୍ୟାର ଭରା ଦିଲ୍ (୧୯୯୧) ଭଳି ସିନେମାର ନିର୍ଦ୍ଦେଶନା ଦେଇଥିଲେ। ଫରାହାନ ଅଖତାର ଏବେ ଡନ୍ ସିନେମାର ତୃତୀୟ ସିକ୍ୱେଲ ବନାଇବାକୁ ଯାଉଛନ୍ତି। ଏଥିରେ ସେ ରଣବୀର ସିଂ ଓ କିର୍ତ୍ତୀ ସାନନଙ୍କୁ ମୁଖ୍ୟ ଚରିତ୍ରରେ ନେଇଛନ୍ତି।

## ସେନାକୁ ମିଳିବ ଆପାଚେ ହେଲିକପ୍ଟର



**ନୂଆଦିଲ୍ଲୀ,୨୦।୭(ଏଜେନ୍ସି):** ପନ୍ଦର ମାସ ବିଳମ୍ବ ପରେ ଭାରତୀୟ ବାୟୁସେନାକୁ ମିଳିବାକୁ ଯାଉଛି ଏଏଚ୍-୬୪ଇ ଆଟାକ ଆପେଚେ ଚପ୍ପର ତଥା ହେଲିକପ୍ଟର। ଏହା ମଙ୍ଗଳବାର ଭାରତୀୟ ସେନାରେ ଆନୁଷ୍ଠାନିକ ଭାବେ ସାମିଲ ହେବ। ଅପରେସନ ସିନ୍ଦୂରକୁ ଦୃଷ୍ଟିରେ ରଖି ଭାରତୀୟ ସେନା ଏଥିସହ ପଶ୍ଚିମ ସୀମାରେ ନିଜର ସ୍ଥିତିକୁ ଆହୁରି ମଜଭୁତ କରିବ। ୨୦୨୦ରେ ଭାରତ ୬ଟି ଆପାଚେ ଆଟାକ ହେଲିକପ୍ଟର ପାଇଁ ୬୦୦ ମିଲିଅନ ଆମରେକୀୟ ଡଲାର ତଥା ୫, ୧୭୨ କୋଟି ଟଙ୍କାରେ ଆମେରିକା ସହ ଚୁକ୍ତି କରିଥିଲା। ୨୦୨୪ ଜୁନ୍‌ରେ ଏହି ହେଲିକପ୍ଟର ଭାରତକୁ ମିଳିବାର ଥିଲା। କିନ୍ତୁ ଯୋଗାଣ ଶୃଙ୍ଖଳାରେ ବାଧା ଓ କେତୋଟି ବୈଷୟିକ ତ୍ରୁଟି କାରଣରୁ ଏହା ମିଳିବାରେ ବିଳମ୍ବ ହୋଇଥିଲା। ଦୁଇଟି ପର୍ଯ୍ୟାୟରେ ୩ଟି ଲେଖାଏ ହେଲିକପ୍ଟର ଭାରତ ଆସିବ। ଦ୍ୱିତୀୟ ପର୍ଯ୍ୟାୟରେ ବାକି ୩ଟି ହେଲିକପ୍ଟର ଚଳିତବର୍ଷ ଶେଷ ଆଡକୁ ଭାରତ ଆସିବ।

# 'ହିଟ୍ ଆଣ୍ଡ ରନ୍'ର ଦେଶ ପାଲଟିଛି ଭାରତ

## ବର୍ଷକୁ ଯାଉଛି ୨୨ ହଜାରରୁ ଅଧିକ ଜୀବନ

**ନୂଆଦିଲ୍ଲୀ, ୨୦।୭ (ଏଜେନ୍ସି):**

ସଡ଼କ ଦୁର୍ଘଟଣା ଭାରତୀୟ ଅର୍ଥବ୍ୟବସ୍ଥାର ମେରୁଦଣ୍ଡକୁ ଭାଙ୍ଗି ଦେଉଛି। ଅନେକ ପରିବାରକୁ ସର୍ବସ୍ୱାନ୍ତ କରିଦେଉଛି। ପିଲାଙ୍କୁ ଅନାଥ ହେବାକୁ ଛାଡ଼ି ଦେଉଛି। ଦେଶରେ ସଡ଼କ ଦୁର୍ଘଟଣା କମିବା ପରିବର୍ତ୍ତେ ଦିନକୁ ଦିନ ବଢ଼ି ଚାଲିଛି। ଏହି କ୍ଷେତ୍ରରେ ଭାରତ ବିଶ୍ୱରେ ଅପକୀର୍ତ୍ତି ଅର୍ଜନ କରିଛି। ସଡ଼କ ଦୁର୍ଘଟଣାରେ ଭାରତରେ ସର୍ବାଧିକ ଜୀବନ ଯାଉଛି। ଏହାକୁ ରୋକିବାକୁ ଆଇନ ଅଛି, କିନ୍ତୁ ଲାଭ ମିଳୁନି। ଯେଉଁ ଉଦ୍ଦେଶ୍ୟ ନେଇ ନୂଆ ଟ୍ରାଫିକ ନିୟମ ଅଣାଯାଇଥିଲା ତାହା ମଧ୍ୟ ଫଳବତୀ ହୋଇପାରିଲା ନାହିଁ। କିଛି ରାଜ୍ୟ ସରକାର ଏହାକୁ ଲାଗୁ ମଧ୍ୟ କରିନାହାନ୍ତି। ଆଉ ଯିଏ କାର୍ଯ୍ୟକାରୀ କରିଛନ୍ତି ସିଏ ଜୋରିମାନା ରାଶିକୁ କମାଇ ଆଇନକୁ ଦୁର୍ବଳ କରିଦେଇଛନ୍ତି। ଦେଶରେ ସଡ଼କ ଦୁର୍ଘଟଣାର ଅଧିକାଂଶ ମାମଲା ହିଟ୍ ଆଣ୍ଡ ରନ୍‌ର ରହିଛି। ଡ୍ରାଇଭର ଲୋକଙ୍କୁ ଧକ୍କା ଦେଇ ଘଟଣାସ୍ଥଳରୁ ଫେରାର ହୋଇଯାଉଛି। ପୀଡ଼ିତ ବଞ୍ଚିଛି କି ମରିଛି ତାହା ମଧ୍ୟ ଦେଖୁନାହାନ୍ତି। ଉଚିତ ସମୟରେ ଚିକିତ୍ସା ନ ପାଇ ଅନେକ ଲୋକଙ୍କ ଜୀବନ ଚାଲି ଯାଉଛି। ଯେତେ ଆଇନ ଆସିଲେ ବି ସବୁ ବିଫଳ ହେଇ ଯାଉଛି। ନୂଆ ଟ୍ରାଫିକ ନିୟମରେ ଡ୍ରାଇଭର ଦୁର୍ଘଟଣା ଘଟାଇ ଫେରିଗଲେ କଡ଼ା ଦଣ୍ଡର ବ୍ୟବସ୍ଥା ଥିବାବେଳେ ଏହାକୁ ଏ ପର୍ଯ୍ୟନ୍ତ କାର୍ଯ୍ୟକାରୀ କରାଯାଇ ନାହିଁ। ବର୍ଷକୁ ଏଭଳି ଦୁର୍ଘଟଣାରେ ୨୨ ହଜାର ଜୀବନ ଯାଉଥିବାବେଳେ ସଡ଼କ ସୁରକ୍ଷାକୁ ନେଇ ସରକାର କେତେ ସମ୍ବେଦନଶୀଳ ତାହା ଏଥିରୁ ଜଣାପଡୁଛି।

**୨୦୨୨ରେ ଯାଇଥିଲା ୩୦,୪୦୦ ଜୀବନ**

**ଦୋଷୀଙ୍କୁ ମିଳୁନି ଦଣ୍ଡ; ପୁଲିସ ବେଫିକର୍**


**ନ୍ୟାୟରୁ ବଞ୍ଚିତ ହେଉଛନ୍ତି ପୀଡ଼ିତ ପରିବାର**



ନ୍ୟାସନାଲ କ୍ରାଇମ ରେକର୍ଡ ବ୍ୟୁରୋ ଅନୁଯାୟୀ ୨୦୨୨ରେ ହିଟ୍ ଆଣ୍ଡ ରନ୍ ମାମଲାରେ ୩୦, ୪୦୦ ଲୋକ ଜୀବନ ହରାଇଛନ୍ତି। ଏହା ୨୦୨୧ ତୁଳନାରେ ୧୭ ପ୍ରତିଶତ ଅଧିକ। ୨୦୨୨ରେ ଦେଶରେ ସଡ଼କ ଦୁର୍ଘଟଣାରେ ୧.୬୮ ଲକ୍ଷ ଲୋକଙ୍କ ଜୀବନ ଯାଇଥିଲା। ତେବେ ଦୁଃଖର ବିଷୟ ଏହି କି ଯେ ହିଟ୍ ଆଣ୍ଡ ରନ୍ ମାମଲାର ତଦନ୍ତ ବି ଠିକ୍‌ରେ ହେଉନାହିଁ। ପୁଲିସ ଏହାକୁ ଗୁରୁତର ସହ ନେଉନାହିଁ। ଫଳରେ ହିଟ୍ ଆଣ୍ଡ ରନ୍ ମାମଲା ପଛରେ ଥିବା ଉଦ୍ଦେଶ୍ୟ ବି ଜଣାପଡୁ ନାହିଁ। ଅପରାଧି ଖସି ପୁଣି ଆଉ କୋଉଠି ଦୁର୍ଘଟଣା ଘଟାଇ ମୁକ୍ତ ହୋଇ ବୁଲୁଛି। ପୀଡ଼ିତଙ୍କୁ ନ୍ୟାୟ ମିଳୁନି। ସତେ ଯେମିତି ଏମାନଙ୍କୁ ନ୍ୟାୟ ଦେବାରେ ଆଇନ ଅନ୍ଧ ପାଲଟି ଯାଇଛି। କିଛି ଦିନ ତଳେ ବିଶ୍ୱର ସବୁଠୁ ବୟସ୍କ ମାରାଥନର ଫୌଜା ସିଂହ ମଧ୍ୟ ସଡ଼କ ଦୁର୍ଘଟଣାରେ ପ୍ରାଣ ହରାଇ ଥିଲେ। କିନ୍ତୁ ଚାପ ଯୋଗୁଁ ପୁଲିସ ଏହି ହିଟ୍ ଆଣ୍ଡ ରନ୍ ଘଟଣାର ତଦନ୍ତ କରି ଅଭିଯୁକ୍ତକୁ ଗିରଫ କରିଥିଲା। ତେବେ ୨୦୦୯ ମେ' ୫ରେ ଏପରି ଏକ ଘଟଣା ଘଟିଥିଲା ଉତ୍ତର ପ୍ରଦେଶ ବିଜନୌରରେ। ବରଯାତ୍ରୀରେ ଯାଉଥିବା ଅକ୍ଷୟ କୁମାର ସିଂହଙ୍କୁ ଏକ ଟ୍ରକ୍ ଧକ୍କା ଦେଇ ପଳାଇ ଥିଲା। ଏଥିରେ ତାଙ୍କର ଏବଂ ଅନ୍ୟ ଜଣେ ବରଯାତ୍ରୀଙ୍କ ମୃତ୍ୟୁ ହୋଇଥିଲା। ଡ୍ରାଇଭର କିଛି ନ ଦେଖି ଘଟଣାସ୍ଥଳରୁ ଫେରାର ହୋଇ ଯାଇଥିଲା। ଅକ୍ଷୟଙ୍କ ମୁହଁ ଚାପି ହୋଇ ଯାଇଥିଲା। ପୁଅ ପିନ୍ଧିଥିବା ସାର୍ଟରୁ ବାପା ରାକେଶ ସିଂହ ତାଙ୍କୁ ଚିହ୍ନଟ କରିଥିଲେ। ସବୁ ଘଟଣା ପରି ଏଥିରେ ମଧ୍ୟ ପୁଲିସ ଏତଲା ରୁଜୁ କରି ବସି ଯାଇଥିଲା। ନ୍ୟାୟ ପାଇଁ ସଂଘର୍ଷ କରିଥିଲେ ବି ନ୍ୟାୟ ମିଳି ନ ଥିଲା। ପୁଲିସର ନିଷ୍କ୍ରିୟତା ଦେଖିବା ପରେ ପିଏସୟୁରେ କାମ କରୁଥିବା ରାକେଶ ନିଜେ ଦୋଷୀକୁ ଧରିବା ପାଇଁ ବାହାରି ପଡ଼ିଲେ। ଏଥିରେ ସେ ସଫଳ ହୋଇଥିଲେ ମଧ୍ୟ ନ୍ୟାୟ ବ୍ୟବସ୍ଥା ତାଙ୍କୁ ବିଫଳ କରିଦେଲା। ସେ ପ୍ରଥମେ ଉକ୍ତ ଟ୍ରକରେ ବେଆଇନ ଭାବେ ଖଣି ଖନନ କରି ସାମଗ୍ରୀକୁ ଓଭରଲୋଡ କରି ନିଆଯାଉଥିବା ଜାଣିବାକୁ ପାଇଥିଲେ। ପରେ ୧୫ ଦିନ ଭିତରେ ଡ୍ରାଇଭରକୁ ଧରିଥିଲେ। ସେ ସେହି ଟ୍ରକର ମାଲିକ ଥିଲା। ରାକେଶ ସବୁ ପ୍ରମାଣ ପୁଲିସକୁ ଦେଇଥିଲେ। ମାତ୍ର ଅଭିଯୁକ୍ତ ଜାମିନ ପାଇ ଯାଇଥିଲା ଏବଂ ୨୦୧୨ରେ ସେହି ଡ୍ରାଇଭର ମଦି ପିଇ ମରିଯିବା ପରେ ମାମଲାକୁ ବନ୍ଦ କରିଦିଆଯାଇଥିଲା। ପରେ ଶ୍ରୀ ସିଂହ ନିଜ ଚାକିରି ଛାଡ଼ି ଜଣେ ସାମାଜିକ କର୍ମୀ ଭାବେ ସଡ଼କ ସୁରକ୍ଷା ପାଇଁ କାର୍ଯ୍ୟ କରୁଛନ୍ତି। ଏବେ ତାଙ୍କୁ ୬୨ ବର୍ଷ।

## ସାଉଦି ଆରବର ସ୍ଲିପିଙ୍ଗ ପ୍ରିନ୍ସଙ୍କ ପରଲୋକ

**ରିୟାଦ,୨୦।୭(ଏଜେନ୍ସି):** ସାଉଦି ଆରବ ରାଜକୁମାର ଅଲ ବଲିଦ୍ ବିନ ଖାଲିଦ୍ ବିନ ତଲାଲ ଅଲ ସାଉଦଙ୍କ ପରଲୋକ ହୋଇଛି। ଗତ ୨୦ ବର୍ଷ ହେବ ସେ କୋମାରେ ରହିଥିଲେ। ସେ ସ୍ଲିପିଙ୍ଗ ପ୍ରିନ୍ସ ଅର୍ଥାତ ଶୋଇଥିବା ରାଜକୁମାର ରୂପେ ଜଣାଶୁଣା ଥିଲେ। ସେ ସାଉଦି ଆରବ ରାଜ



**୨୦ ବର୍ଷ ହେବ କୋମାରେ ଥିଲେ**

ପରିବାରର ବରିଷ୍ଠ ସଦସ୍ୟ ପ୍ରିନ୍ସ ଖଲିଦ ବିନ ତଲାଲଙ୍କ ପୁଅ ଓ ଆରବପତି ପ୍ରିନ୍ସ ଅଲ ବଲିଦ ବିନ ତଲାଲଙ୍କ ଭଣଜା ଥିଲେ। ସେ ୧୯୯୦ରେ ଜନ୍ମଗ୍ରହଣ କରିଥିଲେ। କିନ୍ତୁ ୨୦୦୫ରେ ଲଣ୍ଡନରେ ଏକ ମିଲିଟାରୀ ଟ୍ରେନିଂ ଅବସରରେ ସେ ଭୟଙ୍କର ସଡକ ଦୁର୍ଘଟଣା ସମ୍ମୁଖୀନ ହୋଇଥିଲେ। ଏଥିରେ ସେ ମସ୍ତିଷ୍କ ଆଘାତର ସମ୍ମୁଖୀନ ହୋଇଥିଲେ ଓ ଇଣ୍ଟରନାଲ ବ୍ଲିଡିଂ ହେବାରୁ ସେ କୋମାକୁ ଚାଲିଯାଇଥିଲେ। କିନ୍ତୁ ତାଙ୍କ ପରିବାର ହାର ମାନି ନ ଥିଲେ ଓ ତାଙ୍କ ଚିକିତ୍ସା ଜାରି ରଖିଥିଲେ। ଆମେରିକା ଓ ସ୍ପେନର ଡାକ୍ତରମାନେ ତାଙ୍କୁ ଚିକିତ୍ସା କରୁଥିଲେ। ଶେଷରେ ତାଙ୍କୁ ଡାକ୍ତର ଅଚେତ ଘୋଷଣା କରିଥିଲେ।

## ଇଏମ୍‌ଆଇ ପାଇଁ ପରିବାରର ୫ ସଦସ୍ୟଙ୍କ ଆତ୍ମହତ୍ୟା

**ଅହମଦାବାଦ,୨୦।୭(ଏଜେନ୍ସି):** ଗୁଜରାଟ ଅହମଦାବାଦ୍ ଜିଲ୍ଲାର ବଗୋଦରା ଗାଁରୁ ଶନିବାର ବିଚଳିତ କଲା ଭଳି ଏକ ଘଟଣା ସମ୍ନାକୁ ଆସିଛି। ଋଣଭାର ଏବଂ ଇଏମଆଇ ନ ଦେଇ ପାରି ଗୋଟିଏ ପରିବାର ୫ ଜଣ ସଦସ୍ୟ ଆତ୍ମହତ୍ୟା କରିଛନ୍ତି। ପତି, ପତ୍ନୀଙ୍କ ସମେତ ୩ ଜଣ ପିଲା ବିଷ ପିଇ ଜୀବନ ହାରିଛନ୍ତି। ବିପୁଲ ବାଘେଲା (୩୨) ଓ ପତ୍ନୀ ସୋନଲ (୨୬)ଙ୍କ ସମେତ ବଡ଼ ଝିଅ ସିମରନ (୧୧), ପୁଅ ମୟୂର (୮) ଓ ସାନ ଝିଅ ପ୍ରିନ୍ସ (୫) ରାତିରେ ବିଷ ପିଇଥିଲେ। ସକାଳୁ କେହି ଘର ବାହାରକୁ ଆସି ନ ଥିଲେ। ଫଳରେ ପଡ଼ୋଶୀଙ୍କ ସନ୍ଦେହ ହୋଇଥିଲା। ଯାଞ୍ଚ ପରେ ସମସ୍ତେ ମୃତ ବୋଲି ଜଣାପଡିଥିଲା। ବିପୁଲ ଅଟୋ ଚଳାଉଥିଲେ। ସୂଚନା ମିଳିବା ପରେ ଘଟଣାସ୍ଥଳକୁ ପୁଲିସ ଆସିଥିଲା।

## ଜାହାଜରେ ନିଆଁ; ସମୁଦ୍ରକୁ ଡେଇଁ ୫ ମୃତ, ୧୩୦ ନିଖୋଜ

**ଜାକାର୍ତ୍ତା,୨୦।୭(ଏଜେନ୍ସି):** ଇଣ୍ଡୋନେସିଆର ଉତ୍ତର ସୁଲାବେସୀ ପ୍ରାନ୍ତରେ ରବିବାର ଦ୍ୱିପହରରେ ଏକ ଯାତ୍ରୀବାହି ଜାହଜରେ ନିଆଁ ଲାଗି ଯାଇଛି। ଏହା ଦେଖିବା ପରେ ଜୀବନ ବିକଳରେ ସମୁଦ୍ରକୁ ଡେଇଁ ୫ ଜଣ ପ୍ରାଣ ହରାଇଛନ୍ତି। ଜାହାଜରେ ୨୮୦ ଯାତ୍ରୀ ଥିଲେ। ୧୫୦ ଯାତ୍ରୀଙ୍କୁ ଉଦ୍ଧାର କରାଯାଇଛି। ଏହି ଦୁର୍ଘଟଣାର ଭିଡିଓ ଭାଇରାଲ ହୋଇଛି। ଜୀବନ ବଞ୍ଚାଇବାକୁ ଯାତ୍ରୀ ଜାହାଜରୁ ସମୁଦ୍ରକୁ ଡେଇଁବାକୁ ପଛାଇ ନ ଥିଲେ। ଆହୁରି ୧୩୦ ଜଣ ଯାତ୍ରୀଙ୍କୁ ଖୋଜା ଚାଲିଛି। କେଏମ ବାର୍ସିଲୋନା ୫ ନାମକ ଏହି ଜାହାଜ ତାଲୋଦ ଦୀପରୁ ମନାଡୋ ବନ୍ଦରକୁ ଯାଉଥିଲା। କିନ୍ତୁ ଅପରାହ୍ଣ ୧.୩୦ରେ ଜାହଜାର ନିଆଁ ଲାଗିଥିଲା ଓ ଚାହୁଁ ଚାହୁଁ ନିଆଁ ସାରା ଜାହଜକୁ ବ୍ୟାପୀ ଯାଇଥିଲା। ନିଆଁ ଲାଗିବାର କାରଣ ସମ୍ପର୍କରେ ଏପର୍ଯ୍ୟନ୍ତ କିଛି ଜଣାପଡିନାହିଁ ଓ ଏ ନେଇ ଯାଞ୍ଚ ଆରମ୍ଭ କରାଯାଇଛି। ୫ଜଣଙ୍କ ମୃତଦେହ ଉଦ୍ଧାର କରାଯାଇଛି। ଏଥିରେ ଜଣେ ଗର୍ଭବତୀ ମହିଳା ସାମିଲ ରହିଛନ୍ତି।

## ୨୦ ଟଙ୍କା ପାଇଁ ମା'କୁ ମାରିଦେଲା ପୁଅ

**ନୁହ,୨୦।୭(ଏଜେନ୍ସି):** ମାତ୍ର ୨୦ ଟଙ୍କା ପାଇଁ ଜଣେ ପୁଅ ତା'ର ମାଆକୁ ହତ୍ୟା କରିଛି। ହରିୟାଣା ନୂହରେ ଏଭଳି ଘଟଣା ଘଟିଛି। ଜଣେ ନିଶାଶକ୍ତ ଯୁବକ ଏହି କାଣ୍ଡ ଘଟାଇଛି। ଶନିବାର ରାତିରେ ସେ ମାଙ୍କୁ ୨୦ ଟଙ୍କା ମାଗିଥିଲା। କିନ୍ତୁ ସକାଳେ ଦେବେ ବୋଲି ମା କହିଥିଲେ। କିନ୍ତୁ ମହିଳା ଜଣକ ସକାଳେ ଟଙ୍କା ଦେଇ ନ ଦେଇ ପରେ ଦେବେ ବୋଲି କହିଥିଲେ। ଫଳରେ କ୍ରୋଧରେ ଜାମସେଦ ତାଙ୍କୁ ତଳେ ପକାଇ ଏକ କୁରାଢୀରେ ହାଣିବା ସହ ବେକ କାଟି ଦେଇଥିଲା। ଅତ୍ୟଧିକ ରକ୍ତସ୍ରାବ ଯୋଗୁ ଘଟଣାସ୍ଥଳରେ ହିଁ ମହିଳାଙ୍କ ମୃତ୍ୟୁ ହୋଇଥିଲା। ଏହାପରେ ଅଭିଯୁକ୍ତ ଫେରାର ହୋଇଯାଇଥିଲା। ମୃତ ମହିଳା ହେଉଛନ୍ତି ଜୟସିଂହପୁରର ରେଜିଆ। ବଡ଼ ପୁଅ ଘଟଣା ସମ୍ପର୍କରେ ପୁଲିସକୁ ସୂଚନା ଦେଇଥିଲେ। ଅଭିଯୁକ୍ତକୁ ଧରିବା ପାଇଁ ପୁଲିସ ଅଭିଯାନ ଆରମ୍ଭ କରିଛି। ଅଭିଯୁକ୍ତ ୩ ଭାଇଙ୍କ ମଧ୍ୟରୁ ସବୁଠାରୁ ସାନ। ଜାମସେଦ ବିବାହ କରିଥିଲା। ତା ପତ୍ନୀ ୫ ବର୍ଷ ହେବ ବାପଘରେ ରହୁଥିଲେ। ଦୁହିଁଙ୍କ ମଧ୍ୟରେ ସମ୍ପର୍କ ଭଲ ନଥିବାରୁ ସେ ନିଶା ସେବନ କରୁଥିଲା।

■ ମହାରାଷ୍ଟ୍ର ରାଜନୀତି ସରଗରମ

## ଫଡ଼୍‌ନାଭୀସଙ୍କୁ ଭେଟିଲେ ଆଦିତ୍ୟ ଠାକରେ

**ମୁମ୍ବାଇ, ୨୦।୭ (ଏଜେନ୍ସି):** ଉଦ୍ଧବ ଗୋଷ୍ଠୀର ଶିବସେନାକୁ ନେଇ ମହାରାଷ୍ଟ୍ର ରାଜନୀତି ସରଗରମ ହୋଇ ଉଠିଛି। ଏହି ଗୋଷ୍ଠୀ ପୁଣିଥରେ ବିଜେପି ମେଣ୍ଟରେ ସାମିଲ ହେବ ବୋଲି ଚର୍ଚ୍ଚା ହେଉଛି। ମୁଖ୍ୟମନ୍ତ୍ରୀଙ୍କ ଅଫର ପାଇବାର ଦିନକ ପରେ ଉଦ୍ଧବ ଠାକରେ ଏବଂ ତାଙ୍କ ପୁଅ ଆଦିତ୍ୟ ଠାକରେ ତାଙ୍କୁ ଭେଟିବାକୁ ଯାଇଥିଲେ। ବିଧାନ ପରିଷଦ ବାଚସ୍ପତିଙ୍କ ପ୍ରକୋଷ୍ଠରେ ଉଭୟେ ୨୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଥିଲେ। ଏହାର ଦିନକ ପରେ ଶନିବାର ସନ୍ଧ୍ୟାରେ ଉଦ୍ଧବଙ୍କ ପୁଅ ଆଦିତ୍ୟ ପୁଣି ଫଡନାଭୀସଙ୍କୁ ଭେଟିଛନ୍ତି। ମୁମ୍ବାଇର ସୋଫିଟେଲ ହୋଟେଲରେ ଉଭୟେ ପ୍ରାୟ ଘଣ୍ଟାଏ ପର୍ଯ୍ୟନ୍ତ ଆଲୋଚନା କରିଥିବା ରିପୋର୍ଟ ଆସିଛି। ଅଲଗା ଅଲଗା କାର୍ଯ୍ୟକ୍ରମ ପାଇଁ ଦୁହେଁ ଏହି ହୋଟେଲକୁ ଯାଇଥିଲେ ବୋଲି କୁହାଯାଉଛି। ମାତ୍ର ଏହି ସାକ୍ଷାତ ଆଲୋଚନା ବିଜେପି-ଶିବେସନା ମଧ୍ୟରେ ମେଣ୍ଟ ଚର୍ଚ୍ଚାକୁ ଅଧିକ ଖୋରାକ ଯୋଗାଉଛି। ମରାଠୀକୁ ନେଇ ରାଜ୍ୟ ରାଜନୀତି ଜୋର ଧରିଥିବାବେଳେ ଦୁଇ ପୁରୁଣା ବନ୍ଧୁ ଦଳ ଫାଟକୁ ଭୁଲି ପୁଣି ଏକାଠି ହେବେ ବୋଲି କୁହାଯାଉଛି। ତେବେ ଉଭୟ ନେତା କୌଣସି ବୈଠକ ହୋଇ ନ ଥିବା କହିଛନ୍ତି।



ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି ଯେ ଏକ କାର୍ଯ୍ୟକ୍ରମ ପାଇଁ ମୁଖ୍ୟମନ୍ତ୍ରୀ ହୋଟେଲରେ ଥିଲେ, କିନ୍ତୁ ଆଦିତ୍ୟଙ୍କୁ ସେ ଭେଟି ନ ଥିଲେ। ଏହି ସମୟରେ ଆଦିତ୍ୟ ତାଙ୍କ ବନ୍ଧୁମାନଙ୍କ ସହ ହୋଟେଲରେ ଉପସ୍ଥିତ ଥିଲେ। ଏହା ପୂର୍ବରୁ ୧୬ ତାରିଖରେ ଫଡନାଭୀସ ପୁରୁଣା ସହଯୋଗୀ ଉଦ୍ଧବଙ୍କୁ ତାଙ୍କ ସାମିଲ ହେବା ପାଇଁ ଆମନ୍ତ୍ରଣ କରିଥିଲେ। ମୁଖ୍ୟମନ୍ତ୍ରୀ କହିଥିଲେ ଯେ ବିଜେପି ତାଙ୍କ ସହ ବିରୋଧୀ ଦଳରେ ସାମିଲ ହେବାର ସମ୍ଭାବନା ନାହିଁ, କିନ୍ତୁ ସେ କ୍ଷମତାସୀନ ପକ୍ଷକୁ ଆସିପାରିବେ। ସୂଚନାଯୋଗ୍ୟ ଯେ ଦିଶା ସାଲିଆନଙ୍କ ମୃତ୍ୟୁକୁ ନେଇ ତାଙ୍କ ପିତା ସିଧାସଳଖ ଆଦିତ୍ୟ ଠାକରେଙ୍କୁ ଦୋଷ ଦେଇଛନ୍ତି। ଝିଅକୁ ଦୁଷ୍କର୍ମ କରି ହତ୍ୟା କରାଯାଇଥିବା ଅଭିଯୋଗ କରିଛନ୍ତି। ଏହାକୁ ନେଇ ସେ ହାଇକୋର୍ଟରେ ମାମଲା ଦାଏର କରିଥିବାବେଳେ କ୍ଷମତାସୀନ ମେଣ୍ଟ ସହ ଉଦ୍ଧବ ଗୋଷ୍ଠୀ ଶିବସେନାର ଘନିଷ୍ଠତା ବଢ଼ିବ ଭିନ୍ନ କିଛି ଦିଗକୁ ଇଙ୍ଗିତ କରୁଛି।

**ଆମେରିକାରେ ଭାରତୀୟ ବଂଶୋଦ୍ଭବ ଡାକ୍ତରଙ୍କ କଳା ସାମ୍ରାଜ୍ୟ**

## ଔଷଧ ବଦଳରେ ସେକ୍ସ!

**ୱାଶିଂଟନ, ୨୦।୭ (ଏଜେନ୍ସି):** ଆମେରିକା ନ୍ୟୁଜର୍ସିରୁ ଚାଞ୍ଚଲ୍ୟକର ମାମଲା ସାମ୍‌ନାକୁ ଆସିଛି। ଏହାକୁ ନେଇ ସାରା ଦେଶରେ ଆଲୋଡ଼ନ ସୃଷ୍ଟି ହୋଇଛି। ଜଣେ ଡାକ୍ତର ଚିକିତ୍ସା କରିବା ବାହାନାରେ କଳା ସାମ୍ରାଜ୍ୟ ଚଳାଇ ଥିଲେ। ଶକ୍ତିଶାଳୀ ପେନ୍ କିଲର ବଦଳରେ ଶାରୀରିକ ସମ୍ପର୍କ ରଖୁଥିଲେ। କ୍ଲିନିକକୁ ଔଷଧ କେନ୍ଦ୍ର କରି ରଖିଥିଲେ। ଏହି ଡାକ୍ତରଙ୍କ ଠିକଣାରୁ ୩୧ ହଜାର ଜାଲ୍ ପ୍ରେସକ୍ରିପସନ୍ ଜବତ କରାଯାଇଛି। ଆମେରିକାର ଫେଡାରାଲ ପ୍ରୋସିକ୍ୟୁଟର ଏଭଳି ବେଆଇନ କାର୍ଯ୍ୟ କରୁଥିବା ଭାରତୀୟ ବଂଶୋଦ୍ଭବ ଡାକ୍ତର ରିତେଶ କାଲରାଙ୍କ ବିରୋଧରେ ମାମଲା ଚାଲିଛି। ସେ ଦେଶର ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଠକିଥିବା ଅଭିଯୋଗ ହୋଇଛି। ସିକାସସ୍ ସହରର ଏହି ଚିକିତ୍ସକ ଫେୟାର ଲନ୍‌ରେ ପ୍ରାକ୍ଟିସ କରୁଥିଲେ। ସେ ନିଜ ମେଡିକାଲ ଅଫିସକୁ ଔଷଧ କେନ୍ଦ୍ର ଭାବେ ପରିଣତ କରି ବିନା ଆବଶ୍ୟକତାରେ ହଜାର ହଜାର ହାଇ-ଡୋଜ୍ ଓପିଓଡିସ, ଅକ୍ସିକୋଡନ ଏବଂ ପ୍ରୋମେଥାଜାଇନ ଭଳି ଔଷଧ ଲେଖୁଥିଲେ। ଆମେରିକା ଆଟର୍ଣ୍ଣି ଏଲିନା ହବା କହିଛନ୍ତି ଯେ ଏହି ଡାକ୍ତର ନିଜ ପେଶାକୁ ବ୍ୟବହାର କରି ନ୍ୟୁଜର୍ସିର ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଠକୁଥିଲେ। ନିଜ ପଦବୀକୁ ନିଶାସକ୍ତ କରିବାକୁ ଏବଂ ଦୁର୍ବଳ ରୋଗୀଙ୍କୁ ଯୌନ ସମ୍ପର୍କ ରଖିବା ପାଇଁ ଉତ୍ପୀଡ଼ନ ଦେଉଥିଲେ।



**୩୧ ହଜାର ଜାଲ୍ ପ୍ରେସକ୍ରିପ୍ସନ**

୨୦୧୯ ଜାନୁଆରୀରୁ ୨୦୨୫ ଫେବୃଆରୀ ମଧ୍ୟରେ ସେ ପ୍ରାୟ ୩୧ ହଜାର ଅକ୍ସିକୋଡନ ପ୍ରେସ୍‌କ୍ରିପ୍‌ସନ ଲେଖିଥିଲେ। ସେ ବେଳେବେଳେ ଦିନକୁ ୫୦ରୁ ଅଧିକ ଏଭଳି ପ୍ରେସ୍‌କ୍ରିପ୍‌ସନ ଲେଖିଥିଲେ। ବେଆଇନ ଔଷଧ ଲେଖିବା ସହିତ ସେ ପରାମର୍ଶ ଦେବା ଏବଂ କାଉନସେଲିଂ ପାଇଁ ଅଧିକ ଦେୟ ନେଉଥିଲେ। ଏହି ମାମଲାରେ କାଲରାଙ୍କୁ ଗିରଫ କରାଯାଇଥିଲା। ତେବେ ଲକ୍ଷେ ଡଲାରର ବଣ୍ଡରେ ନ୍ୟୁୱାର୍କ ମାଜିଷ୍ଟ୍ରେଟ ଜଜ୍ ତାଙ୍କୁ ମୁକ୍ତ କରିଛନ୍ତି। ତାଙ୍କୁ ମେଡିକାଲ ପ୍ରାକ୍ଟିସ ନ କରିବାକୁ କୁହାଯାଇଛି। ଅନ୍ୟପଟେ କାଲରାଙ୍କ ଓକିଲ ସମସ୍ତ ଅଭିଯୋଗକୁ ଖାରଜ କରିଦେଇଛନ୍ତି। ସରକାରଙ୍କ ପ୍ରେସ୍ ବିଜ୍ଞପ୍ତି 'ସୁପରମାର୍କେଟ ଟାବଲୋଏଡ' ଭଳି ବୋଲି କହିଛନ୍ତି।

# ନିଶା ର୍‍ୟାକେଟ ଚଳାଉଥିଲେ ଡାକ୍ତର, ଜିମ୍ ଟ୍ରେନର୍

**ଭୋପାଳ, ୨୦।୭ (ଏଜେନ୍ସି):**

ମଧ୍ୟପ୍ରଦେଶ ଭୋପାଳରୁ ଏକ ବଡ଼ ଡ୍ରଗ୍ ର୍‍ୟାକେଟର ପର୍ଦ୍ଦାଫାସ ହୋଇଛି। ଏହି କାରବାର ଜିମ୍ କ୍ଲିନିକ ଏବଂ ମହାବିଦ୍ୟାଳୟ ପରିସରରେ ଚାଲିଥିଲା। ଏହି ମାମଲାରେ ଦୁଇ ପ୍ରମୁଖ ନିଶା ଚାଲାଣକାରୀ ସୈଫୁଦିନ ଏବଂ ଆସୁ ଓରଫ ଶାହରୁଖକୁ କ୍ରାଇମବ୍ରାଞ୍ଚ ଗିରଫ କରିଛି। ଜଣେ ଡାକ୍ତର ଏବଂ ଜଣେ ଜିମ୍ ଟ୍ରେନର ଏହି କାରବାରର ମୁଖ୍ୟ କାର୍ପଟଦାର ଥିଲେ। ମାନସିକ ସ୍ୱାସ୍ଥ୍ୟର ଚିକିତ୍ସା ପାଇଁ ଏହି ଡାକ୍ତର ମେଫାଡ୍ରୋନ (ଏମଡି) ଡ୍ରଗ ଲେଖୁଥିଲେ। ସେହିପରି ଜିମ୍ ଟ୍ରେନର ମେଦ ହ୍ରାସ ପାଇଁ ମେଫାଡ୍ରୋନ ନେବାକୁ କହୁଥିଲେ। ଏହି କାରବାରରେ ଯୁବତୀ ଏବଂ ମହିଳାଙ୍କୁ ଢାଲ କରାଯାଉଥିଲା। ସେମାନେ ଡ୍ରଗ ନେଇ ସ୍ଲିମ ହୋଇଥିବା ଏବଂ ମନୋବଳ ବୃଦ୍ଧି କରୁଥିବା କହୁଥିଲେ। ଦୁଇ ଅଭିଯୁକ୍ତ କେବଳ ଡ୍ରଗ୍ ବିକୁ ନ ଥିଲେ, ଏଥିପାଇଁ ଏକ ବ୍ୟବସ୍ଥା ମଧ୍ୟ ଗଢ଼ିଥିଲେ।

ପୁଲିସ ସୂଚନା ଅନୁଯାୟୀ ନିଶା କାରବାର ବୃଦ୍ଧି କରିବା ପାଇଁ ଉଭୟ ଅଭିଯୁକ୍ତ ଡାକ୍ତର, ଜିମ ଟ୍ରେନର ଏବଂ ପାର୍ଟି ପ୍ରମୋଟରଙ୍କ ସହାୟତା ନେଇ ଯୁବଗୋଷ୍ଠୀଙ୍କୁ ଏହି ଅନ୍ଧକାର ମଧ୍ୟକୁ ଠେଲି ଦେଉଥିଲେ। ଏଥିପାଇଁ ଫିଟ୍‌ନେସ ଏବଂ ମାନସିକ ସ୍ୱାସ୍ଥ୍ୟକୁ ଦ୍ୱାହି ଦେଉଥିଲେ। ଆଉ ଏହି ଡ୍ରଗ ଥରେ ନେବା ପରେ ସେମାନେ ଏହି ଯନ୍ତାରୁ ବାହାରି ପାରୁ ନ ଥିଲେ। ଦୁଇ ଅଭିଯୁକ୍ତଙ୍କ ନିକଟରୁ ପୁଲିସ ୧୫.୧୪ ଗ୍ରାମ ଏମଡି ଗୁଣ୍ଡ, ଗୋଟିଏ ସ୍କୁଟି

**ଓଜନ ହ୍ରାସ, ମାନସିକ ଚିକିତ୍ସା ଆଳରେ ବିକୁଥିଲେ ଡ୍ରଗ୍ସ**

**ଗଢ଼ିଥିଲେ ଏକ ସ୍ୱତନ୍ତ୍ର ବ୍ୟବସ୍ଥା**

ଏବଂ ଫୋନ ଜବତ କରିଛି। ତେବେ ଆଶ୍ଚର୍ଯ୍ୟର ବିଷୟ ଏହି କି ଯେ ଏପରି ଏକ ବ୍ୟବସ୍ଥା ତିଆରି କରାଯାଇଥିଲା ଯେଉଁଥିରେ ଓଜନ ହ୍ରାସ, ଶକ୍ତି ବୃଦ୍ଧି, ମାନସିକ ସ୍ଥିତିକୁ ଭଲ ରଖିବାକୁ ନିଶା ଦିଆଯାଉଥିଲା। ଏଥିପାଇଁ ପ୍ରେସକ୍ରିପସନ୍ ମଧ୍ୟ ଲେଖା ଯାଉଥିଲା। ନିଜ ଚେହେରାକୁ ନେଇ ଚିନ୍ତିତ ଥିବା ଯୁବ ଗୋଷ୍ଠୀଙ୍କୁ ଏହି ନିଶା କାରବାରୀ ନିଶାଣ କରୁଥିଲେ। ଜିମ୍ ମାଧ୍ୟମରେ ନିଶା ଦ୍ରବ୍ୟ ବିକୁଥିଲେ। ଠକ ଡାକ୍ତରଙ୍କୁ ଏହି ର୍‍ୟାକେଟରେ ସାମିଲ କରି ଅବସାଦଗ୍ରସ୍ତ ଏବଂ ଚିଡ଼ଚିଡା ରୋଗରେ ପୀଡ଼ିତଙ୍କ ପାଇଁ ପ୍ରେସକ୍ରିପସନ୍ ଲେଖାଉ ଥିଲେ। ପରେ ନିଶା ଦେଇ ଯୁବତୀଙ୍କୁ ଯୌନ ଉତ୍ପୀଡ଼ନ ଦିଆଯାଉଥିଲା ଏବଂ ଅପରାଧ ମଧ୍ୟକୁ ଠେଲି ଦିଆଯାଉଥିଲା ବୋଲି ଜଣେ ପୁଲିସ ଅଧିକାରୀ କହିଛନ୍ତି।

ଅଭିଯୁକ୍ତମାନେ ଭୋପାଳର ବଡ଼ ପାର୍ଟିକୁ ମଧ୍ୟ ଡ୍ରଗ୍ସ ଯୋଗାଉ ଥିଲେ। ଝିଅଙ୍କୁ ବ୍ୟବହାର କରି ହନିଟ୍ରାପ କରୁଥିଲେ। ଏଭଳି ଝିଅଙ୍କୁ ମାଗଣାରେ ଡ୍ରଗ୍ସ ଦେଇ ଅନ୍ୟମାନଙ୍କୁ ସାମିଲ କରାଇବାକୁ କହୁଥିଲେ। ନୂଆ ଝିଅ ସାମିଲ ହେବା ପରେ ମାଗଣାରେ ଡ୍ରଗ୍ସ ଦେଉଥିଲେ। ଚେନ୍ ମାର୍କେଟିଂ ମାଧ୍ୟମରେ ଯୁବ ପିଢିକୁ ସାମିଲ କରୁଥିଲେ। ଏହି ବ୍ୟବସ୍ଥାରେ ଜିମ୍, ଥେରାପି କ୍ଲିନିକ, ସୋସିଆଲ ମିଡିଆ ଇନଫ୍ଲୁଏନ୍ସର ଏବଂ ନାଇଟ କ୍ଲବ ଗୁଡିକୁ ସାମିଲ କରିଥିଲେ। ଏମାନେ ମଧ୍ୟବିତ୍ତ ପରିବାରର ପିଲା, କଲେଜ ଛାତ୍ରଛାତ୍ରୀଙ୍କୁ ପ୍ରଭାବିତ କରୁଥିଲେ। ନିର୍ଦ୍ଦିଷ୍ଟ ସୂଚନା ଆଧାରରେ ଗୋବିନ୍ଦପୁରାର ସବ୍‌ଜି ମଣ୍ଡି ଟିନ୍ ସିଡ ଅଞ୍ଚଳରୁ ଏହି ଦୁଇ ଅଭିଯୁକ୍ତଙ୍କୁ ଗିରଫ କରାଯାଇଥିଲା।

## ଟ୍ରେଲର-ବାଇକ୍ ଧକ୍କା; ୨ ମୃତ




ତୁରୁମୁଙ୍ଗା/କରଞ୍ଜିଆ, ୨୦।୭(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ଥାନା ଅନ୍ତର୍ଗତ ୨୨୦ ନମ୍ବର ଜାତୀୟ ରାଜପଥର ସାହାରପଡ଼ା ଇଣ୍ଡିଆନ ପେଟ୍ରୋଲ ପମ୍ପ ନିକଟରେ ଆଜି ଏକ ମର୍ମନ୍ତୁଦ ଦୁର୍ଘଟଣାରେ ୨ଜଣ ପ୍ରାଣ ହରାଇଛନ୍ତି। ମୃତକଦ୍ୱୟ ହେଲେ, ପାଟଣା ଥାନା ଜଗାନାଳି ଗ୍ରାମର ଅଣ୍ଡ ମୁଣ୍ଡା ଓ ସରୋଜ ମହାନ୍ତ। ଏକ ବାଇକ୍‌କୁ ଟ୍ରେଲର୍ ମୁହାଁମୁହିଁ ଧକ୍କା ଦେବାରୁ ଏହି ଅଘଟଣ ଘଟିଛି। ସୂଚନାନୁଯାୟୀ, ଅଣ୍ଡ ଓ ସରୋଜ ଏକ ବାଇକ୍‌ରେ କୌଣସି କାମରେ ଯାଉଥିବା ବେଳେ ସାହାରାପଡ଼ା ପେଟ୍ରୋଲ ପମ୍ପ ନିକଟରେ ସେମାନଙ୍କୁ ଟ୍ରେଲର୍‌ଟି ଧକ୍କା ଦେଇଥିଲା। ଘଟଣାସ୍ଥଳରେ ଅଣ୍ଡଙ୍କ ମୃତ୍ୟୁ ଘଟିଥିବା ବେଳେ ସରୋଜଙ୍କୁ ଗୁରୁତର ଅବସ୍ଥାରେ ଅଗ୍ନିଶମ ବାହିନୀ କରଞ୍ଜିଆ ମେଡିକାଲରେ ଭର୍ତ୍ତି କରାଇଥିଲା। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ଡାକ୍ତରଙ୍କ ପରାମର୍ଶକ୍ରମେ ତାଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ବାଟରେ ତାଙ୍କର ମୃତ୍ୟୁ ଘଟିଥିଲା। ସାହାରପଡ଼ା ଫାଣ୍ଡି ପୁଲିସ୍ ଦୁର୍ଘଟଣାଗ୍ରସ୍ତ ଗାଡ଼ିଦ୍ୱୟକୁ ଅଟକ ରଖି ତଦନ୍ତ ଚଳାଇଛି।

## ଟୋଲ୍‌ଗେଟ୍ ଉପରକୁ ମାଡ଼ିଗଲା କାର୍

### ପ୍ରାକ୍ତନ ଅଧ୍ୟାପକଙ୍କ ମୃତ୍ୟୁ





ବୈଶିଙ୍ଗା/ବେତନଟୀ, ୨୦।୭ (ସମିସ): ବୈଶିଙ୍ଗା ଥାନା ଅଧୀନ ୧୮ ନଂ ଜାତୀୟ ରାଜପଥର ପଦ୍ମନାଭପୁର ଟୋଲ ଗେଟ୍‌ରେ ରବିବାର ଭୋର୍‌ରେ ଏକ ବଡ଼ ଅଘଟଣ ଘଟିଛି। ଏକ ଦ୍ରୁତଗାମୀ କାର୍ ଭାରସାମ୍ୟ ହରାଇ ଟୋଲ୍ ଗେଟ୍‌ର ୩ ନମ୍ବର ବୁଥ୍ ଉପରକୁ ମାଡ଼ିଯିବାରୁ ଜଣଙ୍କର ମୃତ୍ୟୁ ଘଟିଛି। ଅନ୍ୟ ଜଣେ ଗୁରୁତର ଆହତ ହୋଇଛନ୍ତି। ମୃତକ ହେଲେ, ବାରିପଦା ଶ୍ରୀମା' ମହାବିଦ୍ୟାଳୟର ପ୍ରାକ୍ତନ ଅଧ୍ୟାପକ ରାଜଦୀପ ପଟ୍ଟନାୟକ। ସେ ବିଜେଡି ନେତ୍ରୀ ଛବି ମାହାଲିଙ୍କ ସ୍ୱାମୀ। ସେହିପରି, ଆହତ ଜଣଙ୍କ ହେଲେ ଅଜୟ ନାଏକ। ଉଭୟ ଏକ କାର୍ (ଓଡି -୧୧ଏମ -୬୭୧୬)ରେ ବାରିପଦା ଆସୁଥିବା ବେଳେ ଏହି ଅଘଟଣ ଘଟିଥିଲା। ଦୁର୍ଘଟଣା ପରେ ଟୋଲଗେଟ୍ କର୍ମଚାରୀ ସେମାନଙ୍କୁ ୧୦୮ ଆମ୍ବୁଲାନ୍ସରେ ପ୍ରଥମେ ବେତନଟୀ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ଅବସ୍ଥା ସଂକଟାପନ୍ନ ହେବାରୁ ସେଠାରୁ ବାରିପଦା ମୁଖ୍ୟ ଡାକ୍ତରଖାନାକୁ ସ୍ଥାନାନ୍ତର କରାଯାଇଥିଲା। ସେଠାରେ ରାଜଦୀପଙ୍କର ଚିକିତ୍ସାଧୀନ ଅବସ୍ଥାରେ ମୃତ୍ୟୁ ଘଟିଥିଲା।

ବୈଶିଙ୍ଗା ପୁଲିସ ଘଟଣାସ୍ଥଳରେ ପହଞ୍ଚି କ୍ରେନ୍ ସହାୟତାରେ ଦୁର୍ଘଟଣାଗ୍ରସ୍ତ କାର୍‌କୁ ଜବତ କରି ମାମଲା ରୁଜୁ କରିଛି। ରାଜଦୀପଙ୍କ ମୃତଦେହ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରାଯାଇଛି। ବହୁ ମାନ୍ୟଗଣ୍ୟ ବ୍ୟକ୍ତି ତାଙ୍କର ଶେଷ ଦର୍ଶନ କରିବା ସହ ଶୋକସନ୍ତପ୍ତ ପରିବାରକୁ ସମବେଦନା ଜଣାଇଛନ୍ତି। ପରେ ଶୋଭାଯାତ୍ରାରେ ମରଶରୀରକୁ ନିଆଯାଇ ଶେଷକୃତ୍ୟ ସମ୍ପନ୍ନ କରାଯାଇଛି।

# ଆଉ କେତେ ଅଘଟଣ ପରେ ଚେତିବେ ସରକାର

- ବଢ଼ିଚାଲିଛି ଦୁଷ୍କର୍ମ, ହତ୍ୟା, ଲୁଟ୍‌ପାଟ୍
- ପୁଲିସ ଏବଂ ପ୍ରଶାସନକୁ ଅପରାଧୀଙ୍କ ଭୟନାହିଁ
- ପୁଲିସ ଉପରୁ ଲୋକଙ୍କ ଭରସା ବି ତୁଟିଗଲାଣି

ଭୁବନେଶ୍ୱର, ୨୦।୭ (ସମିସ): ରାଜ୍ୟରେ ଏବେ ମହିଳା ଅସୁରକ୍ଷିତ ହୋଇପଡ଼ିଛନ୍ତି। ଅପରାଧୀଙ୍କ ନା ପୁଲିସକୁ ଭୟ ଅଛି ନା ପ୍ରଶାସନକୁ। ମନଇଚ୍ଛା ଯାହା ଚାହୁଛନ୍ତି, ସେୟା କରୁଛନ୍ତି। କାହାକୁ ହତ୍ୟା କରୁଛନ୍ତି ତ ଆଉ କାହାକୁ ଜୀବନ୍ତ ପୋଡ଼ି ଦେଉଛନ୍ତି। ବିନା ଭୟରେ ଦୁଷ୍କର୍ମ କରିବାକୁ ବି ପଛାଉ ନାହାନ୍ତି। ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଏଭଳି ଜଘନ୍ୟ କାଣ୍ଡ ଘଟାଇବା ପରେ ସେମାନେ ଅତି ସହଜରେ ଚମ୍ପଟ ମାରୁଛନ୍ତି। ଅଧିକାଂଶ ମାମଲାରେ ନା ପୁଲିସ ସେମାନଙ୍କୁ ଗିରଫ କରିପାରୁଛି ନା ପୀଡ଼ିତଙ୍କୁ ନ୍ୟାୟ ଦେଇପାରୁଛି। ପ୍ରଶାସନ କେବଳ ମୃତବ୍ୟକ୍ତିଙ୍କୁ କ୍ଷତିପୂରଣ ଦେଇ ବସିପଡୁଛି। ଫଳରେ ରାଜ୍ୟରେ ପୁଣି ସମଧରଣର ଆଉ ଏକ ଘଟଣା ଘଟୁଛି। ଗତ କିଛି ମାସ ହେବ, ରାଜ୍ୟରେ ଘଟୁଥିବା କେତେକ ଅପରାଧ ଉପରେ ନଜର ପକାଇଲେ, ଏହା ସ୍ପଷ୍ଟ ହେଉଛି।

ଗୋପାଳପୁର ଗଣଦୁଷ୍କର୍ମ ଘଟଣାଠାରୁ ଆରମ୍ଭ କରି ବାଲେଶ୍ୱର ଫକୀରମୋହନ କଲେଜ ଛାତ୍ରୀଙ୍କ ଆତ୍ମାହୁତି ଏବଂ ଗତକାଲିର 'ବଳଙ୍ଗା' ଘଟଣାକୁ ନେଇ ସାରା ରାଜ୍ୟରେ ଅସନ୍ତୋଷର ନିଆଁ ଜଳୁଛି। ରାଜ୍ୟରେ ଘଟୁଥିବା ଏକାଧିକ ଘଟଣା ଜାତୀୟ ମାନବିକ ଅଧିକାର ଆୟୋଗ, ମହିଳା ଆୟୋଗଙ୍କୁ ବିବ୍ରତ କରିପକାଇଲାଣି। ବିଭିନ୍ନ ରାଜନୈତିକ ଦଳ ଓ ସଂଗଠନ ବି କ୍ଷୁବ୍ଧ। ରାଜ୍ୟବାସୀ ବି ଅଣନିଃଶ୍ୱାସୀ ହୋଇପଡ଼ିଲେଣି। ହେଲେ, ପ୍ରଶାସନ ପକ୍ଷରୁ ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ହେଉନାହିଁ। ଆଉ ଏଭଳି କେତେ ଅଘଟଣ ଘଟିଲେ, ସରକାର ଚେତିବେ ବୋଲି ଏବେ ପ୍ରଶ୍ନ ଉଠିଲାଣି।

ଗତ ଜୁନ୍ ୧୬ ତାରିଖରେ ଗୋପାଳପୁର ବେଳାଭୂମିରେ ଜଣେ ଛାତ୍ରୀଙ୍କ ଗଣଦୁଷ୍କର୍ମ କରାଯାଇଥିଲା। ଗଣଦୁଷ୍କର୍ମ ଘଟଣାରେ ପୁଲିସ ମୋଟ ୧୦ ଜଣଙ୍କୁ ଗିରଫ କରିଛି। ୧୦ଜଣଙ୍କ ମଧ୍ୟରେ ୬ଜଣ ନାବାଳକେ ଅଛନ୍ତି। ସେହିପରି ରାୟଗଡ଼ା ଜିଲ୍ଲାରେ ଜୁଲାଇ ୧୨ତାରିଖରେ ପ୍ରେମୀଯୁଗଳଙ୍କୁ ଲଙ୍ଗଳ ପକାଇ ହଳ ବୁଲାଇଥିଲେ। ଜୁଲାଇ ୧୩ ତାରିଖରେ କୋରାପୁଟରେ କଙ୍ଗାରୁ କୋର୍ଟ ଦେଖିବାକୁ ମିଳିଥିଲା। ପ୍ରେମ କରିବାରୁ ଗାଁ ଦାଣ୍ଡରେ ବଳଦ କରି ହଳ ବୁଲାଇଲେ ଗ୍ରାମବାସୀ। ପ୍ରେମୀଯୁଗଳଙ୍କ ବେକରେ ଜୁଆଳି ପଡ଼ିଥିବା ଦେଖିବାକୁ ମିଳିଥିଲା। ଜୁନ୍ ୨୩ରେ ଗଞ୍ଜାମ ଧରାକୋଟ ଖାରିଗୁମ୍ମା ଗାଁରେ ଗୋ-ତସ୍କରୀ ଅଭିଯୋଗ ଆଣି ଟଙ୍କା ଲୋଭରେ ଦୁଇ ଦଳିତଙ୍କୁ ପିଟିଲେ ଲୋକେ। ଗାଁ ଦାଣ୍ଡରେ ଲଣ୍ଡା କରି ପାଟିରେ ଘାସ ଦେଇ ଆଣ୍ଠେଇଲେ ଏପରିକି, ନର୍ଦ୍ଦମା ପାଣି ବି ପିଇବାକୁ ବାଧ କଲେ। ସେହିପରି, ଜୁନ୍ ୩୦ ତାରିଖରେ ବିଏମ୍‌ସି ଅତିରିକ୍ତ କମିସନରଙ୍କୁ ବିଜେପି କର୍ପୋରେଟର୍ ଏବଂ ଅନ୍ୟ ସହଯୋଗୀମାନେ ଆକ୍ରମଣ କରିଥିଲେ। ଗତ ଶନିବାରରେ ଏଫଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ନପାଇବାରୁ ନିଜ ଦେହରେ ପେଟ୍ରୋଲ ଢାଳି ଆତ୍ମାହୁତି ଦେଇଥିଲେ। ଗତକାଲି ପୁଣି ବଳଙ୍ଗା ଥାନା ଅଞ୍ଚଳରେ ଜଣେ ଯୁକ୍ତ ଦୁଇ ଛାତ୍ରୀଙ୍କୁ ଦୁର୍ବୃତ୍ତ ଅପହରଣ କରିନେଇ କିରାସିନି ଢାଳି ନିଆଁ ଲଗାଇ ଦେଇଥିଲେ। ବାରମ୍ବାର ଏଭଳି ଘଟଣା ଘଟୁଥିବାରୁ ପୁଲିସ ପ୍ରତି ଅପରାଧୀଙ୍କ ଭୟ ନଥିବା ସ୍ପଷ୍ଟ ରୂପେ ବାରି ହୋଇପଡୁଛି।

### ପରକୀୟା ପ୍ରୀତି ସନ୍ଦେହ ନେଲା ଜୀବନ

## ସ୍ତ୍ରୀକୁ ହତ୍ୟା କରି ନଦୀରେ ଫିଙ୍ଗିଦେଲା



ବଣାଇଁ/ରାଉରକେଲା,୨୦।୭(ସମିସ): ବୁଲାଇବା ବାହାନାରେ ସ୍ତ୍ରୀକୁ ସାଥିରେ ନେଲା। ସେଠାରେ ହତ୍ୟା କରିବା ପରେ ଅଖାରେ ବାନ୍ଧି ଶବକୁ ନଦୀରେ ଫିଙ୍ଗିଦେଲା। ସୁନ୍ଦରଗଡ଼ ଜିଲ୍ଲା ବଣାଇଁ ଉପଖଣ୍ଡ ଗୁରୁଣ୍ଡିଆ ଥାନା ପଙ୍କଡିହି ତଥା ଜଡ଼ା ଗ୍ରାମରେ ଏପରି ଏକ ଆପରାଧିକ ଘଟଣା ଘଟିଛି। ହତ୍ୟାର ଶିକାର ମହିଳାଜଣଙ୍କ ହେଲେ, ଜୟନ୍ତୀ କୁଜୁର। ଆଜି ସଂଧ୍ୟାରେ ରାଜଗାଙ୍ଗପୁର ନିକଟସ୍ଥ କାନ୍ସବାହାଲ ନିକଟରୁ ଏକ ଅଖାବସ୍ତା ଭିତରୁ ଜୟନ୍ତୀଙ୍କ ଶବକୁ ପୁଲିସ୍ ଜବତ କରିବା ପରେ ବ୍ୟବଚ୍ଛେଦ ପାଇଁ ପଠାଇଛି। ଜୟନ୍ତୀଙ୍କୁ ଗତକାଲି ହତ୍ୟା କରିବା ପରେ ସ୍ୱାମୀ ଲକ୍ଷ୍ମଣ ଓରାମ ଆଜି ଥାନାରେ ଆତ୍ମସମର୍ପଣ କରିଥିଲା। ପୁଲିସ୍ ତାକୁ ଥାନାରେ ଅଟକ ରଖି ପଚରାଉଚରା କରୁଛି। ପରପୁରୁଷ ସହ ସ୍ତ୍ରୀର ଅନୈତିକ ସଂପର୍କ ଥିବା ସନ୍ଦେହ କରି ଲକ୍ଷ୍ମଣ ଏପରି ନାରକୀୟ କାଣ୍ଡ ଘଟାଇଥିବା ପୁଲିସ୍ ଆଗରେ ସ୍ୱୀକାର କରିଛି।

ସୂଚନାନୁଯାୟୀ, ଜୟନ୍ତୀ ଜଣେ ଅଙ୍ଗନବାଡ଼ି କର୍ମୀ। ସେ ପଙ୍କଡ଼ିହି ପଞ୍ଚାୟତ ଅଧୀନ ଜଡା ଅଙ୍ଗନବାଡ଼ିରେ କାର୍ଯ୍ୟରତ। ଗତକାଲି ଅଙ୍ଗନବାଡ଼ିରୁ ଜୟନ୍ତୀ କେଉଁଆଡ଼େ ନିଖୋଜ ହୋଇଯାଇଥିଲେ। ଏହାକୁ ନେଇ ନାନା ଚର୍ଚ୍ଚା ହୋଇଥିଲା। ହେଲେ ଆଜି ଲକ୍ଷ୍ମଣ ଗୁରୁଣ୍ଡିଆ ଥାନାରେ ଆତ୍ମସମର୍ପଣ କରି ସତ ଓଗାଳିଥିଲା। ଜୟନ୍ତୀଙ୍କୁ ହତ୍ୟା କରି ବ୍ରାହ୍ମଣୀ ନଦୀରେ ଫୋପାଡ଼ି ଦେଇଥିବା ନେଇ ଥାନାରେ ସ୍ୱୀକାର କରିଥିଲା। ହେଲେ, କେଉଁଠାରେ ମୃତଦେହ ଫୋପାଡ଼ିଥିଲା; ସେନେଇ ଭିନ୍ନଭିନ୍ନ କଥା କହିବା ଯୋଗୁଁ ଆଜି ଦିନତମାମ ପୁଲିସ୍ ନାକେଦମ ହୋଇଥିଲା। ଶେଷରେ ଆଜି ସନ୍ଧ୍ୟାରେ ରାଜଗାଙ୍ଗପୁର ନିକଟସ୍ଥ କାନ୍ସବାହାଲ ନିକଟରୁ ଏକ ଅଖା ଭିତରୁ ଜୟନ୍ତୀଙ୍କ ଶବ ଜବତ କରିଥିଲା। ଅଭିଯୁକ୍ତ ଲକ୍ଷ୍ମଣ ବାରମ୍ବାର ବିଭ୍ରାନ୍ତିକର ତଥ୍ୟ ଦେବାରୁ ପୁଲିସ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ହଇରାଣ ହୋଇଥିଲା।

୨୦୧୯ ମସିହାରେ ଜଡ଼ା ଗ୍ରାମର ଲକ୍ଷ୍ମଣଙ୍କୁ ସୁନ୍ଦରଗଡ଼ କିଞ୍ଜିରିକେଲା ଗ୍ରାମର ଜୟନ୍ତୀ ବିବାହ କରିଥିଲେ। ଜୟନ୍ତୀଙ୍କ ଅନ୍ୟ ଜଣେ ପୁରୁଷ ବନ୍ଧୁ ରହିଥିବା ଜାଣିବା ପରେ ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଦୀର୍ଘ ଦିନ ଧରି କଳହ ଲାଗି ରହିଥିଲା। ଏପରିକି, ଉଭୟଙ୍କ ମଧ୍ୟରେ ଝଗଡ଼ା କାରଣରୁ ଜୟନ୍ତୀ ନିଜ ବାପା ଘରକୁ ମଧ୍ୟ ଚାଲିଯାଇଥିଲେ। ପରେ ଲକ୍ଷ୍ମଣ ବୁଝାସୁଝା କରି ପୁଣି ଜୟନ୍ତୀଙ୍କୁ ଡାକି ଆଣିବା ପରେ ହତ୍ୟା ଷଡ଼ଯନ୍ତ୍ର ରଚିଥିବା ପୁଲିସ ନିକଟରେ କହିଛି। ଗତକାଲି ସେ ଜୟନ୍ତୀଙ୍କୁ ବୁଲାଇବା ବାହାନାରେ ନେଇ ଯାଇଥିଲା। ସେଠାରେ ହତ୍ୟା କରିବା ପରେ ଏକ ଅଖାରେ ମୃତଦେହକୁ ପୂରାଇ ଏକ ସ୍କୁଟିରେ ନେଇ ବ୍ରାହ୍ମଣୀରେ ଫୋପାଡ଼ି ଦେଇ ଚାଲି ଆସିଥିଲା। ଅଭିଯୁକ୍ତକୁ ସାଥିରେ ନେଇ ପୁଲିସ ଏବେ ଶବ ଉଦ୍ଧାର କରିଥିଲା। ଆସନ୍ତାକାଲି ମୃତା ମହିଳାଙ୍କ ଶବ ପରିବାରଙ୍କ ଉପସ୍ଥିତିରେ ବ୍ୟବଚ୍ଛେଦ ହେବା ସହ ଅଭିଯୁକ୍ତକୁ କୋର୍ଟ ଚାଲାଣ କରାଯିବ ବୋଲି ପୁଲିସ ସୂଚନା ଦେଇଛି।

## ବାର୍‌ହା ମାଂସ ଜବତ: ୧୧ ଗିରଫ

### ଦୁଇ ବାର୍‌ହା ଛୁଆ ଉଦ୍ଧାର



ଚିତ୍ରକୋଣ୍ଡା,୨୦।୭(ସମିସ): ସ୍ୱାଭିମାନ ଅଞ୍ଚଳ ରାଲେଗଡ଼ା ପଞ୍ଚାୟତର ସାରକୁବନ୍ଧ ଗାଁ ନିକଟରୁ ଚିତ୍ରକୋଣ୍ଡା ବନ ବିଭାଗ ପାଖାପାଖି ୪୩ କେଜି ବାର୍‌ହା ମାଂସ ଜବତ କରିବା ସହ ୧୧ ଶିକାରୀଙ୍କୁ ଗିରଫ କରିଛି। ସେମାନଙ୍କ ନିକଟରୁ ପୁଲିସ୍ ଦୁଇଟି ଜୀବନ୍ତ ବାର୍‌ହା ସହ ଜାଲ, ମାରଣାସ୍ତ୍ର, ୯ଟି ବାଇକ୍, ଗୋଟିଏ ଟ୍ରାକ୍ଟର୍ ଜବତ କରିଛି। ଅଭିଯୁକ୍ତମାନେ ହେଲେ, ବାଲକ୍ରିଷ୍ଣା ଉନ୍ଦୁ, କାମେଶ ଉନ୍ଦୁ, ସନ୍ତୋଷ ବାର୍ବୋସ, ରାମବାବୁ ବାର୍ବୋସ୍, ନାଗରାଜୁ ବର୍ବୋସ, ନଗେଶ କୁମୁଡ଼ା, ବାଳନା କୁମୁଡୁ,କ୍ରିଷ୍ଣା ରାଓ ପୋଟରାଜୁ, ମାଟିଲିଙ୍ଗମ୍ ବାର୍ବଡ, ସନ୍ୟାସୀ ରାଓ ବାର୍ବସ, ଶ୍ରୀନୁବାବୁ ଖିଲ। ଆସନ୍ତାକାଲି ସମସ୍ତଙ୍କୁ କୋର୍ଟରେ ହାଜର କରାଯିବ ବୋଲି ବନପାଳ ନିରଞ୍ଜନ ସାରକା ସୂଚନା ଦେଇଛନ୍ତି। ଅପରପକ୍ଷେ, ସ୍ୱାସ୍ଥ୍ୟ ପରୀକ୍ଷା ପରେ ଦୁଇ ବାର୍‌ହା ଶାବକଙ୍କୁ ଜଙ୍ଗଲରେ ଛଡ଼ାଯିବ ବୋଲି ବନପାଳ କହିଛନ୍ତି।

କିଛି ଶିକାରୀ ବାର୍‌ହା ଶିକାର କରିଥିବା ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ବନ ବିଭାଗ ସାରକୁବନ୍ଧ ଗାଁରେ ଚଢ଼ଉ କରିଥିଲା। ବନଖଣ୍ଡ ଅଧିକାରୀ ସାଇକିରଣଙ୍କ ନିର୍ଦ୍ଦେଶରେ ହୋଇଥିବା ଏହି ଚଢ଼ଉରେ ଚିତ୍ରକୋଣ୍ଡା ବନାଞ୍ଚଳ ଅଧିକାରୀ ବଳରାମ ନାୟକ, ବନପାଳ ନିରଞ୍ଜନ ସାରକା, ରାଜେଶ କୁମାର ସେଠି, ବନପାଳ, ସଞ୍ଜୟ କୁମାର ପରିଡ଼ା, ଗାର୍ଡ, ୱାଇଲ୍‌ଡ ଲାଇଫ୍ ପାରାସ୍କ୍ୱାଡ୍‌ର କର୍ମଚାରୀମାନେ ସାମିଲ ଥିଲେ।

### ପ୍ରେମିକାକୁ ଖୁସି କରାଇବାକୁ ମହିଳାଙ୍କୁ ଚୂନ ମାରୁଥିଲା

## ଗିରଫ ହେଲା ଝାଡ଼ଖଣ୍ଡୀ ଧୂର୍ତ୍ତ

- ବିବାହିତ ମହିଳାଙ୍କୁ ପ୍ରେମ ଜାଲରେ ଫସାଇ ଠକୁଥିଲା ଟଙ୍କା, ଅଳଙ୍କାର
- କାର୍, ବାଇକ୍, ମୋବାଇଲ ସହ ୧୦୭ ଗ୍ରାମ ସୁନା ଜବତ



ବାରିପଦା, ୨୦।୭ (ସମିସ): ପ୍ରେମିକାକୁ ଖୁସି କରିବା ପାଇଁ ବିବାହିତ ମହିଳାଙ୍କୁ ପ୍ରେମଜାଲରେ ଫସାଇ ଠକୁଥିବା ଝାଡ଼ଖଣ୍ଡର ଜଣେ ଧୂର୍ତ୍ତକୁ ଭଞ୍ଜପୁର ପୁଲିସ ଗିରଫ କରିଛି। ସେ ହେଲା, ଝାଡ଼ଖଣ୍ଡର ବାହଡ଼ାଗୋଡ଼ା ଥାନା ଅଧୀନ ମୌଦା ଗ୍ରାମର ଶମ୍ଭୁନାଥ ବେରା ଓରଫ ସିମରନ(୨୭)। ଭଞ୍ଜପୁର ଥାନା ଅଞ୍ଚଳର ଜଣେ ବିବାହିତ ମହିଳାଙ୍କ ସହ ସିମରନ ଇନଷ୍ଟାଗ୍ରାମରେ ବନ୍ଧୁତା ସୃଷ୍ଟି କରିଥିଲା। ପରେ ତାଙ୍କ ହ୍ୱାଟ୍ସଆପ ନମ୍ବର ନେଇ ଚାଟିଂ କରି ପ୍ରେମ ଜାଲରେ ଫସାଇଥିଲେ। କିଛି ଦିନର ସମ୍ପର୍କ ପରେ ବିଭିନ୍ନ ବାହାନାରେ ପର୍ଯ୍ୟାୟକ୍ରମେ ଟଙ୍କା ମାଗୁଥିଲା। ମହିଳାଜଣଙ୍କ ଟଙ୍କା ଦେଉଥିବାରୁ ସିମରନ୍‌ର ଲୋଭ ବଢ଼ିଥିଲା। ତେଣୁ ବଡ଼ ହାତ ମାରିବାକୁ ସେ ନୂଆ ଫନ୍ଦି ବାହାର କରିଥିଲା। ମାଆଙ୍କ ସ୍ୱାସ୍ଥ୍ୟବସ୍ଥା ଗୁରୁତର ଥିବା କହି ଚିକିତ୍ସା ପାଇଁ ୧୦ଲକ୍ଷ ଟଙ୍କା ମାଗିଥିଲା। କିନ୍ତୁ ମହିଳାଙ୍କ ପାଖରେ ଏତେ ଟଙ୍କା ନଥିବାରୁ ସେ ତାକୁ ୧୫ଲକ୍ଷ ଟଙ୍କାରୁ ଊର୍ଦ୍ଧ୍ୱ ସୁନାଗହଣା ଦେଇ ଦେଇଥିଲେ। କିନ୍ତୁ ଏହା ପରଠାରୁ ସିମରନ୍ ଆଉ ଧରାଛୁଆଁ ଦେଉନଥିଲା। ମହିଳାଜଣଙ୍କ ବାରମ୍ବାର ଟଙ୍କା ମାଗିବାରୁ ସେ ତାଙ୍କୁ ବ୍ଲାକମେଲ କରିବା ଆରମ୍ଭ କରିଥିଲା। ବାରମ୍ବାର ତାଙ୍କୁ ଯୌନ ନିର୍ଯାତନା ଦେବା ସହ ଏନେଇ କାହାକୁ ଜଣାଇଲେ ପରିବାରଲୋକଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଶେଷରେ ମହିଳାଜଣଙ୍କ ସାହସ ଜୁଟାଇ ପୁଲିସର ଦ୍ୱାରସ୍ଥ ହୋଇଥିଲେ।

ପୁଲିସ୍ ସୂଚନାନୁଯାୟୀ, ମହିଳାଙ୍କ ପାଖରୁ ନେଇଥିବା ସମସ୍ତ ଗହଣାକୁ ସିମରନ୍ ନିଜ ପ୍ରେମିକା (ବାଙ୍ଗିରିପୋଷିର ଜଣେ ଯୁବତୀ)ଙ୍କୁ ଦେଇଥିଲା। ଉକ୍ତ ଯୁବତୀଙ୍କର ଏକ ବିୟୁଟିପାର୍ଲର୍ ଅଛି। କିଛି ଦିନ ପରେ ଦୁହେଁ ବିବାହ କରିଥା'ନ୍ତେ। ତେବେ, ଯୁବତୀଜଣଙ୍କ ଏହି ଗହଣାକୁ ବଦଳାଇବାକୁ ସୁନା ଦୋକାନକୁ ଯାଇଥିବା ବେଳେ ପୁଲିସ ଖବର ପାଇଥିଲା। ତଦନ୍ତ ପରେ ସବୁ ଘଟଣା ସାମ୍ନାକୁ ଆସିଥିଲା। ତାଙ୍କଠାରୁ ୧୦୭ ଗ୍ରାମ୍ ସୁନା, ୨ଟି ଦାମୀ ସ୍ମାର୍ଟଫୋନ୍, କାର୍, ବାଇକ୍ ଜବତ ହୋଇଛି। ଘଟଣାର ଭଞ୍ଜପୁର ଥାନା ଅଧିକାରୀ ଅଜୟ କୁମାର ଜେନାଙ୍କ ତତ୍ତ୍ୱାବଧାନରେ ଅଧିକ ତଦନ୍ତ ଜାରି ରହିଛି।

## ବନ୍ୟାପାଣିରେ ଭାସି ବୋଲବମ୍ ଭକ୍ତ ମୃତ



ରାଜକନିକା,୨୦।୭(ସମିସ): ରାଜକନିକା ଥାନା ଅନ୍ତର୍ଗତ ବରାଡ଼ିଆ ପଞ୍ଚାୟତର ମଧୁପଡ଼ା ଗ୍ରାମରେ ଏକ ଦୁଃଖଦ ଘଟଣା ଘଟିଛି। ମହାଦେବଙ୍କୁ ଜଳାଭିଷେକ ପାଇଁ ପାଣି ଉଠାଉଥିବା ବେଳେ ଜଣେ ବୋଲବମ୍ ଭକ୍ତ ବନ୍ୟାଜଳରେ ଭାସି ପ୍ରାଣ ହରାଇଛନ୍ତି। ସେ ହେଲେ, ମଧୁପଡ଼ା ଗ୍ରାମର ସୁଦର୍ଶନ ମଲିକଙ୍କ ପୁଅ ଆଲୋକ ମଲିକ (୧୬)। ରବିବାର ଗାଁ ପିଲାଙ୍କ ସହ ମିଶି ସେ ଆଖଣ୍ଡଳମଣିଙ୍କୁ ଜଳାଭିଷେକ କରିବାକୁ ବାହାରିଥିଲେ। ମଧ୍ୟାହ୍ନରେ ସେ ମନ୍ତପଡ଼ା ପୋଲ ନିକଟରେ ବିଧିପୂର୍ବକ ପୂଜାପାଠ କରି ପାଣି ଉଠାଇବାକୁ ବୈତରଣୀ କୂଳ ନାଳ ଭିତରକୁ ପଶିଥିଲେ। ନଦୀରେ ବନ୍ୟା କାରଣରୁ ପାଣିର ପ୍ରଖର ସୁଅରେ ଆଲୋକ ଭାସି ଯାଇଥିଲେ। ନିକଟରେ ଥିବା ଅନ୍ୟ ବୋଲବମ୍ ସାଥୀ ତାଙ୍କୁ ଉଦ୍ଧାର କରି ରାଜକନିକା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ରାଜକନିକା ପୁଲିସ ପହଞ୍ଚି ମୃତଦେହକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।






### 'ବଳଙ୍ଗା' ଘଟଣାକୁ ନେଇ ତେଜିଲା ରାଜନୀତି

## ଉପମୁଖ୍ୟମନ୍ତ୍ରୀଙ୍କୁ ବିଜେପି ମୁଖପାତ୍ରଙ୍କ ନିଶାଣ

### ଆମେ ଥିଲେ ଏପରି ଘଟଣା ଘଟି ନ ଥାନ୍ତା: ସମୀର

ପୁରୀ,୨୦।୭(ସମିସ): ରାଜ୍ୟରେ ଅରାଜକତାକୁ ନେଇ ଓଡ଼ିଶାବାସୀ ଅତିଷ୍ଠ। କେବଳ ରାଜ୍ୟବାସୀ ନୁହନ୍ତି, ରାଜ୍ୟର ଆଇନଶୃଙ୍ଖଳା ସ୍ଥିତିକୁ ନେଇ ଲୋକଙ୍କ ସମାଲୋଚନା ଓ ଆକ୍ଷେପର ଶିକାର ବିଜେପି ନେତାମାନେ ମଧ୍ୟ ଅତିଷ୍ଠ । ବାଲେଶ୍ୱର ଏଫ୍‌ଏମ୍ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ଆତ୍ମଦାହ ଘଟଣାରେ ବିଜେପିର ଛାତ୍ର ସଙ୍ଗଠନ ଏବିଭିପି ରାଜ୍ୟ ଉଚ୍ଚଶିକ୍ଷାମନ୍ତ୍ରୀଙ୍କ ଇସ୍ତଫା ଦାବି କରିଥିବାବେଳେ ଦଳର ମୁଖପାତ୍ର ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣାରେ ଉପମୁଖ୍ୟମନ୍ତ୍ରୀଙ୍କୁ ନିଶାଣ କରିଛନ୍ତି । ଆମେ (?) କ୍ଷମତାରେ ଥିଲେ ଏପରି ଘଟଣା କେବେ ଘଟି ନ ଥା।ନ୍ତା ବୋଲି ପୂର୍ବତନ ମନ୍ତ୍ରୀ ତଥା ବିଜେପି ମୁଖପାତ୍ର ସମୀର ଦାଶ ଉଲ୍ଲେଖ କରି ଖୋଦ୍ ଉପମୁଖ୍ୟମନ୍ତ୍ରୀ ତଥା ମହିଳା ଓ ଶିଶୁକଲ୍ୟାଣ ବିଭାଗ ମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କୁ ନିଶାଣ କରିଛନ୍ତି । ଯାହାକୁ ନେଇ ସ୍ଥାନୀୟ ରାଜନୀତି ସରଗରମ ହୋଇଛି ଓ ରାଜ୍ୟ ବିଜେପିରେ କମ୍ପନ ସୃଷ୍ଟି କରିଛି ।

ନିମାପଡ଼ା ନିର୍ବାଚନମଣ୍ଡଳୀ ଅଞ୍ଚଳରେ ଜଣେ ନାବାଳିକାଙ୍କୁ ସ୍ପଷ୍ଟ ଦିବାଲୋକରେ ଜୀଅନ୍ତା ଜାଳିଦେବାକୁ ଉଦ୍ୟମ ହୋଇଛି। ୩ ଜଣ ଦୁର୍ବୃତ୍ତ ନାବାଳିକାଙ୍କ ଦେହରେ ନିଆଁ ଲଗାଇ ଦେଇଥିବାବେଳେ ସୌଭାଗ୍ୟବଶତଃ ସେ ଜୀବନ ବଞ୍ଚାଇ ପାରିଥିଲେ ହେଁ ଏବେ ବି ତାଙ୍କ ସ୍ୱାସ୍ଥ୍ୟବସ୍ଥା ସଙ୍କଟାପନ୍ନ ରହିଛି। ତାଙ୍କ ଶରୀରର ୭୦ରୁ ୭୫ ପ୍ରତିଶତ ପୋଡ଼ି ଯାଇଛି। ଗଞ୍ଜାମ ଗୋପାଳପୁରରେ ଜଣେ ଯୁବତୀଙ୍କୁ ଗଣଦୁଷ୍କର୍ମ, ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀ ସୌମ୍ୟାଶ୍ରୀ ବିଶି ନ୍ୟାୟ ମାଗି ଶେଷରେ ଜୀବନ ହାରିବା ଘଟଣା ଥମି ନ ଥିବାବେଳେ ଏବେ ପୁରୀ ଜିଲ୍ଲା ନିମାପଡ଼ା ନିର୍ବାଚନମଣ୍ଡଳୀ ଅନ୍ତର୍ଗତ ବଳଙ୍ଗା ଅଞ୍ଚଳରେ ଏହି ଲଜ୍ଜାଜନକ ଘଟଣାକୁ ନେଇ ରାଜ୍ୟ ରାଜନୀତି ସରଗରମ ହୋଇଛି ଓ ଆଇନଶୃଙ୍ଖଳା ବ୍ୟବସ୍ଥା ଉପରେ ପ୍ରଶ୍ନଚିହ୍ନ ଆଙ୍କିଛି। ଖୋଦ୍ ଉପମୁଖ୍ୟମନ୍ତ୍ରୀଙ୍କ ଅଞ୍ଚଳରେ ଯଦି ନାବାଳିକାଙ୍କୁ ଜିଅନ୍ତା ଜାଳିଦେବାକୁ ଦୁର୍ବୃତ୍ତ ଭୟ କରୁନାହାନ୍ତି ତେବେ ଆଇନ ଶୃଙ୍ଖଳାର ସ୍ଥିତି କ'ଣ ତାହା ଜଳଜଳ ଦିଶୁଛି ବୋଲି ବିରୋଧୀ ଅଭିଯୋଗ କରିଛନ୍ତି । ତେବେ ଏଭଳି ସ୍ଥିତିରେ ବିଜେପି ମୁଖପାତ୍ର ତଥା ପୂର୍ବତନ ମନ୍ତ୍ରୀ ସମୀର ଦାଶ ପୁଣି ଉପମୁଖ୍ୟମନ୍ତ୍ରୀଙ୍କୁ ନିଶାଣ କରିଛନ୍ତି ।

ସେ କହିଛନ୍ତି ଯେ ଆମ ଅଞ୍ଚଳରେ ଏମିତି ଅପରାଧ ହୁଏନି। ବଳଙ୍ଗାରେ ଯାହା ଘଟିଲା ସେଥିପାଇଁ ମୋ ମନ କାନ୍ଦୁଛି। ଆମେ ଥିଲେ ଏହିଭଳି ଘଟଣା ଘଟି ନ ଥାନ୍ତା, ଏହି କଥା ବାରମ୍ବାର ମୋ ମନକୁ ଆଘାତ କରୁଛି। ଏ ଅଞ୍ଚଳରେ ଏଭଳି ଘଟଣା କେହି କେବେ ଚିନ୍ତା କରି ନ ଥିବାବେଳେ ଆଜି ତାହା ଘଟିଗଲା। ମୁଁ ୨୦୦୯ ମସିହାରେ ବିଧାୟକ ହେଲି। ଏହା ପୂର୍ବରୁ ଏପରି କେବେ ଘଟଣା ଘଟି ନ ଥିଲା କି ମୋ ସମୟରେ ଏପରି ଘଟଣା ଘଟି ନାହିଁ ବୋଲି ସମୀର ବୁଲେଇବଙ୍କେଇ ଉପମୁଖ୍ୟମନ୍ତ୍ରୀ ତଥା ନିମାପଡ଼ା ବିଧାୟିକା ପ୍ରଭାତୀ ପରିଡ଼ାଙ୍କୁ କଟାକ୍ଷ କରିଛନ୍ତି । ସମୀର କେବଳ ନିମାପଡ଼ାର ଟାଣୁଆ ନେତା ନୁହନ୍ତି, ରାଜ୍ୟ ବିଜେପିର ମୁଖପାତ୍ର ମଧ୍ୟ । ତେଣୁ ପ୍ରଭାତୀ ପରିଡ଼ାଙ୍କ ପାରିବା ପଣିଆ ଉପରେସେ ଉଠାଇଥିବା ପ୍ରଶ୍ନକୁ ସ୍ଥାନୀୟ ରାଜନୈତିକ ବିବାଦର ପରିଣତି ବୋଲି କୁହାଯାଇ ଏଡ଼ାଇ ଦିଆଯାଇ ପାରିବ ନାହିଁ । ପୂର୍ବରୁ ତାଙ୍କ ବିଧାୟକ ସମୟରେ ଦିଆଯାଇଥିବା ଅନୁଦାନରେ ନିର୍ମିତ ପ୍ରକଳ୍ପଗୁଡ଼ିକର ଉଦ୍‌ଘାଟନ ସମୟରେ ସମୀରଙ୍କୁ ଡ଼କା ନ ଯିବା ବିବାଦ ସୃଷ୍ଟି କରିଥିଲା, ଏବେ ବଳଙ୍ଗା ଘଟଣା ଏହି ବିବାଦକୁ ପୂର୍ବତନ ମନ୍ତ୍ରୀଙ୍କର ଏଭଳି ବୟାନ ନିମାପଡ଼ା ଅଞ୍ଚଳରେ ପୁଣି ସମୀର-ପ୍ରଭାତୀ ବିବାଦକୁ ତାଜା କରିଛି।

## ଅବିଭକ୍ତ କୋରାପୁଟ ଜିଲ୍ଲା ଗୃହରକ୍ଷୀ ସଂଘ ବୈଠକ



କୋରାପୁଟ,୨୦।୭ (ସମିସ): ଜୟପୁର ପାୱାରହାଉସ ସମ୍ମିଳନୀ ଗୃହ ଠାରେ ଅବିଭକ୍ତ କୋରାପୁଟ ଜିଲ୍ଲା ଗୃହରକ୍ଷୀ ସଂଗଠନର ପ୍ରଥମ ବୈଠକ ଅନୁଷ୍ଠିତ ହୋଇ ନୂତନ କର୍ମକର୍ତ୍ତା ମନୋନୀତ କରାଯାଇଥିବା ଜଣାପଡିଛି। ନିର୍ମଳ ବାଘଙ୍କୁ ସଭାପତି ଭାବେ ମନୋନୀତ କରାଯାଇଥିବା ବେଳେ ସଂପାଦକ ଭାବେ କୃଷ୍ଣ ଖିଲଙ୍କୁ ମନୋନୀତ ହୋଇଛନ୍ତି। ଅନ୍ୟ କର୍ମକର୍ତ୍ତାମାନେ ହେଲେ ଗୌରୀ ଜେନା,ଉପସଭାପତି,ତ୍ରିନାଥ ନାୟକ. ଯୁଗ୍ମ ସମ୍ପାଦକ, ତପନ ରଥ, କୋଷାଧ୍ୟକ୍ଷ ଏବଂ ମହେନ୍ଦ୍ର ବିଶୋଇ, ଯୁଗ୍ମ କୋଷାଧ୍ୟକ୍ଷ । ଆଇନଜୀବୀ ମୋତି ରଞ୍ଜନ ବେହେରାଙ୍କୁ ଆଇନ ଉପଦେଷ୍ଟା ଭାବେ ମନୋନୀତ କରାଯାଇଥିବା ଜଣାପଡିଛି। ଏହି କାର୍ଯ୍ୟକ୍ରମରେ ପୂର୍ଣ୍ଣଚନ୍ଦ୍ର ପାଇକ ଓ ଅର୍ଜୁନ ନାୟକ ଯୋଗଦେଇ ପରିଚାଳନା କରିଥିଲେ।

### କୌଳିକ ବୃତ୍ତି ବଞ୍ଚାଇ ରଖିଛନ୍ତି ମେଦ୍ରୀସାହି ବାସିନ୍ଦା

# ରୋଜଗାର ଯୋଗାଉଛି ବାଉଁଶ ସାମଗ୍ରୀ



ମାଲକାନଗିରି, ୨୦।୭ (ସମିସ): ଯୁଗ ଥିଲା ଲୋକେ ଜଙ୍ଗଲରୁ କାଠ ବାଉଁଶ ସଂଗ୍ରହ କରି ନିଜର ଜୀବନ ଜୀବିକା ନିର୍ବାହ କରୁଥିଲେ। ଏପରିକି ଏହି ସାମଗ୍ରୀ ସବୁ ଲୋକଙ୍କ ଘର କରଣା ଉପକରଣ ଓ ଗୃହ ନିର୍ମାଣ ସହ ଅନ୍ୟାନ୍ୟ ସମୟରେ ନିତ୍ୟ ବ୍ୟବାହରରେ ଲଗାଉଥିଲେ। ବର୍ତ୍ତମାନ କିନ୍ତୁ ଯୁଗ ବଦଳିଛି। ପ୍ଲାଷ୍ଟିକ ଓ ଲୁହା ସାମଗ୍ରୀ ଏହି ଜଙ୍ଗଲ ଜାତ କାଠ ବାଉଁଶର ସ୍ଥାନ ନେବାରେ ଲାଗିଛି। ବାଉଁଶରୁ ସାମଗ୍ରୀ ତିଆରି ବୃତ୍ତି ଲୋକଙ୍କୁ ପୂବରୁ ଭଲ ରୋଜଗାର ଯୋଗାଇ ଆସୁଥିବା ବେଳେ ବର୍ତ୍ତମାନ କିନ୍ତୁ ଏହାର ଚାହିଦା କମୁଥିବାରୁ ଅନେକ ଏହି ବୃତ୍ତିକୁ ଛାଡି ଦେଇଛନ୍ତି। ଏହାରି ମଧ୍ୟରେ କିଛି ପରିବାର ଆଜି ବି ଏହାକୁ ନିଜର କୌଳିକ ବୃତ୍ତି ଭାବେ ବଞ୍ଚାଇ ରଖିଥିବା ସହ ଲୋକଙ୍କ ବାଉଁଶ ସାମଗ୍ରୀର ଆବଶ୍ୟକତାକୁ ପୂରଣ କରୁଥିଲେ। ହେଲେ ଏହି ବୃତ୍ତିରେ ପୂର୍ବପରି ଆଉ ବିଶେଷ ରୋଜଗାର ନଥିବା ଏବଂ ବାଉଁଶ ମିଳିବା ମଧ୍ୟ କଷ୍ଟକର ହୋଇ ପଡିଥିବା କହିଛନ୍ତି। ଏହି ବାଉଁଶ ବୃତ୍ତିକୁ ବଞ୍ଚାଇ ରଖିଥିବା କିଛି ପରିବାର ମାଲକାନଗିରି ସହରରେ ରହିଥିବା ଜାତୀୟ ରାଜପଥ ମେଦ୍ରୀ ସାହିରେ ରହି ଆଜି ମଧ୍ୟ ଏହାକୁ ନିଜର ମୁଖ୍ୟ ବୃତ୍ତି ଭାବେ କାର୍ଯ୍ୟ କରି ଆସୁଛନ୍ତି। ଦୀର୍ଘ ୫୦ ବର୍ଷରୁ ଅଧିକ ସମୟ ଧରି ପ୍ରାୟ ୨୨ଟି ମେଦ୍ରୀ ସଂପ୍ରଦାୟର ପରିବାର ଏଠାରେ ବସବାସ କରୁଥିବା ସହ ନିଜର କୌଳିକ ବୃତ୍ତି ବାଉଁଶରେ ବିଭିନ୍ନ ସାମଗ୍ରୀ ପ୍ରସ୍ତୁତ କରି ନିଜ ପରିବାର ପ୍ରତିପୋଷଣ କରିଆସୁଛନ୍ତି। ଏମାନେ ପୂର୍ବରୁ ସହଜରେ ବାଉଁଶ ପାଉଥିବା ବେଳେ ବର୍ତ୍ତମାନ ଗାଁକୁ ଗାଁ ବୁଲି କିମ୍ବା ଆଖପାଖ ଅଞ୍ଚଳରେ ଥିବା ବାଉଁଶ ଗଛକୁ କିଣିଥାନ୍ତି। ପରେ ପରିବାର ଲୋକ ମିଶି ବାଉଁଶ ଗଛକୁ ଛୋଟ ଛୋଟ ଆକାରରେ କାଟି କୌଶଳକ୍ରମେ ଛୋଟ ବଡ଼ କଟା ବାଉଁଶରେ ବିଭିନ୍ନ ପ୍ରକାର ସାମଗ୍ରୀ, ଯଥା ପାଛିଆ, ଡାଲା, ଚାଞ୍ଚ, ଧାନ, ଚାଉଳ ରଖିବା ପାଇଁ ବଡ଼ ବଡ଼ ଡଲି ପ୍ରସ୍ତୁତ କରି ନିକଟସ୍ଥ ବଜାରରେ ବିକ୍ରି କରି ରୋଜଗାର କରିଥାନ୍ତି। ବିଶେଷ କରି ବର୍ଷକର ଧାନକୁ ସୁରକ୍ଷିତ ରଖିବା ପାଇଁ ବାଉଁଶରେ ତିଆରି ପାଲ, କୃଷିଜାତୀୟ ଦ୍ରବ୍ୟ ସାଇତି ରଖିବା ପାଇଁ ଟପଲି, କୁଲା ଭଳି ବାଉଁଶ ସାମଗ୍ରୀ ତିଆରି କରିଥାନ୍ତି। ସେହିପରି ମାଛ ଧରିବା ପାଇଁ ବିସର, ଦାନ୍ଦର, ଥାପା ଏବଂ ଘରେ ବ୍ୟବହାର ପାଇଁ ଝାଡୁ, ଛପା ଭଳି ସାମଗ୍ରୀ ବଜାରରେ ବିକ୍ରି କରୁଛନ୍ତି। ବର୍ତ୍ତମାନ ଏହି ପରିବାର ପାଇଁ ବଡ ସମସ୍ୟା ବାଉଁଶ। ବ ବାଉଁଶ ଠିକ ଭାବେ ମିଳୁନାହିଁ ବୋଲି ସେମାନେ ପ୍ରକାଶ କରିଛନ୍ତି। ଗୋଟିଏ ବାଉଁଶର ମୂଲ୍ୟ ୨୦୦ଟଙ୍କାରେ କିଣିବାକୁ ପଡୁଛି। ମହରଗ ବେଳେ ବହୁ କଷ୍ଟରେ ବାଉଁଶ ସାମଗ୍ରୀ ନିର୍ମାଣ କରି ପରିବାର ଚଳାଉଛନ୍ତି ବୋଲି ମେଦ୍ରୀ ସାହିର ବୃଦ୍ଧ କେ.ସୋମେଶ, କେ ପାପା ରାଓ, ଜି ଚିନ୍ନା, କେ.ଅରୁଣା, କେ ସୁରି ପ୍ରମୁଖ ପ୍ରକାଶ କରିଛନ୍ତି। ଏହି ମେଦ୍ରୀ ସାହିର ୨୨ଟି ପରିବାର ବିନା ସରକାରୀ ସାହାଯ୍ୟରେ ନିଜ କୌଳିକ ବୃତ୍ତିକୁ ବଞ୍ଚାଇ ରଖିଛନ୍ତି। ନାନା ସମସ୍ୟା ମଧ୍ୟରେ ଚଳି ଆସୁଥିବା ଏହି ପରିବାରଙ୍କୁ ସରକାରଙ୍କ ପକ୍ଷରୁ କେବଳ ରାସନ କାର୍ଡ ଛାଡି ଦେଲେ, ଅନ୍ୟ କିଛି ବିଶେଷ ସୁବିଧା ସୁଯୋଗ ମିଳୁନାହିଁ ବୋଲି ଅଭିଯୋଗ କରିଛନ୍ତି। ଆବାସ ଗୃହ, ଘରବାରି ପଟା ନଥିବାରୁ ଋଣ କିମ୍ବା ଅନ୍ୟାନ୍ୟ ସରକାରୀ ଯୋଜନାରେ ସାମିଲ ହୋଇପାରୁ ନାହାନ୍ତି ବୋଲି ସେମାନେ ପ୍ରକାଶ କରିଛନ୍ତି। ଏହି କୌଳିକ ବୃତ୍ତିକୁ ବଞ୍ଚାଇ ରଖିବା ପାଇଁ ସରକାରୀ ସ୍ତରରେ ପ୍ରୋତ୍ସାହନର ଆବଶ୍ୟକତା ରହିଥିବା ବୁଦ୍ଧିଜୀବୀ ମାନେ ପ୍ରକାଶ କରିଛନ୍ତି।

## କାର୍ ଦୁର୍ଘଟଣାରେ ମୃତକଙ୍କ ପରିବାରକୁ ମୁଖ୍ୟମନ୍ତ୍ରୀଙ୍କ ଅନୁକମ୍ପା ରାଶି ଘୋଷଣା

କୋରାପୁଟ,୨୦।୭ (ସମିସ): ଶନିବାର ବିଳମ୍ବିତ ରାତିରେ ସୁନାବେଡା ଟିଟିଏସ ମୁଖ୍ୟ ଗେଟ୍ ନିକଟରେ ଘଟିଥିବା କାର ଦୁର୍ଘଟଣାରେ ମୃତ ଯୁବକ ମାନଙ୍କ ପରିବାର ପ୍ରତ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସମବେଦନା ଜଣାଇବା ସହ ଅନୁକମ୍ପା ସହାୟତା ରାଶି ଘୋଷଣା କରିଛନ୍ତି। ମୃତକଙ୍କ ପରିବାରକୁ ମୁଖ୍ୟମନ୍ତ୍ରୀ ରିଲିଫ ପାଣ୍ଠିରୁ ୪ ଲକ୍ଷ ଟଙ୍କା ଲେଖାଏଁ ସହାୟତା ପ୍ରଦାନ ସହ ଆହତଙ୍କ ସମସ୍ତ ଚିକିତ୍ସା ଖର୍ଚ୍ଚ ରାଜ୍ୟ ସରକାର ବହନ କରିବା ନେଇ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେଇଥିବା ଜଣାପଡିଛି।

## ସତ୍ୟସାଇ ସେବା ସମିତିର ରକ୍ତଦାନ ଶିବିର



ସେମିଳିଗୁଡ଼ା,୨୦।୭ (ସମିସ): କୋରାପୁଟ ଜିଲ୍ଲାର ସେମିଳିଗୁଡା ସତ୍ୟସାଇ ସେବା ସମିତିର ସଦସ୍ୟମାନେ ସତ୍ୟସାଇ ବାବାଙ୍କ ଶତ ବାର୍ଷିକୀ ଉପଲକ୍ଷେ ପ୍ରେମ ସଂଜୀବନୀ ରକ୍ତଦାନ ଶିବିରର ଆୟୋଜନ କରିଥିଲେ। ଏହି ଶିବିରରେ ଜିଲ୍ଲା ସଭାପତି ମାର୍କଣ୍ଡେୟ ସରାଫ ଯୋଗଦେଇ ରକ୍ତଦାତାଙ୍କୁ ଉତ୍ସାହିତ କରିଥିଲେ। ଏମ.ମହାଦେବ କୁମାର ଏହାର ଆବାହକ ଥିଲେ। ସେବାଦଳର ସମସ୍ତ ଭାଇ ଓ ଭଉଣୀ, ସାଇ ଭକ୍ତ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ। ମୋଟ ୫୬ ୟୁନିଟ ରକ୍ତ ସଂଗ୍ରହ ହୋଇଥିଲା। ୩ ସାଇ ପରିବାର ଦମ୍ପତି ରକ୍ତଦାନ କରିଥିଲେ। ସେମାନେ ହେଲେ ପ୍ରଶାନ୍ତ କୁମାର ସାହୁ ଓ ପିଙ୍କି ସାହୁ,ଏମ.ନରେନ୍ଦ୍ର କୁମାର ଓ ଏମ.ସ୍ୱର୍ଣ୍ଣ, ଏମ.ରାଜେଶ ଓ ଏମ.ଶିବାନୀ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ରକ୍ତଦାତା ଏବଂ ପ୍ରବର୍ତ୍ତକ ଫୋରମ୍ ସଭାପତି ଜି.ସଂଜୀବ କୁମାର, ସାଧାରଣ ସମ୍ପାଦକ ଶେଖ ଇବ୍ରାହିମ , ସମାଜସେବୀ ଡକ୍ଟର ଚିତ୍ତରଞ୍ଜନ ମିଶ୍ର, ସ୍ନିଗ୍ଧାରାଣୀ ମିଶ୍ର, ବିଜୟ ସାହୁ, ଉମାଶଙ୍କର ପାତ୍ର, ନରେଶ ସାହୁ ,ଚିନ୍ତାମଣି ପୃଷ୍ଟି, ଆନନ୍ଦ ମୌଳୀ ପଟ୍ଟନାୟକ ପ୍ରମୁଖ ସହଯୋଗ କରିଥିଲେ। କୋରାପୁଟ ସହିଦ ଲକ୍ଷ୍ମଣ ନାୟକ ଭେଷଜ ମହାବିଦ୍ୟାଳୟର ରକ୍ତ କେନ୍ଦ୍ରର ରଞ୍ଜିତ ସାହୁ ଓ ଅନ୍ୟ କର୍ମଚାରୀ ରକ୍ତ ସଂଗ୍ରହ କରିଥିଲେ।

### ● ପାଣି ନିଷ୍କାସନରେ ଅବ୍ୟବସ୍ଥା

## ଘରେ ଜମୁଛି ଆଣ୍ଠୁଏ ଉଚ୍ଚର ପାଣି

### ଦଦରା ଘରେ ମୁଣ୍ଡ ଗୁଞ୍ଜିଛନ୍ତି ଏକାଧିକ ପରିବାର

ତେନ୍ତୁଲିଖୁଣ୍ଟି ୨୦।୭ (ସମିସ)

ନବରଙ୍ଗପୁର ଜିଲ୍ଲା ତେନ୍ତୁଲିଖୁଣ୍ଟି ବ୍ଲକ ଖାତିଗୁଡା ବଜାର ମଝି ବସ୍ତି ବାସିନ୍ଦାଙ୍କ ଦୁର୍ଦ୍ଦଶା ବଢ଼ାଉଛି ବର୍ଷା ଜଳ। ଡ୍ରେନେଜ ସଫେଇ ପ୍ରତି ପ୍ରଶାସନର ଅଣଦେଖା ପାଇଁ ବସ୍ତିବାସିନ୍ଦାଙ୍କ ଘରେ ପଶୁଛି ବର୍ଷା ପାଣି। ଯାହାକୁ ନେଇ ବସ୍ତିବାସିନ୍ଦାଙ୍କ ଜୀବନଯାପନ କଷ୍ଟକର ହୋଇପଡୁଛି। ଖାଲି ସେତିକି ନୁହେଁ, ସରକାର ପ୍ରତି ପରିବାର ମୁଣ୍ଡରେ ପକ୍କା ଘର ଯୋଗାଇ ଦେବା ପାଇଁ ଦେଉଥିବା ନାରା ଏହି ବସ୍ତିରେ ରହୁଥିବା ଏକାଧିକ ପରିବାର ପାଇଁ କେବଳ ଘୋଷଣାରେ ସୀମିତ ହୋଇଛି। ମାଟି ଘରେ ବର୍ଷା ପାଣି ପ୍ରବେଶ ପାଇଁ ଘର କାନ୍ଥ ଫାଟି ଆଁ କରିଥିବା ବେଳେ ବିପଦପୂର୍ଣ୍ଣ ଭାବରେ ଦଦରା ଘରେ ମୁଣ୍ଡ ଗୁଞ୍ଜିଛନ୍ତି ଅଇତା ହରିଜନଙ୍କ ପରିବାର। ସେହିଭଳି ଗୀତା ହରିଜନ, ବିଲକିସ ବାନୁ, ବିମଳା ହରିଜନଙ୍କ ପରିବାର ମଧ୍ୟ ବର୍ଷା ହେଲେ ଦୁର୍ଦ୍ଦଶା ଭୋଗୁଛନ୍ତି। ଏମାନଙ୍କ ପାଇଁ ପକ୍କା ଘର ନିତ୍ୟାନ୍ତ ଆବଶ୍ୟକ ହୋଇଥିବା ବେଳେ ବର୍ତ୍ତମାନ ସୁଦ୍ଧା ଆବାସ ଖଣ୍ଡେ ସାତ ସପନ ହୋଇଛି। ବର୍ଷା ସମୟରେ ଘରୁ ବାହାରିବାକୁ ହେଲେ ଆଣ୍ଠୁଏ ଉଚ୍ଚର ପାଣି ଦେଇ ବାହାରିବାକୁ ପଡୁଛି । ଘରେ ପାଣି ଜମିଯାଉଥିବାରୁ ରୋଷେଇ କରି ନପାରି ଭୋକ ଉପାସରେ ରାତି କାଟୁଥିବା କହିଛନ୍ତି ବସ୍ତି ବାସିନ୍ଦା। ଘରେ ଏବଂ ବାହାରେ ବର୍ଷା ପାଣି ଜମି ରହୁଥିବାରୁ ଲୋକେ ସ୍ୱାସ୍ଥ୍ୟଗତ ସମସ୍ୟା ଭୋଗୁଥିବା ଅଭିଯୋଗ ହେଉଛି। ଏନେଇ ନିର୍ବାଚିତ ଲୋକ ପ୍ରତିନିଧିଙ୍କ ଠାରୁ ଆରମ୍ଭ କରି ସରକାରୀ ବାବୁମାନଙ୍କ ନିକଟରେ ଗୁହାରି କଲେ ସୁଦ୍ଧା କେହି କର୍ଣ୍ଣପାତ କରୁନଥିବା ଅଭିଯୋଗ କରି ଅସନ୍ତୋଷ ପ୍ରକାଶ କରିଛନ୍ତି ବସ୍ତି ବାସିନ୍ଦା। ଉଭୟ ବ୍ଲକ ଓ ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ଲୋକଙ୍କ ଜୀବନଯାପନ ସ୍ୱାଭାବିକ କରିବା ପାଇଁ ଦାବି ହେଉଛି।




## ଆଧାର କାର୍ଡ ନଥିବାରୁ ଉଚ୍ଚଶିକ୍ଷାରୁ ବଞ୍ଚିତ ଦୁଇ ଭଉଣୀ



ପୋଡ଼ାଗଡ ୨୦।୭ (ସମିସ): କୋରାପୁଟ ଜିଲ୍ଲା ସଦର ବ୍ଲକ ଅନ୍ତର୍ଗତ ମାସ୍ତିପୁଟ ପଞ୍ଚାୟତର ବଙ୍ଗଳଗୁଡ଼ା ଗ୍ରାମରେ ଆଧାର କାର୍ଡ ନଥିବାରୁ ଦୁଇ ଭଉଣୀ ଉଚ୍ଚଶିକ୍ଷାରୁ ବଞ୍ଚିତ ହୋଇଥିବା ଅଭିଯୋଗ ହୋଇଛି। ଗ୍ରାମର ଦିଲ୍ଲିପ ଖୋସ୍ଲା ବଡ଼ ଝିଅ ସସ୍ମିତା ଖୋସଲା ବୟସ(୧୬ )ଦେବୀ ଘାଟ ଉଚ୍ଚ ବିଦ୍ୟାଳୟରୁ୨୦୨୪ ଦଶମ ଶ୍ରେଣୀ ବୋର୍ଡ ପରୀକ୍ଷାରେ ପାସ କରି ଥିଲେ। ଉଚ୍ଚ ଶିକ୍ଷା ପାଇଁ ଇଚ୍ଛା ଥିଲେ ମଧ୍ୟ ଆଧାର କାର୍ଡ ନଥିବାରୁ କଲେଜରେ ଯୋଗ ଦେଇପାରିନାହିଁ। ସାନ ଝିଅ ଲୋଭଲି ଖୋସଲା ବୟସ (୧୪) ଲେନ୍ଦ୍ରୀମାଲିଗୁଡ଼ା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଗତ ୨୦୨୪ମସିହାରେ ଅଷ୍ଟମ ଶ୍ରେଣୀରେ ପାସ କରି ଥିଲେ। ଉଚ୍ଚ ନବମ ଶ୍ରେଣୀ ନିମନ୍ତେ ପୋଡ଼ା ଗଡ ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ନାମଲେଖା ପାଇଁ ଯାଇଥିଲେ। କିନ୍ତୁ ଆଧାର କାର୍ଡ ନଥିବାରୁ ନାମଲେଖା ହୋଇ ପାରିନଥିଲା। ବର୍ତ୍ତମାନ ଦୁଇ ଭଉଣୀଙ୍କ ପାଠ ପଢିବା ପାଇଁ ଇଚ୍ଛା ଥିଲେ ସୁଦ୍ଧା ଆଧାର ନଥିବାରୁ ବାଧ ହୋଇ କୁଲିକମ କରିବା ସହ ଘର କାମରେ ମା'ଙ୍କୁ ସାହାଯ୍ୟ କରୁଥିବା ଦେଖାଦେଇଛି। ଏହି ବିଷୟରେ ଦୁଇ ଝିଅ ଙ୍କ ବାପା ମା ଙ୍କୁ ଓ ଗ୍ରାମ ବାସୀ ମାନଙ୍କୁ ପଚାରିବାରୁ କହିଛନ୍ତି ଯେ ଥରେ ଆଧାର କାର୍ଡ ପାଇଁ ଫୋଟ ଉଠାଇ ଥିଲେ। କିନ୍ତୁ ଉକ୍ତ କାଗଜ ହଜି ଯାଇଥିବାରୁ ଏବେ ଯେତେ ଥର ଉଠାଇଲେ ମଧ୍ୟ ଆସୁନଥିବା କହୁଛନ୍ତି। ଏନେଇ ଥରେ ଜିଲ୍ଲା ସ୍ତରୀୟ ଅଭିଯୋଗ ଶୁଣାଣି ଶିବିରରେ ଦୃଷ୍ଟି ଆକର୍ଷଣ କରିଥିବା ପରିବାର ବର୍ଗ କହିଛନ୍ତି। ପରିବାର ଗରିବ ହେତୁ ବାରମ୍ବାର ଆଧାର ନିମନ୍ତେ ଯିବା ଆସିବା ପାଇଁ ସକ୍ଷମ ନଥିବା ଦୁଇ ଝିଅଙ୍କ ବାପା କହିଛନ୍ତି। ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଲେ ଦେବାକୁ ଗ୍ରାମବାସୀ ଅନୁରୋଧ କରିଛନ୍ତି।















ବୈପାରୀଗୁଡା ତହସିଲ କାର୍ଯ୍ୟାଳୟ

HELPLINE NUMBERS OF EMERGENCY CONTROL ROOM OF DIFFERENT OFFICES OF KORAPUT DISTRICT

A Helpline Numbers of District Emergency Operation Centre (DEOC), Collectorate, Koraput

1. Toll Free No. : 1077
2. Land Line No. : 06852-251101

B Helpline Numbers of Emergency Control Room of Different Blocks, Tahasils & ULBs:

| Sl. No. | Name of the Block /Tahasil/ULB | Emergency Control Room Number of ... | | |
|---|---|---|---|---|
| | | Block | Tahasil | ULB |
| 1 | Baipariguda | 7894838281 | 06854249420 / 9437779898 | |
| 2 | Bandhugaon | 9926200149 | 7978083213 | |
| 3 | Boriguma | 8455976010 / 8260734458 | 8917340487 | |
| 4 | Dasmantpur | 8658687700 | 9438313528 | |
| 5 | Jeypore | 8895430640 | 9437590184 | 7978288349 |
| 6 | Koraput | 06852-250304/9437868677 | 6852359038 | 8018008168 |
| 7 | Kotpad | 06860-210559 | 06860283032 / 9437370722 | |
| 8 | Kundra | 9438420095 / 9439191217 | 7750057854 | |
| 9 | Lamtaput | 7894307949 / 8280408477 | 7008809931 / 7681021436 | |
| 10 | Laxmipur | 8337110574 | 9438104008 | |
| 11 | Nandapur | 8280408480 | 9438136635 | |
| 12 | Narayanpatna | 7008802485 | 9439318038 | |
| 13 | Pottangi | 8280408480 | 7008153736 | |
| 14 | Semiliguda | 6853358045 | 8837778824 | |
| 15 | Sunabeda | | | 8178994221 |

District Administration, Koraput
@koraputdm






# ବର୍ଣ୍ଣମାଳା ଉଦ୍ୟାନ ଲୋକାର୍ପିତ





କୋଷାଗୁମୁଡା,୨୦।୭ (ସମିସ): ଓଡ଼ଶାରେ ପ୍ରଥମ କରି ନବରଙ୍ଗପୁରରେ ତିଆରି ହୋଇଛି ଓଡ଼ିଆ ବର୍ଣ୍ଣମାଳା ଉଦ୍ୟାନ। ନବରଙ୍ଗପୁର ଜିଲ୍ଲା କୋଷାଗୁମୁଡା ବ୍ଲକର କୋଡ଼ିଗାଁ ବନାଞ୍ଚଳ ଫର୍ଶାଗୁଡାରେ ୨୮ ଏକର କ୍ଷେତ୍ରଫଳରେ ନବ ନିର୍ମିତ ଏ ସୁନ୍ଦର ବର୍ଣ୍ଣମାଳା ଉଦ୍ୟାନ ଆଜି ଉଦ୍‌ଘାଟିତ ହୋଇଛି। ପଞ୍ଚାୟତିରାଜ ମନ୍ତ୍ରୀ ଶ୍ରୀ ରବି ନାରାୟଣ ନାୟକ ମୁଖ୍ୟ ଅତିଥି ଭାବରେ ଯୋଗ ଦେଇ ଏ ସୁନ୍ଦର ଉଦ୍ୟାନକୁ ଉଦଘାଟିତ କରିବା ସହ ଚାରାରୋପଣ କରିଛନ୍ତି। ପଞ୍ଚାୟତରାଜ୍ ମନ୍ତ୍ରୀ ଶ୍ରୀ ନାୟକ ଏହି ବର୍ଣ୍ଣମାଳା ଉଦ୍ୟାନ ମଧ୍ୟରେ ଏକ ଅମୃତ ସରୋବର, ୟୁରିନାଲ ଓ କଟେଜ ନିର୍ମାଣ ପାଇଁ ଘୋଷଣା କରିଛନ୍ତି। ଏହି କାର୍ଯ୍ୟକ୍ରମରେ ବନବିଭାଗର ଏକ ପୁସ୍ତକ ଉନ୍ମୋଚନ ହୋଇଯାଇଛି। ଏହି ଉଦ୍ୟାନ ଓଡ଼ିଆ ଅସ୍ମିତାର ଗୌରବ ବହନ କରିଛି। ଏ ଉଦ୍ୟାନରେ ବର୍ଣ୍ଣମାଳାର ଅ ଠାରୁ ଳ ପର୍ଯ୍ୟନ୍ତ ସମସ୍ତ ଅକ୍ଷରକୁ ନେଇ ଶ୍ରେଣୀ ଶ୍ରେଣୀ କରି ୧୨୦୦ ଚାରା ରୋପଣ ହୋଇଛି। ୬୦ କୋଟିରୁ ଅଧିକ ଟଙ୍କା ବ୍ୟୟରେ ନିର୍ମିତ ଏହି ଉଦ୍ୟାନରେ ରହିଛି ଫଳ ବାଟିକା, ଫୁଲ ବାଟିକା, ଔଷଧ ବାଟିକା, ମସଲା ବାଟିକା ଭଳି ଅନେକ ବିଭାଗ ସମ୍ବନ୍ଧୀୟ ବାଟିକା। ଏହି ଉଦ୍ୟାନର ଅନ୍ୟ ଏକ ବିଶେଷତ୍ୱ ହେଉଛି ଭାରତର ମାନଚିତ୍ର ଏବଂ ମାନଚିତ୍ର ପ୍ରଦେଶ ଅନୁସାରେ ପ୍ରତ୍ୟେକ ପ୍ରଦେଶର ଚାରା ଆଉ ତାର ପରିଚୟ। ଯାହା ନିଶ୍ଚୟ ଭାବରେ ପରିଭ୍ରମଣରେ ଆସିଥିବା ପ୍ରତ୍ୟେକଙ୍କ ଭିତରେ ମାନସିକ ଶାନ୍ତି ପ୍ରଦାନ କରିବା ସହିତ ଜ୍ଞାନ ଓ ଶିକ୍ଷା ଦେବାରେ ସହାୟକ ହେବ। ଓଡ଼ିଆ ଭାଷା ଓ ସାହିତ୍ୟର ପରିଚୟକୁ ବଜାୟ ରଖିବ। ସେଭଳି ଏହି ଉଦ୍ୟାନରେ ବିଦେଶର ବିଭିନ୍ନ ଚାରାରୋପଣ କରାଯାଇଛି। ଆଜିର ଏହି କାର୍ଯ୍ୟକ୍ରମ ବନ ବିଭାଗ ଆନୁକୂଲ୍ୟରେ ରେଞ୍ଜର ପୂର୍ଣ୍ଣଚନ୍ଦ୍ର ନନ୍ଦ, ଫରେଷ୍ଟର ପ୍ରଭାତ ବିଶୋଇ, ଉମାଶଙ୍କର ପାଣିଗ୍ରାହୀ, ରମେଶ ବିଶୋଇ ଓ ତାଙ୍କ ସହକର୍ମୀଙ୍କ ଦ୍ୱାରା ପ୍ରସ୍ତୁତ ହୋଇଥିଲା। ଏହି ପରିପ୍ରେକ୍ଷୀରେ ପଞ୍ଚାୟତିରାଜ୍ ମନ୍ତ୍ରୀ ରବିନାରାୟଣ ନାୟକ, ଶିକ୍ଷାମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ଝରିଗାଁ ବିଧାୟକ ନରସିଂହ ଭତ୍ରା, ନବରଙ୍ଗପୁର ବିଧାୟକ ଗୌରୀ ଶଙ୍କର ମାଝୀ, ପୂର୍ବତନ ସାଂସଦ ପର୍ଶୁରାମ ମାଝୀ, ସାଂସଦ ପ୍ରତିନିଧି କୁଞ୍ଜବିହାରୀ ଦାସ, ସୁରେଶ ପାତ୍ର, ଜିଲ୍ଲାପାଳ ଶୁଭଙ୍କର ମହାପାତ୍ର, ବିଡ଼ିଓ ଆଶିଷ ତ୍ରିପାଠୀ, ଚେୟାରମ୍ୟାନ ସର୍ବେଶ୍ୱରୀ ମାଝୀ, ଭାଇସ ଚେୟାରମ୍ୟାନ ଯୋଗେନ୍ଦ୍ର ସ୍ୱାଇଁ, ଜିପିଡିଓ ଅଜିତ ନନ୍ଦ ,ଏଇ-ଅଶ୍ୱନୀ ପଟନାୟକ, ଏଇ ଅମରେଶ ନାୟକଙ୍କ ସହ ଜିଲ୍ଲାସ୍ତରୀୟ ଓ ବ୍ଲକସ୍ତରୀୟ ବିଭିନ୍ନ ବିଭାଗର ଅଧିକାରୀ, କନିଷ୍ଠ ଯନ୍ତ୍ରୀ, ଦଳୀୟ ବିଜେପି କର୍ମୀ, ସ୍ଥାନୀୟ ଅଞ୍ଚଳର ଶତାଧିକ ଜନସାଧାରଣଙ୍କ ଉପସ୍ଥିତିରେ କାର୍ଯ୍ୟକ୍ରମଟି ସଫଳ ରୂପାୟନ ହୋଇଥିଲା।

## ମହାବିଦ୍ୟାଳୟର ପ୍ରତିଷ୍ଠାତାଙ୍କ ଶ୍ରାଦ୍ଧ ଦିବସରେ ବିଭିନ୍ନ କାର୍ଯ୍ୟକ୍ରମ



ମୁନିଗୁଡା,୨୦।୭ (ସମିସ): ରାୟଗଡ଼ା ଜିଲ୍ଲା ମୁନିଗୁଡା ବ୍ଲକ ଅମ୍ବାଦଳା ସାମନ୍ତ ମହାବିଦ୍ୟାଳୟର ପ୍ରତିଷ୍ଠାତା ସୀମାଞ୍ଚଳ ସାମନ୍ତଙ୍କ ଶ୍ରାଦ୍ଧ ଦିବସ ପାଳିତ ହୋଇଯାଇଛି। ସ୍ୱର୍ଗତ ସାମନ୍ତଙ୍କ ଜ୍ୟେଷ୍ଠ ପୁତ୍ର ରମେଶ ସାମନ୍ତଙ୍କ ଆୟୋଜନରେ ମହାବିଦ୍ୟାଳୟ ପରିସରରେ ବିଭିନ୍ନ ପ୍ରକାର ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ଅଧ୍ୟକ୍ଷ କବିରାଜ ପ୍ରଧାନ ସଭାପତିତ୍ୱ କରିଥିଲେ। ମୁଖ୍ୟ ଅତିଥି ଭାବେ ସ୍ଥାନୀୟ ଥାନା ଅଧିକାରୀ କଳ୍ପନା ବେହେରା ଓ ସମ୍ମାନିତ ଅତିଥି ଭାବେ ସ୍ଥାନୀୟ ଉତ୍କଳ ଗ୍ରାମ୍ୟ ବ୍ୟାଙ୍କ ମ୍ୟାନେଜର ସୁରେଶ ନାୟକ ଯୋଗ ଦେଇଥିଲେ। ନିମନ୍ତ୍ରିତ ଅତିଥି ଭାବେ ସ୍ଥାନୀୟ ବିଜେପି ନେତା ଭିକାରୀ ନାହାକ, ସୀମାଞ୍ଚଳ ପାତ୍ର, ରବିନ୍ଦ୍ର ବିଶ୍ୱାଳ, ବୃନ୍ଦାବନ ମହାନ୍ତି ପ୍ରମୁଖ ଉପସ୍ଥିତ ରହିଥିଲେ। କାର୍ଯ୍ୟକ୍ରମରେ ଛାତ୍ର ଛାତ୍ରୀ ମାନଙ୍କ ମଧ୍ୟରେ ବିଭିନ୍ନ ପ୍ରକାଶ ସାଂସ୍କୃତିକ କାର୍ଯ୍ୟକ୍ରମକୁ ନେଇ ପ୍ରତିଯୋଗିତା ହୋଇଥିଲା। ପ୍ରତିଯୋଗିତାରେ ଭାଗ ନେଇଥିବା ଛାତ୍ର ଛାତ୍ରୀ ମାନଙ୍କୁ ଅତିଥି ମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ସମସ୍ତ ଅତିଥି ଛାତ୍ରଛାତ୍ରୀମାନଙ୍କୁ ଉତ୍ସାହିତ କରିଥିଲେ। କାର୍ଯ୍ୟକ୍ରମରେ ମହାବିଦ୍ୟାଳୟର ସମସ୍ତ ଅଧ୍ୟାପକ ମାନଙ୍କ ସହ ସମସ୍ତ କର୍ମଚାରୀ ଉପସ୍ଥିତ ରହିଥିଲେ। କାର୍ଯ୍ୟକ୍ରମରେ ସ୍ୱର୍ଗତ ସୀମାଞ୍ଚଳ ସାମନ୍ତଙ୍କ ବଡ଼ବୋହୂ ଶର୍ମିଷ୍ଠା ସାମନ୍ତ ଉପସ୍ଥିତ ରହି ସହଯୋଗ କରିଥିଲେ। ଅଧ୍ୟାପକ ତପନ କୁମାର ସାହୁ ମଞ୍ଚ ପରିଚାଳନା କରିଥିଲେ। ଅଧ୍ୟାପକ ମନୋଜ କୁମାର ଦାସ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ସେବକ ଦଳ ପକ୍ଷରୁ ବନମହୋତ୍ସବ



ସୁନାବେଡ଼ା,୨୦।୭ (ସମିସ): ସୁନାବେଡ଼ା ଥାନା ନିକଟରେ ବନାଞ୍ଚଳ ସେବକ ଦଳର ସମ୍ପାଦକ ତ୍ରିଲୋଚନ ବେହେରାଙ୍କ ନେତୃତ୍ୱରେ ୭୬ତମ ବନମହୋତ୍ସବ ପାଳିତ ହୋଇଯାଇଛି। ମୁଖ୍ୟଅତିଥି ଭାବେ ଦିଲ୍ଲୀପ କୁମାର ଜେନା ଯୋଗ ଦେଇଥିଲେ। ସେବକ ଦଳ ପକ୍ଷରୁ ସୁନାବେଡ଼ା ଥାନା ପରିସରରେ ବିଭିନ୍ନ ପ୍ରକାରର ଚାରାରୋପଣ କରାଯାଇଥିଲା। ବୃକ୍ଷର ଉପକାରିତା ବିଷୟରେ ଓ ଏକକ ପ୍ଲାଷ୍ଟିକ ବ୍ୟବହାରର ପାରିଣାମ ବିଷୟରେ ଅତିଥିମାନେ କହିଥିଲେ। ସେବକ ଦଳର ସାଇମନ ସାଗର, ଭୁବନାନନ୍ଦ ମାଝୀ, ହେମନ୍ତ ଓ ଗୋବିନ୍ଦ ପାତ୍ର ଉପସ୍ଥିତ ରହି ସହଯୋଗ କରିଥିଲେ।

ଦୈନିକ ଖବରକାଗଜ
'ସକାଳ' ଜୟପୁର
ସଂସ୍କରଣର ଚତୁର୍ଥ ସ୍ୱନକ୍ଷତ୍ର
ଅବସରରେ ହାର୍ଦ୍ଦିକ
ଅଭିନନ୍ଦନ
ଜୟପୁର ଅବକାରୀ ବିଭାଗ
ଜୟପୁର, (ଜିଲ୍ଲା-କୋରାପୁଟ )

ଦୈନିକ ଖବରକାଗଜ 'ସକାଳ' ଜୟପୁର ସଂସ୍କରଣର ଚତୁର୍ଥ ସ୍ୱନକ୍ଷତ୍ର ଅବସରରେ ହାର୍ଦ୍ଦିକ ଅଭିନନ୍ଦନ



ଶ୍ରୀ ଅଶୋକ କୁମାର ପୁଆଲା
ସରପଞ୍ଚ, ମୀରାବାଲି ଗ୍ରାମ ପଞ୍ଚାୟତ
ରାୟଗଡ଼ା ବ୍ଲକ, ରାୟଗଡ଼ା ଜିଲ୍ଲା



'ସକାଳ' ଜୟପୁର ସଂସ୍କରଣ
ପ୍ରେସର ୪ର୍ଥ ସ୍ୱନକ୍ଷତ୍ର ଉତ୍ସବ
ଉପଲକ୍ଷେ ଶୁଭକାମନା
ସମ୍ମନ୍ୱୟ ଆଦିବାସୀ ଉନ୍ନୟନ ସଂସ୍ଥା
ଜୟପୁର

## ସୁସ୍ଥ ପଞ୍ଚାୟତ ଗଠନ ପାଇଁ ତାଲିମ ଶିବିର



ମାଲକାନଗିରି, ୨୦।୭ (ସମିସ): ମାଲକାନଗିରି ଜିଲ୍ଲା ପଞ୍ଚାୟତ ସାଧନ କେନ୍ଦ୍ରଠାରେ ଜିଲ୍ଲା ପରିଷଦ ପକ୍ଷରୁ ସୁସ୍ଥ ଓ ସଚେତନ ପଞ୍ଚାୟତ ଗଠନ ପାଇଁ ତିନି ଦିନିଆ ତାଲିମଶିବିର ଆଜି ଉଦ୍‌ଯାପିତ ହୋଇଯାଇଛି। ଏହା ଗତ ୧୮ ତାରିଖଠାରୁ ଆରମ୍ଭ ହୋଇ ୨୦ ତାରିଖ ପର୍ଯ୍ୟନ୍ତ ଚାଲିଥିଲା। ଏହି ଶିବିରରେ ତାଲିମଦାତା ଭାବେ ଡା.ପ୍ରଜ୍ଞା ପଟ୍ଟନାୟକ, ପ୍ରଶାନ୍ତ ମଲ୍ଲିକ, କ୍ରୀଷ୍ଣାମୟୀ ମିଶ୍ର, ପ୍ରିୟବ୍ରତ ଯୋଶୀ ଏବଂ ପିରମଲ୍ ଫାଉଣ୍ଡେସନର ବିଷ୍ଣୁ ସାହୁ ଅନୁପ୍ରେରଣାଦାୟୀ ଏବଂ ତଥ୍ୟମୂଳକ ତାଲିମ ଦେଇଥିଲେ। ଏଥିରେ ଜିଲ୍ଲାର ବିଭିନ୍ନ ବ୍ଲକ୍ ଓ ପଞ୍ଚାୟତରୁ ଆସିଥିବା ୫୬ ଜଣଙ୍କୁ ଯକ୍ଷ୍ମାମୁକ୍ତ ପଞ୍ଚାୟତ, ପୃଷ୍ଟିହୀନତା ଓ ରକ୍ତ ହୀନତା ନିବାରଣ ଉଦ୍ଦେଶ୍ୟରେ ବିଶେଷ ତାଲିମ ପ୍ରଦାନ କରାଯାଇଥିଲା। ତାଲିମ୍ ପରେ ପ୍ରଶିକ୍ଷଣ ପାଇଥିବା ସ୍ୱାସ୍ଥ୍ୟ କର୍ମୀମାନେ ନିଜ ଅଞ୍ଚଳରେ ଜନସାଧାରଣଙ୍କୁ ସଚେତନ କରି ନିଜ ଜ୍ଞାନ ଓ ଅନୁଭବକୁ ବ୍ୟବହାର କରିବେ ବୋଲି କୁହାଯାଇଛି। ଏହି ଶିବିରକୁ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ନରେଶ ଚନ୍ଦ୍ର ଶବର ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଆନୁଷ୍ଠାନିକ ଭାବେ ଉଦ୍‌ଘାଟନ କରିଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ପୋଗ୍ରାମ ମ୍ୟାନେଜର ହିମାଂଶୁ ଭୂଷଣ ମହାରଣା ଶିବିରର ଉଦ୍ଦେଶ୍ୟ ଓ କାର୍ଯ୍ୟସୂଚୀ ବିଷୟରେ ବିସ୍ତୃତ ଭାବେ ଅବଗତ କରାଇଥିଲେ। ଏହି କାର୍ଯ୍ୟକ୍ରମକୁ ସଫଳ ଓ ସୁସଂଗଠିତ ଭାବେ ପରିଚାଳନା କରିବାରେ ବିନାଶ କୁମାର ମିଶ୍ରଙ୍କ ନେତୃତ୍ୱରେ ବିଶ୍ୱନାଥ ମଣ୍ଡଳ, ଏନ.ଅହଲ୍ୟା ଓ ପଞ୍ଚାୟତ ସାଧନକେନ୍ଦ୍ରର ସମସ୍ତ ସଦସ୍ୟମାନେ ସହଯୋଗ ଦେଇ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଥିଲେ।

## ଜିପିଡିଓ ଓ ନିର୍ବାହୀ ଅଧିକାରୀଙ୍କୁ ବିଦାୟ ସମ୍ବର୍ଦ୍ଧନା



ନନ୍ଦପୁର,୨୦।୭ (ସମିସ): କୋରାପୁଟ ଜିଲ୍ଲା ନନ୍ଦପୁର ବ୍ଲକରେ କାର୍ଯ୍ୟରତ ଦୁଇ କର୍ମଚାରୀ ଜିପିଡିଓ ବେଦାନ୍ତ କୁମାର ମାଝୀଙ୍କ ପଦୋନ୍ନତି ସହ ବଦଳି ଓ ପଞ୍ଚାୟତ ନିର୍ବାହୀ ଅଧିକାରୀ ଡମ୍ବୁରୁଧର ପାଙ୍ଗିଙ୍କ ବଦଳି ନେଇ ବିଦାୟକାଳୀନ ସମ୍ବର୍ଦ୍ଧନା ସଭା ଅନୁଷ୍ଠିତ ହୋଇଯାଇଛି। ନନ୍ଦପୁର ବ୍ଲକ କାର୍ଯ୍ୟାଳୟ ସଭା ଗୃହ ପରିସରରେ ବିଡ଼ିଓ ଦୁର୍ଗା ପ୍ରସାଦ ଦୋରାଙ୍କ ଅଧ୍ୟକ୍ଷତାରେ ବ୍ଲକର ୨୩ ଗୋଟି ଗ୍ରାମ ପଞ୍ଚାୟତ ନିର୍ବାହୀ ଅଧିକାରୀ ଓ ବ୍ଲକ କର୍ମଚାରୀମାନେ ଯୋଗ ଦେଇ ଦୁଇ ଜଣଙ୍କୁ ବିଦାୟ ସମ୍ବର୍ଦ୍ଧନା ଜଣାଇଥିଲେ। ଏହି ଅବସରରେ ଜିପିଡିଓ ବେଦାନ୍ତ କୁମାର ମାଝୀଙ୍କୁ ତାଙ୍କ କାର୍ଯ୍ୟ ପାଇଁ ପଦୋନ୍ନତି ହୋଇ ପଡୋଶୀ ବ୍ଲକ ପଟାଙ୍ଗି ବ୍ଲକରେ ଏବିଡିଓ ଭାବେ ବଦଳି ହୋଇଛି। ନିର୍ବାହୀ ଅଧିକାରୀ ଶ୍ରୀ ପାଙ୍ଗି ନନ୍ଦପୁର ବ୍ଲକ୍‌ରେ ଦୀର୍ଘ ଧରି ବିଭିନ୍ନ ଗ୍ରାମପଞ୍ଚାୟତରେ ନିର୍ବାହୀ ଅଧିକାରୀ ଭାବେ କାର୍ଯ୍ୟ କରି ସରକାର ସମସ୍ତ ଯୋଜନାକୁ ସୂଚାରୁ ରୂପେ ତୁଲାଇ ଲୋକପ୍ରିୟ ହୋଇଥିଲେ।

## ଜଳ ବିଦ୍ୟୁତ୍ କର୍ମଚାରୀ ସଂଘର ପ୍ରତିବାଦ

ଜୟପୁର, ୨୦।୭ (ସମିସ): ରାଜ୍ୟ ବିଦ୍ୟୁତ୍ କର୍ମଚାରୀ ସଂଘର ଆହ୍ୱାନକ୍ରମେ ରାଜ୍ୟର ସମସ୍ତ ଜଳବିଦ୍ୟୁତ ନିଗମ ଦ୍ୱାରା ପରିଚାଳିତ ଜଳବିଦ୍ୟୁତ କେନ୍ଦ୍ର ଏବଂ ମୁଖ୍ୟ କାର୍ଯ୍ୟାଳୟରେ କାର୍ଯ୍ୟରତ ଶ୍ରମିକ କର୍ମଚାରୀମାନେ ଆଜି ଠାରୁ ଶାନ୍ତିପୂର୍ଣ୍ଣ ଭାବେ କାର୍ଯ୍ୟାଳୟ ସମ୍ମୁଖରେ ଦୀପ ପ୍ରଜ୍ୱଳନ ପୂର୍ବକ ପ୍ରତିବାଦ ଆରମ୍ଭ କରିଛନ୍ତି। ଜଳ ବିଦ୍ୟୁତ କର୍ମଚାରୀ ସଂଘର ଅଭିଯୋଗ ଅନୁଯାୟୀ, ନୂତନ ମାନବ ସମ୍ବଳ ବିଭାଗର ମୁଖ୍ୟ ଦାୟୀତ୍ୱ ଗ୍ରହଣ କରିବା ପରେ ନୂତନ ଭାବେ କାର୍ଯ୍ୟରତ କର୍ମଚାରୀଙ୍କୁ ଅଣଦେଖା କରାଯାଉଛି। ଅବସରପ୍ରାପ୍ତ କର୍ମଚାରୀଙ୍କୁ ପୁର୍ନବାର ନିଯୁକ୍ତି ଦିଆଯାଇ ପ୍ରାଧାନ୍ୟ ଦିଆଯାଉଛି। ତେଣୁ କର୍ମଚାରୀଙ୍କ ମଧ୍ୟରେ ଅଶାନ୍ତି ଦେଖାଦେଇଛି। ବିଭାଗ ପକ୍ଷରୁ ଗତ ୫୦ ବର୍ଷରୁ ଅଧିକ ସମୟ ହେଲା ନିର୍ମାଣ ହୋଇଥିବା ସରକାରୀ ବାସଭବନର ମରାମତି ନାମରେ କୋଟି କୋଟି ଟଙ୍କାର ଦୁର୍ନୀତି କରାଯାଉଛି। କିନ୍ତୁ ନୂତନ ଭାବେ ନିଯୁକ୍ତ କର୍ମଚାରୀ ମାନଙ୍କୁ ମୌଳିକ ସୁବିଧା ପ୍ରଦାନ କରାଯାଉନାହିଁ। ରାଜ୍ୟ ବିଦ୍ୟୁତ ବିଭାଗ ବର୍ତ୍ତମାନ ରାଜ୍ୟ ସରକାରଙ୍କ ଏକ ଲାଭଦାୟକ ସଂସ୍ଥା ହୋଇଥିଲେ ସୁଦ୍ଧା ସେମାନଙ୍କୁ ଉପଯୁକ୍ତ ଦରମା ପ୍ରଦାନ କରାଯାଉନାହିଁ। ତେଣୁ ରାଜ୍ୟ ସରକାର କର୍ମଚାରୀ, ଓପିଟିସିଏଲ ଏବଂ ଟାଟା ପାୱାର ବିତରକ ସଂସ୍ଥା କର୍ମଚାରୀଙ୍କ ଅନୁଯାୟୀ ଦରମା ପ୍ରଦାନ କରିବାକୁ ଦାବି କରାଯାଇଛି। ସେହିପରି ବିଭିନ୍ନ ଦୁର୍ନିତୀକୁ ନେଇ କର୍ମଚାରୀ ସଂଘ ପକ୍ଷରୁ ପାଟି ଖୋଲିଲେ ବଦଳି ନେଇ ବିଭାଗ ପକ୍ଷରୁ ଧମକ ଦିଆଯାଉଛି। ତେଣୁ ପ୍ରତିବାଦ ସ୍ୱରୁପ ୩ ଦିନିଆ ଦୀପ ପ୍ରଜ୍ୱଳନ ପରେ ଆସନ୍ତା ୨୫ ତାରିଖରେ ରାଜ୍ୟ ମୁଖ୍ୟମନ୍ତ୍ରୀ, ଉପମୁଖ୍ୟମନ୍ତ୍ରୀ ଏବଂ ଶକ୍ତିମନ୍ତ୍ରୀଙ୍କୁ ସମସ୍ତ କର୍ମଚାରୀ ମାନେ ଟୁଇଟ ମାଧ୍ୟମରେ ଦାବି ପୂରଣ ନେଇ ଦାବି ଉପସ୍ଥାପନ କରିବେ ବୋଲି ସଂଘର କୋରାପୁଟ ଶାଖା ସାଧାରଣ ସମ୍ପାଦକ ଅମର ଜୁମର ପ୍ରତାପ ସିଂ ସୂଚନା ଦେଇଛନ୍ତି।

'ସକାଳ' ଜୟପୁର ସଂସ୍କରଣ
ପ୍ରେସର ୪ର୍ଥ ସ୍ୱନକ୍ଷତ୍ର ଉତ୍ସବ
ଉପଲକ୍ଷେ ଶୁଭକାମନା
ପଞ୍ଚାୟତ ସମିତି କାର୍ଯ୍ୟାଳୟ
ଜୟପୁର (ଜିଲ୍ଲା-କୋରାପୁଟ )

## ଓଡ଼ିଶା ଅମଲା ସଂଘର ପ୍ରତିଷ୍ଠା ଦିବସ



ଜୟପୁର, ୨୦।୭ (ସମିସ): ଓଡ଼ିଶା ଅମଲା ସଂଘର ୮୨ତମ ପ୍ରତିଷ୍ଠା ଦିବସ ରବିବାର ସଙ୍ଗମ କଲ୍ୟାଣ ମଣ୍ଡପଠାରେ ପାଳିତ ହୋଇଯାଇଛି। କୋରାପୁଟ ଜିଲ୍ଲା ସଭାପତି ଶଶୀଭୂଷଣ ଦାଶଙ୍କ ଆହ୍ୱାନ କ୍ରମେ ଜିଲ୍ଲାର ବିଭିନ୍ନ ସରକାରୀ ବିଭାଗରେ କାର୍ଯ୍ୟରତ ଅମଲା କର୍ମଚାରୀ ଏହି ଉତ୍ସବରେ ଯୋଗଦେଇଥିଲେ। କାର୍ଯ୍ୟକ୍ରମରେ ରାଜ୍ୟ ସଂଘର କର୍ମକର୍ତ୍ତାଙ୍କ ସମେତ ୧୫ଟି ଜିଲ୍ଲା ସଂଘର କର୍ମକର୍ତ୍ତା ଯୋଗ ଦେଇଥିଲେ। କାର୍ଯ୍ୟକ୍ରମ ପ୍ରାରମ୍ଭରେ ସ୍ଥାନୀୟ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ଠାରୁ ଏକ ଶୋଭାଯାତ୍ରା ବାହାରି ସ୍ଲୋଗାନ ଦେଇ ବାଜାବାଜଣା ବଜାଇ ବୈଠକ ସ୍ଥଳରେ ପହଞ୍ଚିଥିଲା। ଏଥିରେ ମୁଖ୍ୟଅତିଥି ଭାବେ ଅଭ୍ୟର୍ଥନା କମିଟିର ଅଧ୍ୟକ୍ଷ ଲକ୍ଷ୍ମୀନାରାୟଣ ସେଠୀ, ସ୍ୱତନ୍ତ୍ର ଅତିଥି ରାଜ୍ୟ ଅମଲା ସଂଘର ଅଧ୍ୟକ୍ଷ ହୃଦୟବିହାରୀ ମହାପାତ୍ର, ମୁଖ୍ୟବକ୍ତା ଭାବେ ସଂଘର ରାଜ୍ୟ ସାଧାରଣ ସମ୍ପାଦକ ଚିତ୍ତରଞ୍ଜନ ତରାସିଆ ଯୋଗ ଦେଇ ଅମଲା ମାନଙ୍କ ବିଭିନ୍ନ ସମସ୍ୟା ଏବଂ ଏହାର ତୁରନ୍ତ ସମାଧାନ ନେଇ ଦାବି କରିଥିଲେ। ଏହି ଅବସରରେ ସଂଘର ମୁଖ୍ୟ ଉପଦେଷ୍ଟା ନାରାୟଣ ଦାଶ, ରାଜ୍ୟ ସଭାପତି ଜ୍ଞାନ ରଞ୍ଜନ ଦାଶ, କାର୍ଯ୍ୟକାରୀ ସଭାପତି ଦେବେନ୍ଦ୍ର ପାତ୍ର, ଜିଲ୍ଲା ଶାଖା ସମ୍ପାଦକ ସଞ୍ଜୟ କୁମାର ପଣ୍ଡା ମଞ୍ଚାସୀନ ହୋଇ ନିଜ ନିଜର ଅଭିଭାଷଣ ପ୍ରଦାନ କରିଥିଲେ। ସଭାସ୍ଥଳରେ ଦୀପ ପ୍ରଜ୍ୱଳନ ଏବଂ ସ୍ୱାଗତ ସଂଗୀତ ସହ ଦେଶାତ୍ମବୋଧକ ସଙ୍ଗୀତ ଛାତ୍ରୀଛାତ୍ରଙ୍କ ଦ୍ୱାରା ଗାନ କରାଯାଇଥିଲା। ସରକାର ଅମଲା ମାନଙ୍କର ନ୍ୟାର୍ଯ୍ୟ ଦାବି ପୁରଣ କରିବା ନିମନ୍ତେ ଟାଳଟୁଳ ନୀତି ଅବଲମ୍ବନ କରୁଥିବାରୁ ସମସ୍ତେ ଅସନ୍ତୁଷ୍ଟ ବ୍ୟକ୍ତ କରିଥିଲେ। ଯଦି ସରକାର ଯଥାଶୀଘ୍ର ଅମଲା ମାନଙ୍କର ଦାବି ପୂରଣ ନ କରନ୍ତି, ତାହେଲେ ଓଡ଼ିଶା ଅମଲା ସଂଘ ଆନ୍ଦୋଳନ ସାରା ରାଜ୍ୟରେ ଚାଲିବ ବୋଲି ବୈଠକରେ ମଞ୍ଚାସୀନ ଅତିଥି ମାନେ ଚେତାବନୀ ଦେଇଥିଲେ। ଶେଷରେ ସମସ୍ତ ଉପସ୍ଥିତି ଅତିଥି ମାନଙ୍କୁ ଉପଢୌକନ ପ୍ରଦାନ କରାଯାଇ ସମ୍ବର୍ଦ୍ଧିତ କରାଯାଇଥିଲା।

ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟ, ଗୁଣପୁର
ଜିଲ୍ଲା-ରାୟଗଡା (ଓଡ଼ିଶା)

ଅବିଭକ୍ତ କୋରାପୁଟ ଜିଲ୍ଲାର ପ୍ରାଚୀନ ଐତିହ୍ୟ ସଂପନ୍ନ ଗୁଣପୁର କଳା, ସଂସ୍କୃତି ଓ କୃଷି କ୍ଷେତ୍ରରେ ନିଜତ୍ୱ ବଜାୟ ରଖିଛି । ବଂଶଧାରା ଉପତ୍ୟକାରେ ପ୍ରାୟ ୯୦ ଭାଗ ଲୋକ ଚାଷ ଉପରେ ହିଁ ନିର୍ଭରଶୀଳ । କେଉଁ କେଉଁ ଧାନକ୍ଷେତ ସାଙ୍ଗକୁ ଶ୍ୱେତବର୍ଣ୍ଣର ବରଫର ଆସ୍ତରଣ ଭଳି ଭ୍ରମ ସୃଷ୍ଟି କରୁଥିବା କପା କ୍ଷେତ ଯେକୌଣସି ପର୍ଯ୍ୟଟକଙ୍କୁ ଆକୃଷ୍ଟ କରିପାରେ । ତେଣୁ ଏହି ଅଞ୍ଚଳର କୃଷକର କୃଷିଜାତ ଦ୍ରବ୍ୟର ସଠିକ୍ ବଜାର ନିମନ୍ତେ ୧୯୬୧ ମସିହାର ଜୁଲାଇ ମାସ ୯ ତାରିଖରେ ଏହି କମିଟି ଜନ୍ମ ଲାଭ କରିଥିଲା । ଓଡ଼ିଶା ରାଜ୍ୟ ସରକାରଙ୍କର ନିର୍ଦ୍ଧାରିତ ବଜାର ପ୍ରାଙ୍ଗଣ ତଥା ଜିଲ୍ଲା ପ୍ରଶାସନଙ୍କ ନିଷ୍ପତ୍ତି କ୍ରମେ ପରିଚାଳିତ ସମସ୍ତ ବଜାର ପ୍ରାଙ୍ଗଣ ମାନଙ୍କରେ ଚାଷୀମାନେ ନିଜର ବିକ୍ରି ଯୋଗ୍ୟ କୃଷିଜାତ ଦ୍ରବ୍ୟର ସୁଲଭ ବିକ୍ରି କରିବାର ସୁଯୋଗ ନିମନ୍ତେ ଆପଣଙ୍କୁ ନିୟନ୍ତ୍ରିତ ବଜାର କମିଟି, ଗୁଣପୁରର ସମସ୍ତ ପରିଚାଳନା ସଭ୍ୟ ଓ କର୍ମଚାରୀମାନଙ୍କ ତରଫରୁ ବିନମ୍ର ଅନୁରୋଧ ।

ଆଗାମୀ ଦିନର ଲକ୍ଷ- ଇ-ନାମ (e-NAM) ଜରିଆରେ ଉନ୍ନତ ବଜାର ଭିତ୍ତିଭୂମିର ବିକାଶ
ଆମର ଉଦ୍ଦେଶ୍ୟ - ଚାଷର ଉନ୍ନତି ଓ ଚାଷୀର ଆର୍ଥିକ ବିକାଶ

ଓଡ଼ିଶା ରାଜ୍ୟ କୃଷି ବିପଣନ ପରିଷଦଙ୍କ ଆଦେଶକ୍ରମେ ଏବଂ ଉପଜିଲ୍ଲାପାଳ-ତଥା ଅଧ୍ୟକ୍ଷଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ନିୟନ୍ତ୍ରିତ ବଜାର କମିଟି ଗୁଣପୁରର ମୁଖ୍ୟ ବଜାର ପ୍ରାଙ୍ଗଣ ମଧ୍ୟରେ ଭାରତ ସରକାରଙ୍କ ଦ୍ୱାରା ନିର୍ମିତ ଜାତୀୟ କୃଷି ବଜାର ଇ-ନାମ (e-NAM) ଜରିଆରେ ନିଜ ଉତ୍ପାଦିତ ଧାନ ବ୍ୟତୀତ ଅନ୍ୟ ସମସ୍ତ କୃଷିଜାତ ଦ୍ରବ୍ୟକୁ ବିକ୍ରୟ କରି ଲାଭବାନ ହେବାକୁ ଆମର ଅନୁରୋଧ । ଏଥିନିମନ୍ତେ ସମସ୍ତ ଚାଷୀ ଓ ବ୍ୟବସାୟୀଙ୍କୁ ଇ-ନାମ ପୋର୍ଟାଲରେ ନିଜ ନାମ ପଞ୍ଜିକରଣ କରିବାକୁ ଅନୁରୋଧ ।

ଶ୍ରୀ ଦଳପତି କାର୍ଯ୍ୟୀ
ସଂପାଦକ

ଶ୍ରୀମତି କିରଣ ଦୀପ୍ କୌର୍ ସହୋତା
ଉପଜିଲ୍ଲାପାଳ,

# ସମ୍ପାଦକୀୟ



ଈଶ୍ୱର ଆରାଧନା ଅପେକ୍ଷା ସ୍ୱଧର୍ମ ନିୟମ ଅନୁପାଳନ କରିବା ଶ୍ରେୟସ୍କର।
-ଗୌତମ ବୁଦ୍ଧ

ସକାଳ THE SAKALA

## ନାରକୀୟ ଧାରା

ବାଲେଶ୍ୱର ଏଫ୍‌ଏମ୍ କଲେଜ୍ ଛାତ୍ରୀ ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଓ ମୃତ୍ୟୁ ନିଆଁ ପ୍ରଶମିତ ହୋଇ ନଥିବା ବେଳେ ବଲଙ୍ଗାରେ ଜଣେ ନାବାଳିକାଙ୍କୁ ଦୁର୍ବୃତ୍ତମାନେ ଜିଅନ୍ତା ଜାଳି ହତ୍ୟା ଉଦ୍ୟମ କରିଛନ୍ତି। ପୀଡ଼ିତା ସଙ୍କଟାପନ୍ନ ଅବସ୍ଥାରେ ଭୁବନେଶ୍ୱର ଏମ୍ସରେ ଚିକିତ୍ସାଧୀନ ଅଛନ୍ତି। ଘଟଣାର ତଦନ୍ତ ଆରମ୍ଭ ହୋଇଛି। କେତେ ଦିନ ପରେ ଅଭିଯୁକ୍ତ ଧରାପଡ଼ିବେ, କେବେ ଦୋଷୀ ସାବ୍ୟସ୍ତ ହେବେ, କି ଦଣ୍ଡବିଧାନ ହେବ, ରାଜ୍ୟ ରାଜନୀତି କେଉଁ ମୋଡ଼ ନେବ, ତାହା ଭିନ୍ନ କଥା। କିନ୍ତୁ ଲଗାତାର ନିଆଁ ଓ ଜୀବନ-ମୃତ୍ୟୁ ଭିତରେ ଆରମ୍ଭ ହୋଇଥିବା ଏହି ଅଭୂତପୂର୍ବ ନାରକୀୟ ଖେଳ ଶାନ୍ତିପ୍ରିୟ ଓଡ଼ିଶାକୁ ଯେ ଜାତୀୟସ୍ତରରେ ନିନ୍ଦିତ କରିଛି ଏହା ଲଜ୍ଜାର ସହିତ ସ୍ୱୀକାର କରିବାକୁ ପଡ଼ିବ। ଦୁର୍ଯୋଗବଶତଃ ଦୁଇଟିଯାକ ଘଟଣା ଶନିବାର ଦିନ ହିଁ ଘଟିଛି।

ଉପରୋକ୍ତ ଘଟଣାକୁ ରାଜନୀତି ବିଶାରଦମାନେ କେଉଁ ଦୃଷ୍ଟିରୁ ବିଶ୍ଳେଷଣ କରିବେ, କେଉଁ ନିଷ୍କର୍ଷରେ ପହଞ୍ଚିବେ ତାହା ଅନ୍ବେବହୁତ ବୁଝାପଡୁଛି। କିନ୍ତୁ ସମାଜବିଜ୍ଞାନୀଙ୍କ ମତରେ ଗୋପାଳପୁର ଗଣଦୁଷ୍କର୍ମ ଅଘଟଣରୁ ସଦ୍ୟତମ ବଲଙ୍ଗା ପର୍ଯ୍ୟନ୍ତ ଗତ ପ୍ରାୟ ଏକମାସର ଘଟଣାବଳୀକୁ ତର୍ଜମା କଲେ ରାଜ୍ୟରେ ସାମାଜିକ ମୂଲ୍ୟବୋଧର ଗୁରୁତର ଅବକ୍ଷୟ ଘଟିଚାଲିଛି। ଏହିସବୁ ଘଟଣାବଳୀକୁ ତର୍ଜମା କଲେ ଲାଗୁଛି ମଣିଷ ମାନବିକତା ହରାଇଛି ଏବଂ ଆଇନ, ବିଚାର, ଦଣ୍ଡବିଧାନ ପ୍ରତି ଭୟ ତା' ମନରୁ ଦୂରେଇ ଯାଇଛି। ଯଦି ଏହି ନାରକୀୟ ଧାରା ଜାରି ରହେ ତେବେ ଓଡ଼ିଶା ଖୁବ୍ ଶୀଘ୍ର ବିହାରର ଜଙ୍ଗଲୀରାଜ କିମ୍ବା ମଣିପୁର ହେବାକୁ ବେଶୀ ବିଳମ୍ବ ହେବ ନାହିଁ। ଯେତେବେଳେ ଜନତାଙ୍କ ମନରୁ ଆଇନ ଶୃଙ୍ଖଳାର ଭୟ ଦୂରେଇ ଯାଏ ସେତେବେଳେ ରାଜ୍ୟ କିମ୍ବା ଦେଶ ଅରାଜକତା ଦିଗକୁ ଯାଉଛି ବୋଲି ବୁଝାଯାଏ। ଓଡ଼ିଶା ପରିପ୍ରେକ୍ଷୀରେ ଏତେଶୀଘ୍ର କୌଣସି ନିଷ୍କର୍ଷରେ ପହଞ୍ଚିବା ଉଚିତ ନ ହେଲେ ମଧ୍ୟ ଅବଚେତନ ମନରେ ଏହି ଧାରଣାଟିଏ କ୍ରମଶଃ ଦୃଢ଼ୀଭୂତ ହେଉଛି।

ଅପରାଧର ଆୟୁଧ ଛୁରୀ, ଭୁଜାଲି, ଖଣ୍ଡା ଆଦିରୁ ବିଗତ ଶତାବ୍ଦୀର ଶେଷ ଦଶକରେ ଗୁଳିଗୋଳାର ରୂପ ନେଇ ଚଳିତ ଶତାବ୍ଦୀ ଆରମ୍ଭ ବେଳକୁ ଏସିଡ୍ ଆକ୍ରମଣରେ ପହଞ୍ଚିଥିଲା। ଏବେ କିନ୍ତୁ ବାଲେଶ୍ୱରରୁ ବଲଙ୍ଗା ପର୍ଯ୍ୟନ୍ତ ଘଟଣାକ୍ରମକୁ ଅନୁଶୀଳନ କଲେ ପେଟ୍ରୋଲ୍, କିରାସିନି ଆଦି ଦହନଶୀଳ ପଦାର୍ଥ ଅପରାଧର ନୂଆ ଆୟୁଧ ହୋଇଛି। ବୋଧହୁଏ ଅପରାଧୀ ଚାହୁଁଛି ତା' ଆଖିରେ ଶତ୍ରୁ ସାଜିଥିବା ବ୍ୟକ୍ତିଟିକୁ ସେ କେବଳ ହତ୍ୟା କରିବ ନାହିଁ, ବରଂ କଲବଲ କରି ହତ୍ୟା କରିବ। ହଠାତ୍ ଏ ପୈଶାଚିକ ମାନସିକତା ଜନ୍ମ ନେଲା କେଉଁଠୁ ଏବଂ କିପରି? ବୁଦ୍ଧିଜୀବୀ ମହଲରେ ପ୍ରଶ୍ନ ଉଠିବା ସ୍ୱାଭାବିକ ଯେ ଏହାର ନିରାକରଣ ହେବ କେମିତି ଏବଂ କରିବ କିଏ? କେତେକ ମହଲର ମତ ଯେ ଏଭଳି ମାନସିକତାଧାରୀ ଦୁର୍ବୃତ୍ତଙ୍କୁ ଆଇନ ଅନୁଯାୟୀ ଦଣ୍ଡ ଅପେକ୍ଷା ଏନ୍‌କାଉଣ୍ଟର ହତ୍ୟା ବା ଯେସାକୁ ତେସା ଭଳି ଦଣ୍ଡବିଧାନ ସର୍ବାଦୌ ଉଚିତ ବିକଳ୍ପ। ପୀଡ଼ିତ/ପୀଡ଼ିତାଙ୍କ ମଧ୍ୟ ସ୍ୱଚ୍ଛନ୍ଦରେ ସ୍ୱାଧୀନ ଭାବରେ ବଞ୍ଚିବାର ଅଧିକାର ଅଛି। ସେହି ଅଧିକାରର ଯିଏ ଯେଉଁଭଳି ହନନ କରୁଛି ତା'କୁ ସେଭଳି ଦଣ୍ଡିତ ନ କରିବା ପର୍ଯ୍ୟନ୍ତ ସମାଜର କଳୁଷିତ ମାନସିକତାରେ ସୁଧାର ଆସିବ ନାହିଁ। କିନ୍ତୁ ଏ ଦିଗରେ ପ୍ରତିବନ୍ଧକ ସାଜିଥିବା ବିଭିନ୍ନ ତଥାକଥିତ ସଂସ୍ଥାମାନେ ଏହା ହୃଦୟଙ୍ଗମ କରିବା ଦରକାର।

ବସ୍ତୁତଃ ଆଜି ଝିଅଟିଏ କିମ୍ବା ଯୁବତୀଟିଏ ଘରେ, ବାହାରେ, କାର୍ଯ୍ୟାଳୟରେ କେଉଁଠାରେ ମଧ୍ୟ ସୁରକ୍ଷିତ ନୁହେଁ। ଘରେ ପାରିବାରିକ ହିଂସା ବଢ଼ି ଚାଲୁଥିବା ବେଳେ କର୍ମକ୍ଷେତ୍ରରେ ଯୌନ ଓ ମାନସିକ ନିର୍ଯାତନା ଆଜିକାଲି ଏକ ସାଧାରଣ କଥା ହୋଇଗଲାଣି। ସବୁଠାରୁ ଉଦ୍‌ବେଗଜନକ ହୋଇଛି ମଣିଷ ଜୀବନରେ ଶିକ୍ଷା ଓ ଚାରିତ୍ରିକ ସଂସ୍କାରର ଭିତ୍ତି ଗଢୁଥିବା ପବିତ୍ର ଶିକ୍ଷାନୁଷ୍ଠାନମାନଙ୍କୁ ମଧ୍ୟ ଯୌନପିପାସା ସଂଚରି ଚାଲିଛି। ବାଲେଶ୍ୱର ଏଫ୍‌ଏମ୍ କଲେଜରେ ବିଭାଗୀୟ ମୁଖ୍ୟଙ୍କ ପରେ ସମ୍ବଲପୁର ଜିଏମ୍ କଲେଜ୍‌ର ଆଉ ଜଣେ ଅଧ୍ୟାପକଙ୍କ କଳାକାରନାମା ସାମ୍ନାକୁ ଆସିଛି। ସନ୍ଧ୍ୟା ୫.୩୦ ପରେ ଶିକ୍ଷାନୁଷ୍ଠାନ ପରିସରରେ କୌଣସି ମହିଳା ଅଧ୍ୟାପକ, ମହିଳା କର୍ମଚାରୀ କିମ୍ବା ଛାତ୍ରୀ ରହିପାରିବେ ନାହିଁ ବୋଲି ରାଜ୍ୟର ସ୍ୱନାମଧନ୍ୟ ରେଭେନ୍ସା ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ନିର୍ଦ୍ଦେଶନାମା ଜାରି(ବିରୋଧ ପରେ ପ୍ରତ୍ୟାହୃତ ହୋଇଛି) ପରେ ଶିକ୍ଷାନୁଷ୍ଠାନମାନଙ୍କରେ ଯେ ମହିଳା କିମ୍ବା ଛାତ୍ରୀ ସୁରକ୍ଷିତ ନୁହନ୍ତି ତାହା ଉପରେ ମୋହର ଲାଗିଛି। ଶିକ୍ଷାନୁଷ୍ଠାନଗୁଡ଼ିକରେ ଏଭଳି ଘଟଣାମାନ ନିୟମିତ ଘଟିଚାଲିଛି, ଯାହା ଭିତରୁ କାଁ ଭାଁ ଗଣମାଧ୍ୟମରେ ପ୍ରକାଶ ପାଉଛି। ଏପରିକି ଅଧ୍ୟାପକ/ପ୍ରଧ୍ୟାପକମାନଙ୍କ ମାନସିକ ନିର୍ଯାତନାକୁ ସହି ନ ପାରି ଏବଂ ସେମାନଙ୍କ ଯୌନଲାଳସାକୁ ଚରିତାର୍ଥ ନ କରିପାରି ଅନେକ ମେଧାବୀ ଛାତ୍ରୀ ଅଧାରୁ ପାଠ ପଢ଼ା ଓ ଗବେଷଣାରୁ ଓହରି ଯିବାକୁ ବାଧ୍ୟ ହୋଇଥିବାର ଉଦାହରଣ ମଧ୍ୟ ବହୁଳ। ଚାରିକାନ୍ଥ ଭିତରେ ଯେଉଁଠି ଝିଅଟିଏ ସୁରକ୍ଷିତ ନୁହେଁ, ରାସ୍ତାଘାଟରେ ସୁରକ୍ଷା ବିଷୟ ଉଠୁଛି କେଉଁଠୁ? ତେବେ କ'ଣ ସମାଜ ପୁଣି ସେହି ମଧ୍ୟଯୁଗୀୟ ସମୟକୁ ଫେରିଯିବାକୁ ବାଧ୍ୟ ହେବ ଯେଉଁଠାରେ ମହିଳାମାନଙ୍କୁ ଲୌହପରଦା ଆଢୁଆଳରେ ରହିବାକୁ ପଡୁଥିଲା?

ଏଫ୍‌ଏମ୍ କଲେଜ୍ ଓ ଜିଏମ୍ କଲେଜରେ ଯୌନ ନିର୍ଯାତନା ଘଟଣା ପଦାକୁ ଆସିବା ପରେ ଯାଇ ବୋଧହୁଏ ସରକାର ଚେତିଛନ୍ତି। ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ଛାତ୍ରୀଙ୍କ ନିରାପତ୍ତା ଲାଗି 'ଶକ୍ତିଶ୍ରୀ' ନାମରେ ଏକ ଯୋଜନା ଘୋଷଣା କରିଛି। ଏହି ଯୋଜନା କେବଳ ଦନ୍ତହୀନ ବ୍ୟାଘ୍ର ହୋଇ ରହିଯିବ କି ପ୍ରଭାବଶାଳୀ ହେବ ତାହା ରୂପାୟନ ଓ ଅଭିଯୋଗ ପରବର୍ତ୍ତୀ ତତ୍କାଳ କଠୋର କାର୍ଯ୍ୟାନୁଷ୍ଠାନ ଉପରେ ନିର୍ଭର କରୁଛି। ଶିକ୍ଷାନୁଷ୍ଠାନ କର୍ତ୍ତୃପକ୍ଷଙ୍କ ଉଦାସୀନତା ଓ ସରକାରଙ୍କ ନିଷ୍ଠାର ଅଭାବ ଯୋଗୁଁ କଙ୍ଗି ଭଳି ଅମାନୁଷିକ କଳୁଷିତ ପରମ୍ପରା ଅନେକ କଠୋର କଟକଣା ସତ୍ତ୍ୱେ ପ୍ରାୟ ସବୁ ଶିକ୍ଷାନୁଷ୍ଠାନରେ ଜାରିରହିଛି। ତେଣୁ ଯୋଜନା ଅପେକ୍ଷା ରୂପାୟନ ହିଁ ଅଧିକ ଗୁରୁତ୍ୱ ରଖେ। ଆଶା ସରକାର ଏ ଦିଗଟିକୁ ଅଧିକ ଗୁରୁତ୍ୱ ଦେବେ।

ଯେତେବେଳେ ପ୍ରତିପତ୍ତି, ବାହୁବଳ ଓ ଅର୍ଥବଳ ଆଗରେ ସରକାରୀ ବ୍ୟବସ୍ଥା ଓ ଆଇନଶୃଙ୍ଖଳା ବିବଶ ହୋଇପଡ଼େ ସେତେବେଳେ ଜନଆକ୍ରୋଶ ଅତିକ୍ରିୟାର ରୂପ ନିଏ ଏବଂ 'ଗଙ୍ଗାଜଲ୍' ଭଳି ଚଳଚ୍ଚିତ୍ର କାହାଣୀର ଆଧାର ପାଲଟିଯାଏ। ଚଳଚ୍ଚିତ୍ରର କାହାଣୀ ଓ ବାସ୍ତବ ଜୀବନ ଭିତରେ ଆକାଶ ପାତାଳ ଫରକ୍ ଅଛି। କିନ୍ତୁ ଏହା ମଧ୍ୟ ଅସ୍ୱୀକାର କରାଯାଇପାରିବ ନାହିଁ ଯେ ପରିସ୍ଥିତି ଚାପରେ ଆକାଶ-ପାତାଳର ଦୂରତ୍ୱ ହ୍ରାସ ଘଟିବାରେ ବିଳମ୍ବ ହେବ ନାହିଁ ଏବଂ ଚଳଚ୍ଚିତ୍ରର କାହାଣୀ ବାସ୍ତବତାରେ ରୂପାୟନ ହେବ ନାହିଁ।

## ଏକ କରୁଣ ଆତ୍ମାହୁତିର ଆହ୍ୱାନ

**ସସ୍ମିତା କର**

ଫକୀର ମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟର ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କର ଦୁଃଖଦ ମୃତ୍ୟୁ ସମଗ୍ର ଓଡ଼ିଶାବାସୀଙ୍କୁ ବିଚଳିତ କରିଛି। ଆନ୍ଦୋଳିତ କରିଛି ଓଡ଼ିଶା ବାହାରେ ସଭ୍ୟ ମାନବସମାଜକୁ। ତିନିଦିନ ନ ପୂରୁଣୁ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଏକ ଛାତ୍ରୀଙ୍କ ଅଭିଯୋଗକ୍ରମେ ଶିକ୍ଷକଙ୍କର ଗିରଫଦାରୀ ଲଜ୍ଜିତ କରିଛି ସମାଜର ପଥପ୍ରଦର୍ଶକ, ପିଲାର ଭାଗ୍ୟନିର୍ମାତା ଗୁରୁସମ ଶିକ୍ଷକ ଗୋଷ୍ଠୀକୁ। ଏକ ଅନୁଧ୍ୟାନ କମିଟି ବସିବ, ଦୋଷୀକୁ କଠୋରରୁ କଠୋରତମ ଶାସ୍ତି ଦିଆଯିବାର ଧାରଣା ଜନମାନସରେ ସୃଷ୍ଟି କରାଯିବ। ଅବଶ୍ୟ ବର୍ତ୍ତମାନ ସୁଦ୍ଧା ଛାତ୍ରୀଙ୍କ ଅଭିଯୋଗ ଭିତ୍ତିରେ ତାଙ୍କୁ ଯୌନ ନିର୍ଯାତନା ଦେଉଥିବା ବିଭାଗୀୟ ମୁଖ୍ୟ ଏବଂ ସବୁ ଜାଣି ନୀରବ ରହିଥିବା ମହାବିଦ୍ୟାଳୟର ଅଧ୍ୟକ୍ଷଙ୍କୁ କାର୍ଯ୍ୟରୁ ନିଲମ୍ବନ କରାଯିବା ସହ ଗିରଫ କରାଯାଇଛି। ତେବେ ଏକ କୋମଳମତି ଛାତ୍ରୀର ଜୀବନ ପ୍ରଦୀପ ଲିଭିଯିବା ପରେ ଏଇସବୁ ଶାସ୍ତି କ'ଣ ଯଥେଷ୍ଟ ?

ଶିକ୍ଷା ବ୍ୟବସ୍ଥାରେ ସୁଧାର ଆଣିବା ପାଇଁ ବିଂଶ ଶତାବ୍ଦୀର ଷାଠିଏ ଦଶକରେ ଗଠିତ କୋଠାରୀ ଆୟୋଗ ତାଙ୍କ ରିପୋର୍ଟରେ ଉଲ୍ଲେଖ କରିଥିଲେ- ଭାରତର ଭାଗ୍ୟ ତା'ର ଶ୍ରେଣୀଗୃହରେ ନିର୍ମିତ ହୋଇଥାଏ (ଦି ଡେଷ୍ଟିନି ଅଫ ଇଣ୍ଡିଆ ଇଜ୍ ଶେପ୍‌ଡ୍ ଇନ୍ ଇଟ୍‌ସ କ୍ଲାସରୁମ୍)। ଅର୍ଥାତ, ଶ୍ରେଣୀରେ ବସିଥିବା ଆଜିର ବିଦ୍ୟାର୍ଥୀ ଭବିଷ୍ୟତରେ ଦେଶର ଶାସନଡୋରି ହାତକୁ ନିଏ, ରାଷ୍ଟ୍ରର ଭାଗ୍ୟ ଲେଖେ। ସେହି ବିଦ୍ୟାର୍ଥୀଙ୍କୁ ସମସ୍ତ ମାନବୀୟ ମୂଲ୍ୟବୋଧରେ ପରିପୂର୍ଣ୍ଣ କରିବାର ଦାୟିତ୍ୱ ହେଉଛି ଶିକ୍ଷକଙ୍କର। ଅତଃ ପ୍ରକୃତ ଅର୍ଥରେ ଶିକ୍ଷକ ହେଉଛନ୍ତି ରାଷ୍ଟ୍ରର ତ୍ରାଣକର୍ତ୍ତା, ଭାଗ୍ୟବିଧାତା। କିନ୍ତୁ ଯଦି ପଥପ୍ରଦର୍ଶକ ସ୍ୱୟଂ ହୁଏ ପଥଭ୍ରଷ୍ଟ, ଯଦି ଭାଗ୍ୟବିଧାତା ନିଜେ କରେ ଦୁର୍ଭାଗ୍ୟପୂର୍ଣ୍ଣ ଆଚରଣ, ତେବେ କ'ଣ ହେବ ଏ ଦେଶର ଭାଗ୍ୟ !

ବି.ଏଡ୍.କରି ହୁଏତ ଗୌରବମୟ ଶିକ୍ଷକ ବୃତ୍ତି ଆପଣେଇବାକୁ ସ୍ୱପ୍ନ ଦେଖୁଥିବା ସୌମ୍ୟାଶ୍ରୀ ନାମକ କଢ଼ିଟିଏ ସେଇ ଶିକ୍ଷକଙ୍କର ଯୌନଲାଳସାରୁ ବର୍ତ୍ତିବାର ସମସ୍ତ ଆଶା ହରାଇବା ପରେ ଜାଳିଦେଲା ନିଜକୁ। ଝଡ଼ିଗଲା ଅର୍ଦ୍ଧପ୍ରସ୍ଫୁଟିତ ଫୁଲଟିଏ ଅକାଳରେ। ସୌମ୍ୟାଶ୍ରୀଙ୍କର ଏହି ବଳିଦାନ ଆମକୁ ଖାଲି ସାମୟିକ ଭାବେ ବ୍ୟଥିତ କଲେ ହେବ ନାହିଁ। ଏମିତି ଅନେକ ସ୍ଥାନରେ ଅନେକ ସୌମ୍ୟାଶ୍ରୀ ଅଛନ୍ତି, ଯେଉଁମାନେ ଭୟ କିମ୍ବା ଲୋକଲଜ୍ଜା କାରଣରୁ ମୁହଁ ଖୋଲି ପାରୁନାହାନ୍ତି। ଯେମିତି ୨୦୦୬ରେ ଆରମ୍ଭ ହୋଇ ୨୦୧୭ରୁ ବିଶେଷଭାବେ ଆଦୃତି ଲାଭକରିଥିବା 'ମି ଠୁ ମୁଭମେଣ୍ଟ' ଯେଉଁଠି ଜଣେ ମୁହଁ ଖୋଲିବା ପରେ ଅଗଣିତ ମହିଳା ତାଙ୍କ ଉପରେ ହୋଇଥିବା ଯୌନ ଉତ୍ପୀଡ଼ନର କାହାଣୀକୁ ଲୋକଲୋଚନକୁ ଆଣିଥିଲେ। ତେବେ ସେଇ ୨୦୧୭ରେ ଏବିସି ନିଉଜ୍ ଏବଂ ଦି ୱାସିଂଟନ ପୋଷ୍ଟ ଦ୍ୱାରା କରାଯାଇଥିବା ସର୍ଭେ ୫୪ ପ୍ରତିଶତ ଆମେରିକୀୟ ମହିଳା ଅସ୍ୱାଭାବିକ ବା ଅନିଚ୍ଛାକୃତ ଯୌନ ଲାଳସାର ଶିକାର ହେଉଥିବା ବେଳେ ପ୍ରାୟ ୯୫ ପ୍ରତିଶତ ଦୋଷୀକୁ କୌଣସି ଦଣ୍ଡ ଦିଆଯାଉନଥିବାର ରିପୋର୍ଟ କରିଥିଲେ।

ଏହି ମାମଲାରେ ମଧ୍ୟ ସାହସ ଯୁଟାଇ ଛାତ୍ରୀଜଣକ ସମ୍ପୃକ୍ତ ଅଧ୍ୟାପକଙ୍କ ବିରୁଦ୍ଧରେ ଅଭିଯୋଗ ଆଣିଥିଲେ ଯାହାକୁ ଅଣଦେଖା କରାଯାଇଛି। ଆଭ୍ୟନ୍ତରୀଣ ଅଭିଯୋଗ କମିଟିର ରିପୋର୍ଟ ଅନୁଯାୟୀ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନାହିଁ। ଶିକ୍ଷାର ପବିତ୍ର ସ୍ଥଳରେ ସେ ଅଧ୍ୟାପକ କାହିଁକି ଏମିତି ବିବେକଶୂନ୍ୟ କାମ କଲେ? କାହା ଚାପରେ ବା କେଉଁ ପରିସ୍ଥିତିରେ ପଡ଼ି ଅଧ୍ୟକ୍ଷ ଏମିତି ସ୍ପର୍ଶକାତର ଘଟଣାକୁ ଏଡ଼ାଇଗଲେ, ଯେଉଁଥିପାଇଁ ଅସହାୟ ଝିଅଟିଏ ବାପା ମା'ଙ୍କ କୋଳ ଖାଲି କରି ଚାଲିଗଲା ? ସେ କାଲିକୁ ହୁଏତ ଶହଶହ ପିଲାଙ୍କୁ ପାଠପଢ଼ାଇ ମଣିଷ କରିଥା'ନ୍ତା। ଘରସଂସାର ସମ୍ଭାଳିଥା'ନ୍ତା। କାହିଁ କେତେ ଯୁବାଙ୍କୁ ଦେଉଥା'ନ୍ତା ଆତ୍ମରକ୍ଷାର ତାଲିମ୍। କିନ୍ତୁ, ହାୟ ! ଆତ୍ମରକ୍ଷା ପ୍ରଶିକ୍ଷିକା ଜଣକ ଅକଥନୀୟ ନିର୍ଯାତନା ସହିନପାରି ଆତ୍ମାହୁତି ଦେଲା। ତା' ପରିବାରର ତଥା ସମାଜର ଏହି ଅପୂରଣୀୟ କ୍ଷତି କିଏ ଭରଣା କରିପାରିବ ?

ଆତ୍ମାହୁତି ଏକ ସହଜ କଥା ନୁହେଁ। ମନୋବିଜ୍ଞାନ କୁହେ ଅସହନୀୟ ମାନସିକ ଯନ୍ତ୍ରଣା ବହୁ ସମୟରେ ଆତ୍ମହତ୍ୟାକୁ ପ୍ରୋତ୍ସାହିତ କରିଥାଏ। ଅନ୍ୟକୁ ଆମେ ଯେତେ ସହଜରେ ବାଡ଼ାଉ ବା ଚିମୁଟିପାରୁ ନିଜକୁ ସେତେ ସହଜରେ କରିପାରୁନା। ବଞ୍ଚିବାର ସମସ୍ତ ବିକଳ୍ପ ବନ୍ଦ ହେବାପରେ ହିଁ ଜଣେ ଆତ୍ମହତ୍ୟା କଥା ଚିନ୍ତା କରେ। ତେଣୁ ଛାତ୍ରୀ ସୌମ୍ୟାଶ୍ରୀ କ୍ଷେତ୍ରରେ ମଧ୍ୟ ସେଇୟା ଘଟିଥିବା ଅନୁମାନ କରାଯାଏ। ନିଜ ବିଭାଗୀୟ ମୁଖ୍ୟଙ୍କ ଦ୍ୱାରା ଅତ୍ୟାଚାରିତ ହେଲା ପରେ ସେ ଜଣାଇଛନ୍ତି ମହାବିଦ୍ୟାଳୟ ଅଧ୍ୟକ୍ଷଙ୍କୁ, ଗୁହାରି କରିଛନ୍ତି ଅନେକ ପଦାଧିକାରୀଙ୍କୁ। କେଉଁଠୁ କିଛି ସାହାଯ୍ୟ ସହଯୋଗ ନ ପାଇ ଆତ୍ମାହୁତି ପରି ଚରମ ନିଷ୍ପତ୍ତି ତାଙ୍କୁ ନେବାକୁ ପଡ଼ିଛି। ଶେଷରେ ଚିକିତ୍ସାଧୀନ ଅବସ୍ଥାରେ ଏମ୍ସ ପରିସରରେ ତାଙ୍କର ମୃତ୍ୟୁ ଘଟିଛି। ସେ ଚିର ବିଦାୟ ନେଇଛନ୍ତି ତାଙ୍କୁ ଘେରି ରହିଥିବା ଏକ କୁତ୍ସିତ ପରିବେଶରୁ। ଅନ୍ୟାୟ ବିରୁଦ୍ଧରେ ସାହସର ସହ ଲଢ଼ି ଜୀବନ ଯୁଦ୍ଧରେ ହାରି ଯାଇଛନ୍ତି ମେଧାବୀ ଛାତ୍ରୀ ସୌମ୍ୟାଶ୍ରୀ।

ତାଙ୍କର ମୃତ୍ୟୁ ପରେ ସରକାରଙ୍କର ଚେତା ପଶିଚି। ଦୋଷୀକୁ ସାଲିସବିହୀନ ଦଣ୍ଡ ଦିଆଯିବ ବୋଲି ଘୋଷଣା କରାଯାଇଛି। ମୃତ୍ୟୁ ପୂର୍ବରୁ କାହିଁକି ଏହିଭଳି ସମ୍ବେଦନଶୀଳ ପ୍ରସଙ୍ଗକୁ ଗୁରୁତ୍ୱର ସହ ନିଆଗଲା ନାହିଁ ମହାବିଦ୍ୟାଳୟର ଆଭ୍ୟନ୍ତରୀଣ କମିଟି (ଇଂଟରନାଲ କମ୍ପ୍ଲେଟ ସେଲ, ଆଇସିସି) ଏଚ୍‌ଓଡିଙ୍କୁ ପଦରୁ ହଟାଇବା ପାଇଁ ସୁପାରିସ କରିଥିବା ବେଳେ ତାଙ୍କୁ ହଟାଇବାକୁ ତୁରନ୍ତ ପଦକ୍ଷେପ ନିଆଗଲା ନାହିଁ କାହିଁକି ?

ସୌମ୍ୟାଶ୍ରୀ ମୃତ୍ୟୁ ଘଟଣା ପରେ ରାତାରାତି ଉଚ୍ଚଶିକ୍ଷା ବିଭାଗ ଆଇସିସିର କାର୍ଯ୍ୟକାରିତା ସମ୍ବନ୍ଧରେ ଉଚ୍ଚ ଶିକ୍ଷାନୁଷ୍ଠାନମାନଙ୍କଠାରୁ ଚବିଶଘଣ୍ଟା ମଧ୍ୟରେ ରିପୋର୍ଟ ତଲବ କରିଛନ୍ତି। ବିଶ୍ୱବିଦ୍ୟାଳୟ ଅନୁଦାନ ଆୟୋଗ (ୟୁ.ଜି.ସି.) ୨୦୧୫ରେ ଆଇସିସି ଉପରେ ଦେଇଥିବା ନିର୍ଦ୍ଦେଶାବଳୀକୁ କଡ଼ାକଡ଼ି ଭାବେ ପାଳନ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଆଇସିସି ସଦସ୍ୟଙ୍କ ନାମ, ଫୋନ୍ ନମ୍ବର ଆଦି ତଥ୍ୟକୁ କ୍ୟାମ୍ପସର ପ୍ରମୁଖ ସ୍ଥାନମାନଙ୍କରେ ପ୍ରଦର୍ଶିତ କରାଯିବା ସହ ସମ୍ବନ୍ଧିତ ତଥ୍ୟ ହାୟର ଏଜୁକେସନ୍ ଆଣ୍ଡ ମ୍ୟାନେଜମେଣ୍ଟ ସିଷ୍ଟମ(ଏଚଇଏମଏସ୍) ପୋର୍ଟାଲରେ ଜିଓଟ୍ୟାଗ୍‌ଡ୍ ଫଟୋ ଅପଲୋଡ୍ କରିବାକୁ ନିର୍ଦ୍ଦେଶ ଜାରି ହୋଇଛି। କର୍ମକ୍ଷେତ୍ରରେ ଯୌନ ନିର୍ଯାତନା ଆଇନ ୨୦୧୩ ସମ୍ପର୍କରେ ସଚେତନତା କାର୍ଯ୍ୟକ୍ରମ, କର୍ମଶାଳା ଆଦି ଆୟୋଜନ କରିବାକୁ ସମସ୍ତ ମହାବିଦ୍ୟାଳୟ ଏବଂ ବିଶ୍ୱବିଦ୍ୟାଳୟ କର୍ମକର୍ତ୍ତାଙ୍କୁ ପରାମର୍ଶ ଦିଆଯାଇଛି। ଫ୍ୟାକ୍ଟ ଫାଇଣ୍ଡିଙ୍ଗ କମିଟି ଗଢ଼ି ସାତଦିନ ଭିତରେ ରିପୋର୍ଟ ଦେବାକୁ ୟୁଜିସି ଆଗ୍ରହ ପ୍ରକାଶ କରିଛି। ଛାତ୍ରୀଙ୍କ ପରିବାରକୁ ସରକାର ସହାୟତା ରାଶି ଘୋଷଣା କରିଛନ୍ତି। ଏ ସବୁ ନିଶ୍ଚିତଭାବେ ସ୍ୱାଗତଯୋଗ୍ୟ ପଦକ୍ଷେପ। କିନ୍ତୁ ବିଡ଼ମ୍ବନାର ବିଷୟ ହେଉଛି ଏ ସମସ୍ତ କ୍ରିୟାନୁଷ୍ଠାନ ମୁଖ୍ୟତଃ ଆରମ୍ଭ ହୋଇଛି ଛାତ୍ରୀଙ୍କର ମୃତ୍ୟୁ ପରେ। ଏଭଳି ତତ୍ପରତା ଆଗରୁ ପ୍ରକାଶ ପାଇଥିଲେ ହୁଏତ ଏ ଅଘଟଣକୁ ରୋକାଯାଇ ପାରିଥା'ନ୍ତା। ନିଜ କଲେଜ କ୍ୟାମ୍ପସରେ ଜଳିଯିବା ଆମ ସମଗ୍ର ଶିକ୍ଷା ବ୍ୟବସ୍ଥାପ୍ରତି ପ୍ରଶ୍ନବାଚୀ ସୃଷ୍ଟି କରୁ ନାହିଁକି ?

ପୁନଶ୍ଚ, ନିଆଁ ଲାଗି ଜୀବନ ବିକଳରେ ଦୌଡୁଥିବା ବେଳେ ଏତେ ବଡ଼ ଅନୁଷ୍ଠାନର ଛାତ୍ରଛାତ୍ରୀ, କର୍ମଚାରୀଗଣ ଯଦି ନିଜର ସାର୍ଟ, ଓଢ଼ଣୀ ଆଦି ଘୋଡ଼ାଇ ଦେଇଥା'ନ୍ତେ ବା ବାଲି ମୁଠାଏ ମୁଠାଏ ଫିଙ୍ଗି ଦେଇଥା'ନ୍ତେ ତା'ହେଲେ ହୁଏତ ପରିସ୍ଥିତି ଆଜି ଭିନ୍ନ ହୋଇଥା'ନ୍ତା। କେବଳ ଜ୍ୟୋତିପ୍ରକାଶ କାହିଁକି? କେଉଁଠି ହଜିଗଲା ଆମ ସମସ୍ତଙ୍କର ନୈତିକତା? ଜଳିଯାଉଥିବା ଝିଅଟିକୁ ଅସହାୟ ଭାବେ ଦେଖିବା, ମାନବିକତାର ସମସ୍ତ ସୀମା ଉଲଙ୍ଘନ କରି ତା'ର ଭିଡିଓ ଉତ୍ତୋଳନ କରିବା, ଏଇୟା କ'ଣ ଗୋଟେ ପ୍ରଖ୍ୟାତ ଶିକ୍ଷାନୁଷ୍ଠାନର ମୂଲ୍ୟବୋଧ ?

ସୌମ୍ୟାଶ୍ରୀଙ୍କ ଆତ୍ମଦାହ ଖାଲି ଏକ ଦୁର୍ଘଟଣା ବା ଦୁଃଖଦ ମୃତ୍ୟୁ ନୁହେଁ। ଅନ୍ୟାୟ ବିରୁଦ୍ଧରେ ଲଢ଼ିବାର ସାହସ ରଖୁଥିବା ଏକ ଛାତ୍ରୀର ବଳିଦାନ, ଯାହାର ଦୁଇ ତିନିଦିନ ନ ପୂରୁଣୁ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟରେ ସେମିତି ଏକ ଘଟଣା ସାମ୍ନାକୁ ଆସିଛି। ସମ୍ପୃକ୍ତ ଅଧ୍ୟାପକ ଗିରଫ ହୋଇଛନ୍ତି। ସୌମ୍ୟାଶ୍ରୀଙ୍କ ଆତ୍ମାହୁତି ହୁଏତ ଏହିପରି ଶୋଷିତ ଛାତ୍ରୀଙ୍କୁ ନିର୍ଭୀକ ହୋଇ ଆଗକୁ ଆସିବାକୁ ସାହସ ଯୋଗାଇବ।

ଶିକ୍ଷା ଅନୁଷ୍ଠାନ ହେଉଛି ଜୀବନ ନିର୍ମାଣର ପବିତ୍ର ଦେବାଳୟ। ସମସ୍ତ ଅନୁଷ୍ଠାନର କର୍ତ୍ତୃପକ୍ଷ, ଶିକ୍ଷକ, ବିଦ୍ୟାର୍ଥୀ ସମସ୍ତେ ଆତ୍ମସମୀକ୍ଷା କରି ନିଜକୁ ଦେଖନ୍ତୁ। କୌଣସି ସମସ୍ୟାରେ ଥିଲେ ବିଦ୍ୟାର୍ଥୀମାନେ ବିଚଳିତ ନ ହୋଇ ସେ ବିଷୟରେ ଅନ୍ୟଙ୍କୁ ଅବଗତ କରାନ୍ତୁ। ପିତାମାତା, ଶିକ୍ଷକ, ସାଙ୍ଗସାଥର କିଏ ନା କିଏ ତ ସାହାଯ୍ୟ କରିବାକୁ ଆଗେଇ ଆସିବ। ସହଯୋଗର ହାତ ବଢ଼ାଇବ। ସୌମ୍ୟାଶ୍ରୀଙ୍କ ବଳିଦାନ ବ୍ୟର୍ଥ ନ ଯାଉ। ଆଉ କେଉଁ ଅମୂଲ୍ୟ ଜୀବନ ଅକାଳରେ ଝଡ଼ି ନ ଯାଉ।

ଭୁବନେଶ୍ୱର, ମୋ-୬୩୭୦୧୯୮୫୦୮

## ବାସ୍ତବତାର ଦର୍ପଣ

**ପ୍ରଣତି ଆଚାର୍ଯ୍ୟ ମିଶ୍ର**

ସେହି ମୁହୂର୍ତ୍ତ ଗର୍ବିତ ଥିଲା ଯେତେବେଳେ ଚାନ୍ଦ୍ରାୟଣ-୩ ଚନ୍ଦ୍ରପୃଷ୍ଠରେ ଭାରତର ପତାକା ଉଡ଼ାଇ ବିଜ୍ଞାନର ନୂତନ ଶୀର୍ଷ ଛୁଇଁଥିଲା। ଠିକ୍ ସେହି ସମୟରେ ଭାରତର ଏକ ଗାଁରେ କିଛି ଲୋକ ଗୋଟିଏ ପରିବାରର ପାଞ୍ଚ ଜଣ ସଦସ୍ୟଙ୍କୁ ଡାହାଣୀ ଅଭିଯୋଗରେ ଜୀବନ୍ତ ଜାଳି ଦେଇଥିଲେ। ଏହି ଦୁଇଟି ଘଟଣା କୌଣସି କଳ୍ପନାର ନୁହେଁ ବରଂ ଆମ ସମୟ ଏବଂ ସମାଜର ଦୁଇଟି ପରସ୍ପର ବିରୋଧୀ ବାସ୍ତବତାର ଦର୍ପଣ। ଗୋଟିଏ ପଟେ ମହାକାଶରେ ବିଜୟ ଏବଂ ଅନ୍ୟପଟେ ଅନ୍ଧବିଶ୍ୱାସର ଚୁଲିରେ ଜଳୁଥିବା ମାନବତା। ବିହାରର ପୂର୍ଣ୍ଣିଆ ଜିଲ୍ଲାର ଟେଟଗାମା ଗାଁରେ ତିନି ଜଣ ମହିଳା ଏବଂ ଦୁଇ ଜଣ ପୁରୁଷଙ୍କୁ ଡାହାଣୀ ସନ୍ଦେହରେ ପିଟି ପିଟି ସେମାନଙ୍କ ଉପରେ ପେଟ୍ରୋଲ ଢାଳି ଜୀବନ୍ତ ଜାଳି ଦିଆଯାଇଥିଲା। ପ୍ରାୟ ୧୫୦ ଜଣ ଏହି ଅମାନବୀୟ କାର୍ଯ୍ୟରେ ସାମିଲ ଥିଲେ। ଏହା କେବଳ ହତ୍ୟା ନଥିଲା ବରଂ ଆମର ସଂସ୍କୃତି ଏବଂ ସମ୍ବିଧାନ ଉଭୟରେ ଥିବା ସେହି ତାର୍କିକ ଚେତନାର ପରାଜୟ।

ଏହା କେବଳ ଗୋଟିଏ ଗାଁ କିମ୍ବା ରାଜ୍ୟର ସମସ୍ୟା ନୁହେଁ। ଓଡ଼ିଶାରେ ମଧ୍ୟ ଏଭଳି ଘଟଣା କମ୍ ନୁହେଁ। ଏହା ସେହି ଚିନ୍ତାଧାରାର ପ୍ରତିଫଳନ, ଯେଉଁଠାରେ ଆମେ ବିଜ୍ଞାନର ଦୀପ ନ ଜାଳି ଆଧୁନିକ ହେବାର ଭ୍ରମ ରଖିଥାଉ। ପ୍ରଯୁକ୍ତିବିଦ୍ୟା ପ୍ରଗତିରୁ ଲାଭ କେବଳ କିଛି ମହାନଗର ଏବଂ ଉଚ୍ଚବର୍ଗ ପର୍ଯ୍ୟନ୍ତ ସୀମିତ ରହିବ କି? ବୈଜ୍ଞାନିକ ଚିନ୍ତାଧାରା, ସମ୍ବେଦନଶୀଳତା ଏବଂ ମାନବାଧିକାର ପ୍ରତି ଚେତନା କ'ଣ ଗାଁ ପର୍ଯ୍ୟନ୍ତ ପହଞ୍ଚିଛି? ନା ଆଧୁନିକତା କେବଳ ମୋବାଇଲ୍ ଏବଂ ଇଣ୍ଟରନେଟ୍ ସୁବିଧା ପର୍ଯ୍ୟନ୍ତ ସୀମିତ? ଏଭଳି ଘଟଣା କେବଳ ମାନବାଧିକାରର ଉଲ୍ଲଂଘନ ନୁହେଁ, ବରଂ ସମ୍ବିଧାନ ଏବଂ ଆଇନର ବିଫଳତା ମଧ୍ୟ। ଯେତେବେଳେ ସମଗ୍ର ଗାଁ ଏକ ଅମାନବୀୟ କାର୍ଯ୍ୟରେ ଜଡ଼ିତ ରହେ ଏବଂ ପୁଲିସ-ପ୍ରଶାସନ ନିଷ୍କ୍ରିୟ ହୁଏ, ସେତେବେଳେ ପ୍ରଶ୍ନ ଉଠେ ଗଣତନ୍ତ୍ରର ସ୍ତମ୍ଭ କେବଳ ନିର୍ବାଚନ ଏବଂ ଭାଷଣରେ ସୀମିତ କି? ପୁଲିସର ନିଷ୍କ୍ରିୟତା ଏବଂ ପ୍ରଶାସନର ଉଦାସୀନତା ଏହି ସମଗ୍ର ବ୍ୟବସ୍ଥା ପାଇଁ ଏକ ଗଭୀର ଆଘାତ। ଏହା ଦର୍ଶାଏ ଯେ ସାମ୍ବିଧାନିକ ଢାଞ୍ଚା ମଧ୍ୟରେ ଅନେକ ଫାଟ ଅଛି, ଯାହାକୁ ପୂରଣ କରିବାର ଦାୟିତ୍ୱ କେବଳ ସରକାରଙ୍କର ନୁହେଁ ବରଂ ସମଗ୍ର ସମାଜର।

ତର୍କ, ବିଜ୍ଞାନ ଏବଂ ଜ୍ଞାନ ଆମ ପୂର୍ବପୁରୁଷଙ୍କ ପରମ୍ପରାରେ ବହୁତ ଗୁରୁତ୍ୱପୂର୍ଣ୍ଣ ଥିଲା। ଆର୍ଯ୍ୟଭଟ୍ଟ, ବରାହମିହିର, ଚରକ, ସୁଶ୍ରୁତ ଭଳି ନାମ କେବଳ ଐତିହାସିକ ନୁହେଁ, ବରଂ ଭାରତୀୟବୌଦ୍ଧିକ ପରମ୍ପରାର ମୂଳଦୁଆ। କିନ୍ତୁ ଆଜି କ'ଣ ସେମାନଙ୍କ ଚିନ୍ତାଧାରାର ଛାଇ ଆମ ଗାଁ ଏବଂ ସହର ପର୍ଯ୍ୟନ୍ତ ପହଞ୍ଚିଛି? ଯଦି ଜଣେ ମହିଳା ଅସୁସ୍ଥ ହୋଇ ଡାକ୍ତରଖାନାରେ ଚିକିତ୍ସିତ ହେବା ପରିବର୍ତ୍ତେ ତାଙ୍କୁ ଡାହାଣୀ କହି ପୋଡ଼ି ଦିଆଯାଏ ତେବେ ଏହାର ଅର୍ଥ ହେଉଛି ଆମ ସମାଜ ଅତୀତର କୌଣସି ଏକ ଅନ୍ଧାର କୂଅରେ ପଡ଼ିରହିଛି। ଏହି ସମ୍ପୂର୍ଣ୍ଣ ଆଲୋଚନାରେ ଗଣମାଧ୍ୟମର ଭୂମିକା ମଧ୍ୟ ପରିସରକୁ ଆସେ। ଆଜିର ଗଣମାଧ୍ୟମ କେବଳ ଚାଞ୍ଚଲ୍ୟକର ସମ୍ବାଦ ପରିବେଷଣ ଉପରେ କେନ୍ଦ୍ରିତ। ଘଟଣାର ସମ୍ବେଦନଶୀଳତାକୁ ବୁଝିବା ପରିବର୍ତ୍ତେ ସେମାନେ ତାହାକୁ ଟିଆରପି ଦୌଡ଼ରେ ପରିଣତ କରନ୍ତି। ଅନ୍ଧବିଶ୍ୱାସ, ଅଜ୍ଞତା ଓ କପଟତାର ସମ୍ପୂର୍ଣ୍ଣ ବିନାଶ କରିବା ପାଇଁ ସେମାନେ କେବେ ଚେଷ୍ଟା କରିଛନ୍ତି କି? ସେମାନେ କେବଳ ଘଟଣାର କ୍ଲିପ୍ (ଭିଡିଓ) ତିଆରି କରନ୍ତି। ଭାବପ୍ରବଣତାକୁ ଉତ୍ତେଜିତ କରନ୍ତି। କିନ୍ତୁ କୌଣସି ଆଦର୍ଶଗତ ଆନ୍ଦୋଳନ ଆରମ୍ଭ କରନ୍ତି ନାହିଁ।

ଏପରି ଘଟଣାରେ ଉପସ୍ଥିତ ଜନତାଙ୍କ ସହିତ ଆହୁରି ଅଧିକ ଦାୟୀ ସେହି ଅନୁଷ୍ଠାନଗୁଡ଼ିକ, ଯେଉଁମାନେ ସମାଜକୁ ଦିଗଦର୍ଶନ ଦେବା ପାଇଁ ଉଦ୍ଦିଷ୍ଟ। ସେଗୁଡ଼ିକ ହେଲେ ଶିକ୍ଷାନୁଷ୍ଠାନ, ଧାର୍ମିକ ସଂଗଠନ, ପଞ୍ଚାୟତ ଓ ପ୍ରଶାସନିକ ବ୍ୟବସ୍ଥା। ଟିଭି ଚ୍ୟାନେଲଗୁଡ଼ିକ କେବଳ ଶାଶୂ-ବୋହୂ ନାଟକ ଦେଖାଇବା ପରିବର୍ତ୍ତେ 'ଯାଦୁମନ୍ତ୍ରବିଦ୍ୟା ବନ୍ଦ କର' ଭଳି ଅଭିଯାନକୁ ପ୍ରାଥମିକତା ଦେବା ଉଚିତ। ପ୍ରତି ମାସରେ ପଞ୍ଚାୟତରେ ତର୍କଭିତ୍ତିକ ଆଲୋଚନା ହେବା ଉଚିତ। ସ୍କୁଲଗୁଡ଼ିକରେ ଛାତ୍ରଛାତ୍ରୀମାନଙ୍କୁ ସାମାଜିକ ଚେତନାର ପାଠ ମଧ୍ୟ ପଢ଼ାଯିବା ଉଚିତ।

ସନାତନ ପରମ୍ପରାର ମୌଳିକ ଉପାଦାନଗୁଡ଼ିକ ହେଉଛି କରୁଣା ଓ ଜ୍ଞାନ। ସମାଜରେ ସନାତନର ସେହି ମୂଲ୍ୟବୋଧଗୁଡ଼ିକୁ ପୁନଃସ୍ଥାପିତ କରିବାକୁ ପଡ଼ିବ, ଯାହା ପ୍ରତ୍ୟେକ ଜୀବରେ ଆତ୍ମାକୁ ଦେଖାଏ। ଭାରତ ବୈଷୟିକ ଦକ୍ଷତାର ପ୍ରତୀକ ଚନ୍ଦ୍ରାୟଣ-୩ ଯେତେବେଳେ ଚନ୍ଦ୍ରରେ ଅବତରଣ କରେ ସେତେବେଳେ ଭାରତର ଆତ୍ମା ମଧ୍ୟ ଆକାଶକୁ ସ୍ପର୍ଶ କରିବାକୁ ଆକାଂକ୍ଷା ରଖେ। କିନ୍ତୁ ଯେତେବେଳେ ଜଣେ ମହିଳାଙ୍କୁ ଡାହାଣୀ ଅଭିଯୋଗରେ ଜୀବନ୍ତ ଜଳାଇ ଦିଆଯାଏ ସେହି ଆତ୍ମା ଚିତ୍କାର କରେ। ଏହା ଆମ ସମୟର ବିରୋଧାଭାସ। ଗୋଟିଏ ପଟେ ବିଜ୍ଞାନ ଅନ୍ୟପଟେ ଅନ୍ଧବିଶ୍ୱାସ। ଗୋଟିଏ ପଟେ ମହାକାଶରେ ସଫଳତା ଅନ୍ୟପଟେ ସାମାଜିକ ଅବକ୍ଷୟ। ଭାରତର ଭବିଷ୍ୟତ ସେତେବେଳେ ସୁରକ୍ଷିତ ହେବ, ଯେତେବେଳେ ବିଜ୍ଞାନ ଓ ଜ୍ଞାନର ଆଲୋକ ପ୍ରତ୍ୟେକ ଗାଁ, ଘର ଏବଂ ମନରେ ପହଞ୍ଚିବ। 'ତମସୋ ମା ଜ୍ୟୋତିର୍ଗମୟ' କେବଳ ଏକ ଶ୍ଳୋକ ହେବା ଉଚିତ୍ ନୁହେଁ। ଏହା ଏକ ସାମାଜିକ ଅଭିଯାନ ହେବା ଉଚିତ୍। ଅଜ୍ଞତାରୁ ଜ୍ଞାନ, ଅନ୍ଧାରରୁ ଆଲୋକ, ହିଂସାରୁ କରୁଣା।

ନୟାଗଡ଼, ମୋ: ୯୪୩୭୬୪୨୯୪୭

## ଆମ ବୃକ୍ଷଲତା ଆମ ଜୀବନ

**ଦକ୍ଷିଣ କବାଟ**

**ପ୍ରକୃତି-ପରିବେଶ**

**ସୌଭାଗ୍ୟସୁନ୍ଦର**

ଦକ୍ଷିଣ କବାଟ ଏକ ବଡ଼ ପର୍ଣ୍ଣମୋଚୀ ଗଛ, ଯାହା ଭାରତ ଓ ଶ୍ରୀଲଙ୍କାରେ ପ୍ରାୟ ସବୁଠାରେ ଦେଖାଯାଏ। ଏହା ଏକ ବହୁମୁଖୀ ବୃକ୍ଷ। ତେଣୁ ସାଧାରଣତଃ ସ୍ୱର୍ଗର ଉଦ୍ଭିଦ ଭାବରେ ଲୋକକଥା ରହିଛି। କିନ୍ତୁ ତାମିଲରେ ଏହାର ଅପ୍ରୀତିକର ଗନ୍ଧ ଯୋଗୁଁ ଏହାକୁ 'ପାଇ-ନାରି ମାରାମ' ବୋଲି କୁହାଯାଏ। ଏହା ସେହି ଅଞ୍ଚଳରେ ଭଲ ବଢ଼ିଥାଏ, ଯେଉଁଠାରେ ବାର୍ଷିକ ଦିନର ତାପମାତ୍ରା ୨୦ - ୪୦ ଡିଗ୍ରୀ ସେଣ୍ଟିଗ୍ରେଡ ମଧ୍ୟରେ ଥାଏ, ତା'ଠାରୁ କମ୍ ବା ଅଧିକ ଉତ୍ତାପ ସହ୍ୟ କରିପାରେ ନାହିଁ। ସୀମା ଚିହ୍ନିତ କରିବା ଏବଂ ମୃତ୍ତିକା କ୍ଷୟକୁ ରୋକିବା ପାଇଁ 'ଦକ୍ଷିଣ କବାଟ' ଜମି ହିଡ଼ ଏବଂ ନଦୀର ଧାରରେ ଲଗାଯାଏ।

'ଦକ୍ଷିଣ କବାଟ' ପ୍ରାୟ ୧୫ ମିଟର ଉଚ୍ଚତା ପର୍ଯ୍ୟନ୍ତ ବଢ଼ିଥାଏ। ଏହାର ଛାଲି ହାଲୁକା ଧୂସର-ବାଦାମୀ, ତନ୍ତୁମୟ କିମ୍ବା ଗ୍ରନ୍ଥଯୁକ୍ତ, ରୁକ୍ଷ, ଡାଳଗୁଡ଼ିକ ସ୍ଥାୟୀ ପତ୍ର ଦାଗ ସହିତ ଥାଏ। ଗଣ୍ଠିରୁ ଗୋଟିଏ ଲେଖା ପତ୍ର ବିକଳ୍ପ ଦିଗରେ ଉତ୍ପତ୍ତି ହୋଇଥାଏ। ୨୦-୮୦ ସେମି ଲମ୍ବ ବିଶିଷ୍ଟ ପତ୍ରଗୁଡ଼ିକର ଅଂଶର ଧାର ଅନିୟମିତ ଭାବରେ ଦନ୍ତଯୁକ୍ତ। ସବୁଜ-ହଳଦିଆ ରଙ୍ଗର ଫୁଲଗୁଡ଼ିକ ଏକଲିଙ୍ଗୀ, ଆୟତନରେ ଛୋଟ, ଅନେକ ଅକ୍ଷିରୀ କିମ୍ବା ଶେଷ ପ୍ୟାନିକେଲରେ ସଜ୍ଜିତ ଥାଏ, ଦୁର୍ଗନ୍ଧ ନିର୍ଗତ କରେ; ଫୁଲର ବାହ୍ୟ ଆବରଣ ବା ସେପାଲ୍ ୫ଟି ଏବଂ ପାଖୁଡ଼ା ୫ଟି ଲେଖା ଥାଏ। ଜାନୁଆରୀ-ମାର୍ଚ୍ଚ ମାସ ପର୍ଯ୍ୟନ୍ତ ଫୁଲ ଫୁଟିଥାଏ ଏବଂ ଜୁଲାଇ ପର୍ଯ୍ୟନ୍ତ ଫଳ ଦେଇଥାଏ। ଫଳ ଏକବୀଜ ବିଶିଷ୍ଟ ସମାରା, ଚେପଟା, ୫ ସେମି ଲମ୍ବ।

ଆୟୁର୍ବେଦ, ଲୋକାଚାର ଏବଂ ସିଦ୍ଧ ପ୍ରଣାଳୀରେ ଏହା ଏକ ଗୁରୁତ୍ୱପୂର୍ଣ୍ଣ ଔଷଧୀୟ ଉଦ୍ଭିଦ। ଗଛର ଅଠା ଓ ପତ୍ରରେ ପ୍ରାଥମିକତା ଭାବରେ ଆରୋଗ୍ୟ ଗୁଣ ଅଛି। ଗଛର ଛାଲ ତିକ୍ତ, ଆଣ୍ଟିସ୍ପାସ୍ମୋଡିକ୍, ଆଣ୍ଟିହେଲମିନ୍ଥକ, ଆଣ୍ଟିଆମୋଏବିକ୍, ଆଣ୍ଟିପ୍ଲାଜମୋଡିଆଲ୍, ଆଣ୍ଟି-ଇନ୍‌ଫ୍ଲାମେଟରୀ, ଆଣ୍ଟିଡାଇରିଆଲ୍, ଆଣ୍ଟିଫର୍ଟିଲିଟି, ଆଣ୍ଟିଅକ୍ସିଡାଣ୍ଟ ଏବଂ ଆଣ୍ଟିମାଇକ୍ରୋବାୟଲ୍, ଆଣ୍ଟିସେପ୍ଟୋରାଣ୍ଟ ଗୁଣରେ ଭରପୂର। ଛାଲି ଏକ ଜ୍ୱରକ ଭାବରେ କାର୍ଯ୍ୟ କରେ। ବୃକ୍ଷର ବିଭିନ୍ନ ଅଂଶକୁ ଶ୍ୱାସରୋଗ, ପତଳା ଝାଡ଼ା, ପ୍ରସବ ପରବର୍ତ୍ତୀ ଟନିକ୍ ଏବଂ ପରବର୍ତ୍ତୀ ଯନ୍ତ୍ରଣା ଉପଶମ, ମଳକଣ୍ଟକ, ଲ୍ୟୁକୋରିଆ ଆଦିର ଉପଚାରରେ ଫଳପ୍ରଦ ବ୍ୟବହାର କରାଯାଏ। ଏହା ଏକ ଲାର୍ଗାକ୍ଟିର, ଯାହା ସ୍କିଜୋଫ୍ରେନିଆ, ପାରାନୋଇଆ (ଭ୍ରମ ଏବଂ ଅତ୍ୟନ୍ତ ଚିନ୍ତିତ କିମ୍ବା ନର୍ଭସ ଅନୁଭବ କରିବା), ମାନିଆ (ଅତି ସକ୍ରିୟ ଆଚରଣ), ଚିନ୍ତା, ଉତ୍ତେଜନା ଏବଂ ବିପଜ୍ଜନକ ଭାବରେ ଆବେଗପୂର୍ଣ୍ଣ ଆଚରଣ ଆଦି ମାନସିକ ଚିକିତ୍ସା ପାଇଁ ବ୍ୟବହୃତ ହୁଏ। ଏହି ଗଛରେ ପ୍ରୋଟିନ୍, ଫ୍ୟାଟି ଏସିଡ୍ ଓ କାର୍ବୋହାଇଡ୍ରେଟ୍ ବ୍ୟତୀତ ଆଲକାଲଏଡ୍ ଓ ଫ୍ଲାଭୋନଏଡ୍ ଭଳି ଅନେକ ଫାଇଟୋକେମିକାଲ୍ ଥିବା ଜଣାଯାଏ। ଆଇଲାନ୍‌ଠିଥଓନ୍, ଗ୍ଲୁକାରୁବିନୋନ୍ ଓ ଗ୍ଲୁକାରୁବୋଲ୍ ୧୫-ଆଇସୋଭାଲେରେଟ୍ ଏବଂ ଡିହାଇଡ୍ରୋଗ୍ଲୁକାରୁବୋଲ୍, ଆଇସୋଭାଲେରେଟ୍‌ର ମିଶ୍ରଣରେ ଭରପୂର ମୂଳ ଛାଲର ନିର୍ଯାସ ଟ୍ୟୁମର ଓ ସାଇଟୋଟକ୍ସିକ କାର୍ଯ୍ୟକଳାପ ପାଇଁ ଦାୟୀ ଯୌଗିକ ଭାବରେ ଦେଖାଯାଏ।

ବାୟୁମଣ୍ଡଳରେ ଝୁଲି ରହୁଥିବା ହାନିକାରକ ପିଏମ୍ କଣିକାକୁ ଧରି ରଖିବାରେ ଦକ୍ଷିଣ କବାଟ ସର୍ବୋତ୍ତମ ଦକ୍ଷ ବୃକ୍ଷ। ତେଣୁ ପ୍ରଦୂଷିତ ଅଞ୍ଚଳମାନଙ୍କରେ ଏହାକୁ ଲଗାଇବା ପାଇଁ ସୁପାରିସ କରାଯାଏ। ଫଳଟି ଖାଦ୍ୟ ଉପଯୋଗୀ ନୁହଁ। ତେଣୁ ଗୋରୁଗାଈ ଏହାକୁ ଖାଆନ୍ତି ନାହିଁ। କିନ୍ତୁ ସବୁଜ ସାର ପାଇଁ ଭଲ। ତେବେ ଏହାର ପତ୍ରଗୁଡ଼ିକ ଗାଈ, ଛେଳି, ମେଣ୍ଢା ଏବଂ ଓଟଙ୍କ ପାଇଁ ବିକଳ୍ପ ଖାଦ୍ୟ ଭାବରେ ବ୍ୟବହୃତ ହୁଏ। ଏହାର କାଠ ନରମ, ଦିଆସିଲି କାଠି ଏବଂ କାଠ ପ୍ୟାକେଜିଂ ବାକ୍ସ ଶିଳ୍ପ, ରାଜସ୍ଥାନୀ କଠଉ ଶିଳ୍ପ ଏବଂ କାଟାମାରାନ୍ (ଡଙ୍ଗା ଏବଂ ଜାହାଜରେ ବ୍ୟବହାର ଉପକରଣ) ନିର୍ମାଣ ପାଇଁ ବ୍ୟବହୃତ ହୁଏ। ଏହାକୁ ସୁରକ୍ଷିତ କୀଟନାଶକ ଭାବରେ ବିବେଚନା କରାଯାଇପାରିବ। ଏହାର ପରାଗରେ ଆଲର୍ଜେନିକ୍ ପ୍ରୋଟିନ୍ ମଧ୍ୟ ଥାଏ ଯାହା ବିଭିନ୍ନ ଶ୍ୱାସକ୍ରିୟା ରୋଗର କାରଣ ହୁଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପଲ୍ଲୀସଭାରେ ପୁଲିସର ଆକ୍ରମଣକୁ ନିନ୍ଦା

## ଆଦିବାସୀଙ୍କୁ ଦମନ ପାଇଁ ନୂତନ ପୁଲିସ ଜିଲ୍ଲା ଗଠନ: ମାସା



ବାରିପଦା/ରାଇରଙ୍ଗପୁର,୨୦।୭ (ସମିସ): ରାଇରଙ୍ଗପୁର ବ୍ଲକ ଅଧୀନ ପୁରୁଣାପାଣି ପଞ୍ଚାୟତ କଣ୍ଟାବଣୀ ଉଚ୍ଚପ୍ରାଥମିକ ବିଦ୍ୟାଳୟ ପରିସରରେ ଇଡକୋ ନିମନ୍ତେ ଜମି ଅଧିଗ୍ରହଣ ଓ ରୁଙ୍ଗଟା କମ୍ପାନୀର ପ୍ରସ୍ତାବିତ ଇସ୍ପାତ ଶିଳ୍ପ ପ୍ରତିଷ୍ଠା ନେଇ ଜନମତ ସଂଗ୍ରହ ପାଇଁ ଅନୁଷ୍ଠିତ ଗ୍ରାମସଭାରେ ଆଦିବାସୀଙ୍କୁ ପୁଲିସର ଆକ୍ରମଣକୁ ସବୁ ମହଲରେ ନିନ୍ଦା କରାଯାଇଛି। ଏଥିସହ ରାଇରଙ୍ଗପୁରକୁ ନୂତନ ପୁଲିସ ଜିଲ୍ଲା ଘୋଷଣା ଡବଲ ଇଞ୍ଜିନ ସରକାରଙ୍କ ଆଦିବାସୀଙ୍କୁ ଦମନ ଉଦ୍ଦେଶ୍ୟ ବୋଲି 'ମାସା'ର ରାଜ୍ୟ ଅଧ୍ୟକ୍ଷ ସୁକୁଲାଲ ମାରାଣ୍ଡି ଅଭିଯୋଗ କରିଛନ୍ତି। ଶ୍ରୀ ମାରାଣ୍ଡି ରବିବାର ସନ୍ଧ୍ୟାରେ ଆକ୍ରମଣ ଘଟଣାରେ ଜଡ଼ିତ ଅଧିକାରୀ ଓ କର୍ମଚାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବିରେ ଏସ୍‌ପି ବରୁଣ ଗୁଣ୍ଟୁପାଲ୍ଲୀଙ୍କୁ ଅଭିଯୋଗପତ୍ର ପ୍ରଦାନ କରିଛନ୍ତି। ତତ୍‌ସହିତ ଜନମତରେ ଶିଳ୍ପକୁ ବିରୋଧ କରୁଥିବା ଲୋକଙ୍କ ସଂଖ୍ୟା ଅଧିକ ଥିବାରୁ ସରକାର ଜମି ଅଧିଗ୍ରହଣରୁ ନ ଦୂରେଇଲେ ବ୍ୟାପକ ଆନ୍ଦୋଳନ ଚେତାବନୀ ଦେଇଛନ୍ତି ।

ସୂଚନାଯୋଗ୍ୟ, ଜମି ଅଧିଗ୍ରହଣ ଓ ଶିଳ୍ପ ପ୍ରତିଷ୍ଠା ପାଇଁ ପଲ୍ଲୀସଭାରେ ପ୍ରଶାସନ ପକ୍ଷରୁ ପକ୍ଷପାତିତା କରାଯାଉଥିବା ଅଭିଯୋଗରେ ଶନିବାର ସନ୍ଧ୍ୟାରେ ଉପସ୍ଥିତ ଜନସାଧାରଣ ଉତ୍ତ୍ୟକ୍ତ ହୋଇଥିଲେ। ଅଭିଯୋଗ ଅନୁସାରେ ସପକ୍ଷବାଦୀଙ୍କ ଦସ୍ତଖତ ସଂଗ୍ରହ କରାଯାଇଥିବା ବେଳେ ବିପକ୍ଷବାଦୀଙ୍କ ଦସ୍ତଖତ ଗ୍ରହଣ କରା ନଯାଇ ଗ୍ରାମସଭାସ୍ଥଳରୁ ଜନମତ ସଂଗ୍ରହ ଖାତା ଧରି ରାଇରଙ୍ଗପୁର ବିଡିଓ ଲୁଚି ପଳାଇଥିଲେ। ଫଳରେ କଣ୍ଟାବଣୀ ଗ୍ରାମବାସୀ ବିଡିଓଙ୍କ କାର୍ଯ୍ୟାଳୟରେ ପହଞ୍ଚି ଜନମତ ଖାତା ଦେଖାଇବାକୁ ଅଡ଼ି ବସିଥିଲେ ଏବଂ ଫଳାଫଳ ଜଣାଇବାକୁ ଦାବି କରିଥିଲେ। ଗ୍ରାମସଭା ସକାଳ ୧୦ଟା ସମୟରୁ ଆରମ୍ଭ ହୋଇଥିବା ବେଳେ ରାତି ୮ଟା ପର୍ଯ୍ୟନ୍ତ ଉତ୍ତେଜନା ପୂର୍ଣ୍ଣ ଛକ୍କାପଞ୍ଝା ଚାଲିଥିଲା। ପରେ ପୁଲିସ ପ୍ରଶାସନ ପକ୍ଷରୁ ବ୍ଲକ୍ କାର୍ଯ୍ୟାଳୟ ପରିସରରୁ ଗ୍ରାମବାସୀଙ୍କୁ ବାହାରି ଯିବାକୁ କହିଥିଲେ। ମାତ୍ର ଲୋକେ ଫଳାଫଳ ନଜାଣି ସେଠାରୁ ହଟିବାକୁ ରାଜି ହୋଇ ନଥିଲେ। ଫଳରେ ବ୍ଲକ ପରିସରରୁ ଲାଇଟ୍‌କୁ ବନ୍ଦ କରାଯିବା ସହିତ ସେଠାରେ ଉପସ୍ଥିତ ଥିବା ମହିଳା, ପୁରୁଷମାନଙ୍କୁ ଜବରଦସ୍ତ ଧକ୍କାଦେଇ ବାହାର କରିବାକୁ ଉଦ୍ୟମ କରିଥିଲା ପୁଲିସ୍। ପୁରୁଷ ପୁଲିସମାନେ ମହିଳାମାନଙ୍କୁ ଧକ୍କା ଦେବା ସହ ଦୁର୍ବ୍ୟବହାର ମଧ୍ୟ କରିଥିଲେ।

ଘଟଣାକୁ ସେଠାରେ ଉପସ୍ଥିତ ଥିବା ଟ୍ରାଇବ ଟିଭିର ପ୍ରତିନିଧି ବାରିଆଲ ହେମ୍ବ୍ରମ ଏସବୁ ଦୃଶ୍ୟ ଉତ୍ତୋଳନ କରୁଥିବା ବେଳେ ରାଇରଙ୍ଗପୁର ଏସ୍‌ଡିପିଓଙ୍କ ଆଦେଶ କ୍ରମେ ତାଙ୍କୁ ଟାର୍ଗେଟ କରାଯାଇଥିଲା। ପୁଲିସ କର୍ମଚାରୀଙ୍କ ଦ୍ୱାରା ମୋବାଇଲ ଛଡ଼ାଇ ନେବାକୁ ଉଦ୍ୟମ କରାଯିବା ସହ ତଳେ ପକାଇ ଲାଠିରେ ମାଡ଼ ମରାଯାଇଥିଲା। ଏଥିରେ ତାଙ୍କ ମୁଣ୍ଡ ଫାଟି ପ୍ରବଳ ରକ୍ତସ୍ରାବ ହୋଇଥିଲା। କୌଣସି ମତେ ସେ ସେଠାରୁ ଖସି ପଳାଇବାରେ ସଫଳ ହୋଇଥିବା ବେଳେ ତାଙ୍କୁ ସେଠାରୁ ଉଦ୍ଧାର କରାଯାଇ ରାଇରଙ୍ଗପୁର ଉପଖଣ୍ଡ ଡାକ୍ତରଖାନାକୁ ନିଆଯାଇଥିଲା। ସେଠାରେ ତାଙ୍କୁ ପ୍ରାଥମିକ ଚିକିତ୍ସା ପରେ ବାରିପଦା ପିଆରଏମ୍ ମେଡିକାଲକୁ ସ୍ଥାନାନ୍ତର କରାଯାଇଥିଲା। ଘଟଣାକୁ ରାଇରଙ୍ଗପୁର ଉପଖଣ୍ଡ ସାମ୍ବାଦିକ ପରିବାର ପକ୍ଷରୁ ନିନ୍ଦା କରାଯିବା ସହିତ ତାଙ୍କର ଆଶୁ ଆରୋଗ୍ୟ କାମନା କରାଯାଇଛି। ନିରୀହ ସାଧାରଣ ଲୋକଙ୍କ ଉପରେ ଅତ୍ୟାଚାର କରାଯିବା ଉଦ୍ଦେଶ୍ୟରେ ପୁଲିସ ପ୍ରଶାସନର ଆକ୍ରମଣର କାର୍ଯ୍ୟଧାରାକୁ ନିନ୍ଦା କରାଯାଇଥିଲା। ଚତୁର୍ଥ ସ୍ତମ୍ଭ ଗଣମାଧ୍ୟମ ପ୍ରତିନିଧି ଯଦି ସୁରକ୍ଷିତ ନୁହନ୍ତି ତେବେ ସାଧାରଣ ଜନତା କେତେ ସୁରକ୍ଷିତ ବୋଲି ସମସ୍ତେ ପ୍ରଶ୍ନ କରିଛନ୍ତି।

ସେହିପରି ଅନ୍ତର୍ଜାତୀୟ ମାନବାଧିକାର ରକ୍ଷକ ସଂଗଠନର ବହଳଦା ବ୍ଲକ୍ ସଭାପତି ପିତାମ୍ବର ମୁର୍ମୁ ଓ ମାସା ଆର୍ମୀ ସଂଗଠନର ରାଜ୍ୟ ଅଧ୍ୟକ୍ଷ ସୁକଲାଲ ମାର୍ଣ୍ଡି, ମୟୂରଭଞ୍ଜ ପିଢ ପାରଗାନା ମାହାଲ ସଦସ୍ୟ, ଜିଲ୍ଲା ପରିଷଦ ପରେଶ ଚନ୍ଦ୍ର ମୁଣ୍ଡା, ପଶ୍ଚିମ ମୟୂରଭଞ୍ଜ କଂଗ୍ରେସ ଦଳର ସଭାପତି ଭବନ ବିହାରୀ ସାହୁ, ଓଡ଼ିଶା ଆଦିବାସୀ ମର୍ଚ୍ଚା ସଭାପତି ତଥା କେନ୍ଦୁଝରର ପୂର୍ବତନ ସାଂସଦ ଅନନ୍ତ ନାରାୟଣ ସିଂ ଲାଗୁରୀ, ପୂର୍ବତନ ବିଧାୟକ ପ୍ରହ୍ଲାଦ ପୂର୍ତ୍ତି, କଂଗ୍ରେସ ନେତା ରୂପକ ମହାନ୍ତି, ଲକ୍ଷ୍ମଣ ହେମ୍ବ୍ରମ, ଭାଗବତ ମାଝୀ, ଆଦିବାସୀ ସୋସିଓ ଏଜୁକେଶନର ମାଝୀ ପାରଗାନା ସହିତ ସଭାପତି ଶ୍ରୀ ହେମ୍ବ୍ରମ, ସମ୍ପାଦକ ଜିତେନ୍ଦ୍ର ହାଁସଦାଃ, ସାଲୁ କିସ୍କୁ ଓ ବିଭିନ୍ନ ଦଳର ଅନ୍ୟାନ୍ୟ ସଦସ୍ୟଙ୍କ ସହ ପହଞ୍ଚି ପୁଲିସ୍ ମାଡ଼ରେ ଆହତ ଗଣମାଧ୍ୟମ ପ୍ରତିନିଧି ବାରିଆଲ ହେମ୍ବ୍ରମଙ୍କ ସହ ଘଟଣା ବିଷୟରେ ଆଲୋଚନା କରିବା ସହିତ ଆଶୁ ଆରୋଗ୍ୟ କାମନା କରିଥିଲେ।

ପୁଲିସ୍‌ର ଏହି ବର୍ବର ଆକ୍ରମଣ ଘଟଣାକୁ ନିନ୍ଦା କରିଥିଲେ। ଶିଳ୍ପ ପ୍ରତିଷ୍ଠା ନେଇ ପ୍ରଶାସନ ପକ୍ଷରୁ ନିରପେକ୍ଷ ଭାବେ ଜନମତ ସଂଗ୍ରହ କରାଯିବା ଉଚିତ୍। ତେବେ ସର୍ବ ସମ୍ମୁଖରେ ଶିଳ୍ପପତିଙ୍କ ସପକ୍ଷରେ ଚଞ୍ଚକତା କରାଯିବା ସହିତ ଗ୍ରାମବାସୀଙ୍କ ଉପରେ ଆକ୍ରମଣ କରାଯାଇଥିବା ଘଟଣା ବିରୁଦ୍ଧରେ ସ୍ୱର ଉତ୍ତୋଳନ କରାଯିବ ବୋଲି ପ୍ରକାଶ କରିଥିଲେ। ଘଟଣାରେ ପୁଲିସ ପକ୍ଷରୁ ଗ୍ରାମବାସୀଙ୍କ ବିରୋଧରେ ମାମଲା ରୁଜୁ କରାଯିବାକୁ ମଧ୍ୟ ସମସ୍ତେ ନାପସନ୍ଦ କରିଛନ୍ତି। ଅତିରିକ୍ତ ଏସପି ଯଦୁନାଥ ଯେନାଙ୍କ ନେତୃତ୍ୱରେ ଶାନ୍ତି ବଜାୟ ପାଇଁ ପୁଲିସ ସମ୍ପୃକ୍ତ ଅଞ୍ଚଳରେ ପାଟ୍ରୋଲିଂକୁ ଜୋର୍‌ଦାର କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିଧାନସଭାରେ ଗେମ୍ ଖେଳିଲେ...

ବସି ମୋବାଇଲ ଗେମ୍ ଖେଳୁଛନ୍ତି। ଏହା ସବୁଠୁ ଘୃଣ୍ୟ କାମ। ସେ ଏହି ପ୍ରସଙ୍ଗରେ ଉପ-ମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେଙ୍କ ସହ ଆଲୋଚନା କରିବେ ବୋଲି କହିଛନ୍ତି। ଏନସିପି (ଏସପି) ବିଧାୟକ ରୋହିତ ପାୱାର କହିଛନ୍ତି ଯେ ରାଜ୍ୟରେ ଚାଷୀ ଆତ୍ମହତ୍ୟା କରୁଥିବାବେଳେ ସରକାର ଶୋଇଛନ୍ତି। ଫସଲ ବୀମା ସମସ୍ୟା ହେଉ କି ଋଣଛାଡ଼ କିମ୍ବା ଫସଲର ଉଚିତ ଦାମ ଦେବାକୁ ସରକାର ଧ୍ୟାନ ଦେଉନାହାନ୍ତି। କିନ୍ତୁ ସଦନରେ ଗେମ୍ ଖେଳିବାକୁ ମନ୍ତ୍ରୀଙ୍କ ପାଖରେ ସମୟ ଅଛି। କ୍ଷମତାସୀନ ଲୋକ ବିଜେପି ଅନୁମତି ବିନା କୌଣସି ନିଷ୍ପତ୍ତି ନେଇ ପାରୁନାହାନ୍ତି। ମନ୍ତ୍ରୀମାନେ ଚାଷୀଙ୍କ ଦୁଃଖ କେବେ ଶୁଣିବେ?

### ଓଡ଼ିଶା, ବିହାର...

ଗୋପାଳପୁରରେ ଛାତ୍ରୀଙ୍କୁ ଦୁଷ୍କର୍ମ, ବାଲେଶ୍ୱର ଏଫ୍‌ଏମ୍ କଲେଜ ଛାତ୍ରୀଙ୍କ ଆତ୍ମଦାହ ଏବଂ ବଲଙ୍ଗାରେ ନାବାଳିକାକୁ ଦୁର୍ବୃତ୍ତ ଜିଅନ୍ତା ଜାଳିଦେବା ଘଟଣା ନେଇ ଓଡ଼ିଶା ଅଶାନ୍ତ ହୋଇପଡ଼ିଛି ।

ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ କହିଥିଲେ ଯେ ନିୟମ ଓ ପରମ୍ପରା ଅନୁଯାୟୀ ସରକାର ସମସ୍ତ ପ୍ରସଙ୍ଗ ଉପରେ ଆଲୋଚନା କରିବା ସହିତ ଉତ୍ତର ଦେବାକୁ ବି ପ୍ରସ୍ତୁତ ଅଛନ୍ତି । ଶୃଙ୍ଖଳିତ ଗୃହ ପରିଚାଳନାରେ ସେ ବିରୋଧୀଙ୍କ ସହଯୋଗ ଲୋଡ଼ିବା ସହିତ ସରକାର ଓ ବିରୋଧୀ ଦଳ ମଧ୍ୟରେ ଉପଯୁକ୍ତ ସମନ୍ୱୟ ଉପରେ ଗୁରୁତ୍ୱ ଦେଇଥିଲେ । ସେ କହିଲେ ଯେ କେବଳ ପହଲଗାମ ଓ ଅପରେସନ ସିନ୍ଦୂର ନୁହେଁ, ଅନ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗ ଉପରେ ମଧ୍ୟ ସରକାର ଆଲୋଚନା ପାଇଁ ପ୍ରସ୍ତୁତ ଅଛନ୍ତି । କିନ୍ତୁ ଏହା ନିୟମ ଓ ପରଂପରା ଅନୁଯାୟୀ ହିଁ ହେବ । ବିହାର ଓ ଟ୍ରମ୍ପ ପ୍ରସଙ୍ଗରେ ପ୍ରଧାନମନ୍ତ୍ରୀ ମୋଦୀ ନିଜେ ସଂସଦ ।।ରେ ଉପସ୍ଥିତ ରହି ଉତ୍ତର ଦିଅନ୍ତୁ ବୋଲି ବିରୋଧୀଙ୍କ ଦାବି ସଂପର୍କରେ ସେ କହିଲେ ଯେ ସମସ୍ତ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ବେଳେ ପ୍ରଧାନମନ୍ତ୍ରୀ ଉପସ୍ଥିତ ରୁହନ୍ତି ।

ମନ୍ତ୍ରୀ ଆହୁରି କହିଲେ ଯେ ଘରୁ ନଗଦ ଟଙ୍କା ଜବତ ମାମଲାରେ ହାଇକୋର୍ଟ ବିଚାରପତି ଜଷ୍ଟିସ ଯଶବନ୍ତ ବର୍ମାଙ୍କୁ ବହିଷ୍କାର କରିବା ଲାଗି ଚଳିତ ଅଧିବେଶନରେ ମହାଭିଯୋଗ ପ୍ରସ୍ତାବ ଅଣାଯିବ । ଏହି ପ୍ରସଙ୍ଗରେ ସବୁ ଦଳ ଏକମତ ଅଛନ୍ତି । ମହାଭିଯୋଗ ପାଇଁ ଶହେରୁ ଅଧିକ ସାଂସଦ ପ୍ରସ୍ତାବରେ ଦସ୍ତଖତ କରିସାରିଲେଣି । ଏହି ଅଧିବେଶନରେ ୧୭ଟି ବିଲ୍ ଆଗତ କରାଯିବ । ଆଜିର ସର୍ବଦଳୀୟ ବୈଠକରେ ୫୧ଟି ରାଜନୈତିକ ଦଳର ୫୪ ସଭ୍ୟ ଉପସ୍ଥିତ ଥିଲେ ବୋଲି ସେ କହିଛନ୍ତି ।

### ଡିଏଫ୍‌ଓ ନା...

କୋର୍ଟରୁ ଅନୁମତି ଆଣି ଆଜି ଭିଜିଲାନ୍ସ ଚଢଉ କରିଛି ।

ଭିଜିଲାନ୍ସ ଠାବ କରିଥିବା ୧୧୫ଟି ପ୍ଲଟ୍ ମଧ୍ୟରୁ ୫୩ ପ୍ଲଟ୍ ତାଙ୍କ ନାମରେ ଥିବା ବେଳେ ୪୨ଟି ପ୍ଲଟ୍ ତାଙ୍କ ପତ୍ନୀ ନାମରେ ରହିଛି । ୧୬ଟି ପ୍ଲଟ୍ ତାଙ୍କର ଦୁଇ ପୁଅଙ୍କ ନାମରେ ଏବଂ ୪ଟି ପ୍ଲଟ୍ ତାଙ୍କ ଝିଅ ନାମରେ ରହିଛି । ସବୁ ପ୍ଲଟ୍‌କୁ ଅନୁଗୋଳ ଜିଲ୍ଲା ଛେଣ୍ଡିପଦାରେ କିଣିଛନ୍ତି ଡିଏଫ୍‌ଓ ନିତ୍ୟାନନ୍ଦ । ଅନୁଗୁଳରେ ବାବୁଙ୍କର ଗୋଟିଏ ୪ତାଲା ବହୁତଳ କୋଠା ଠାବ କରାଯାଇଛି । ୧୯ ୯୨ରେ ରେଞ୍ଜ ଅଫିସର ଭାବେ ସରକାରୀ ଚାକିରି ଆରମ୍ଭ କରିବା ପରଠାରୁ ୨୦୨୪ ମଧ୍ୟରେ ନିତ୍ୟାନନ୍ଦ ଏହି ସବୁ ପ୍ଲଟ୍ କିଣିଛନ୍ତି। ଛେଣ୍ଡିପଦାରେ ୧୯ ୯୨ରୁ ୨୦୦୬ରେ ରେଞ୍ଜର ଥିବା ବେଳେ ସେ ୨ଟି ପ୍ଲଟ୍ କିଣିଥିଲେ। ୨୦୦୭ରୁ ୨୦୧୫ରେ ନୂଆପଡ଼ା ଡିଭିଜନରେ ରେଞ୍ଜର ଅଫିସର ଥିବା ବେଳେ ୬୪ଟି ପ୍ଲଟ୍ କିଣିଥିଲେ। ୨୦୧୫ରୁ ୨୦୨୨ରେ ରାୟଗଡ଼ା ଫରେଷ୍ଟ ଡିଭିଜନରେ ସହକାରୀ ବନ ସଂରକ୍ଷକ ଥିବା ବେଳେ ୩୯ଟି ପ୍ଲଟ୍ କରିଥିଲେ। ୨୦୨୨ରୁ ୨୦୨୪ରେ ଭୁବନେଶ୍ୱର ପିସିସିଏଫ ଅଫିସରେ ଉପ ବନ ସଂରକ୍ଷକ ଥିବା ବେଳେ ୮ଟି ପ୍ଲଟ୍ କିଣିଛନ୍ତି । ଆହୁରି ମଧ୍ୟ ୨୦୨୪ ଜାନୁୟାରୀ ୨୪ରୁ ବର୍ତ୍ତମାନ ପର୍ଯ୍ୟନ୍ତ ସେ ୨ଟି ପ୍ଲଟ୍ କିଣିଥିବା ଭିଜିଲାନ୍ସ ତଦନ୍ତରୁ ଜାଣିବାକୁ ପାଇଛି । ଠାବ ହୋଇଥିବା ଜମିର ମୂଲ୍ୟ ୨.୫କୋଟି ହେବ ବୋଲି ଭିଜିଲାନ୍ସ କହିଛି । ଏହି ଜମିର ସଠିକ୍‌ମୂଲ୍ୟ ପାଇଁ ଭିଜିଲାନ୍ସର ଟେକ୍ନିକାଲ ଟିମ୍ ଆକଳନ କରୁଛନ୍ତି ।

ତାଙ୍କ ଘରୁ ଚଢଉ ସମୟରେ ୧.୫୫ ଲକ୍ଷ ଟଙ୍କା ଜବତ କରାଯାଇଥିବା ବେଳେ ୨୦୦ ଗ୍ରାମ ସୁନା ଅଳଙ୍କାର ଠାବ ହୋଇଛି । ଅନୁଗୋଳର ତୁରଙ୍ଗରେ ଡିଏଫଓଙ୍କ ନାମରେ ଏକ ଚାରି ମହଲା କୋଠା ଅଛି । ପ୍ରାୟ ୯୦୦୦ ବର୍ଗଫୁଟ୍ ଅଞ୍ଚଳରେ ଏହି କୋଠାଟି ତିଆରି ହୋଇଛି । ବଡ଼ କଥା ହେଲା ଚଢଉ ସମୟରେ ଘରେ ଶାଗୁଆନ କାଠରେ ବିଭିନ୍ନ ଠାକୁରଙ୍କ ମୂର୍ତ୍ତି ମିଳିଛି । ଖଟ ଠାରୁ ଆରମ୍ଭ କରି ଘରର କବାଟ, ଚେୟାର, ଘର ଭିତରେ ଏକ ଖମ୍ବ ମଧ୍ୟ ଦାମୀ ଶାଗୁଆନ୍ ଠାକରେ ନିର୍ମିତ ହୋଇଛି । ହାତୀ ମୂର୍ତ୍ତି ପଞ୍ଚମୁଖୀ ହନୁମାନ, ଗଣେଶ, ରାଧା କୃଷ୍ଣ ଭଳି ଏକାଧିକ ଭଗବାନଙ୍କ ସୁନ୍ଦର ମୂର୍ତ୍ତି ଏହି ଶାଗୁଆନ କାଠରେ ନିର୍ମିତ ହୋଇଥିବା ଦେଖିବାକୁ ମିଳିଛି। ଆହୁରି ମଧ୍ୟ ଘରୁ ଭିତରେ ଏକ ଛୋଟ ଅସ୍ତ୍ରାଗାର କରିଥିଲେ। ସେଥିରେ ଏକ ଦେଶୀ ବନ୍ଧୁକ, ଧନୁତୀର, ଫାର୍ସା, କୁରାଢ଼ି, ଟାଙ୍ଗିଆ ଆଦି ରଖିଥିଲେ। ଶିକାରୀଙ୍କ ଠାରୁ ଜବତ ହୋଇଥିବା ଏହି ଅସ୍ତ୍ରକୁ ନିତ୍ୟାନନ୍ଦ ଘରକୁ ଆଣି ସାଇତ ରଖୁଥିଲେ। ତାଙ୍କର ବ୍ୟାଙ୍କ୍ ଆକାଉଣ୍ଟ ଏବଂ ଇନ୍ସ୍ୟୁରାନ୍ସରେ କେତେ ଟଙ୍କା ରହିଛି ତାହାକୁ ଭିଜିଲାନ୍ସ ଟିମ୍ ଛନ୍‌ଭିନ୍ କରୁଛି। ଦୁଇଟି ଚାରି ଚକିଆ ଏବଂ ୪ଟି ବାଇକ୍ ରହିଛି। ୧୫ଲକ୍ଷ ଟଙ୍କାର ଘରର ବିଭିନ୍ନ ଆସବାବପତ୍ର ରହିଛି। ଠାବ କରାଯାଇଥିବା ସମ୍ପତ୍ତିର ହିସାବ ମାଗିଥିଲେ ମଧ୍ୟ ଡିଏଫ୍‌ଓ ଦେଇ ପାରିନଥିଲେ। ଭିଜିଲାନ୍ସ ଏନେଇ ଏକ ମାମଲା ରୁଜୁ କରି ତାଙ୍କୁ ଅଟକ ରଖି ପଚରାଉଚରା କରୁଛି।

### ଆସୁଛି ବଡ଼...

ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ, ସୋମବାର ଦକ୍ଷିଣ ଓଡ଼ିଶାର କେତେକ ସ୍ଥାନରେ ଭଲ ବର୍ଷାର ସମ୍ଭାବନା ରହିଛି। ଏଥିପାଇଁ ମାଲକାନଗିରି, କୋରାପୁଟ, ରାୟଗଡ଼ା, ଗଜପତି ଓ ଗଞ୍ଜାମ ଜିଲ୍ଲାକୁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି। ସେହିପରି ନବରଙ୍ଗପୁର, କଳାହାଣ୍ଡି, କନ୍ଧମାଳ, ଢେଙ୍କାନାଳ, ଅନୁଗୋଳ, ବୌଦ୍ଧ, ଦେବଗଡ଼, ସମ୍ବଲପୁର, ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼, ସୋନପୁର, ବଲାଙ୍ଗିର, ନୂଆପଡ଼ା, କେନ୍ଦୁଝର ଓ ମୟୂରଭଞ୍ଜ ଜିଲ୍ଲାରେ ବିଜୁଳି ଘଡ଼ଘଡ଼ି ସହ ସ୍ୱଳ୍ପରୁ ହାଲୁକା ବର୍ଷା ନେଇ ମଧ୍ୟ ଆକଳନ କରାଯାଇଛି ।

### ୭୫ହଜାର ପରୀକ୍ଷାର୍ଥୀ...

କର୍ତ୍ତୃପକ୍ଷଙ୍କ ଭୂମିକାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି । ଅପରପକ୍ଷେ, ପରୀକ୍ଷା ବାବଦକୁ ଗୋଟିଏ ପେପର୍ ପାଇଁ ୯୦୦ ଓ ଦୁଇଟି ପେପର୍ ପାଇଁ ୧୪୦୦ ଟଙ୍କା ଲେଖାଏଁ ଆବେଦନ ଫି' ନିଆଯାଇଥିଲା । ଏତେ ଟଙ୍କା ଆବେଦନ ଫି' ନେବା ପରେ ମଧ୍ୟ ପରୀକ୍ଷା ପରିଚାଳନା କରିବାରେ ବୋର୍ଡ ବିଫଳ ହୋଇଛି । ପ୍ରଶ୍ନପତ୍ର ଭାଇରାଲ୍ ପଛରେ ବୋର୍ଡ କର୍ତ୍ତୃପକ୍ଷଙ୍କ ପ୍ରତ୍ୟକ୍ଷ ଭୂମିକା ରହିଥିବା ଅଭିଯୋଗ ହୋଇଛି ।

ଷ୍ଟୁଡେଣ୍ଟ ଏଗେନଷ୍ଟ କରପସନ୍‌ର ଆବାହକ ବିଭୂତି ଭୂଷଣ ମହାପାତ୍ର କହିଛନ୍ତି ଯେ ପ୍ରଶ୍ନପତ୍ର ସିଲ୍ ଖୋଲା ହୋଇନଥିବା ବେଳେ ଭାଇରାଲ୍ ପ୍ରଶ୍ନପତ୍ର ତା' ସହ ସମାନ ବୋଲି କର୍ତ୍ତୃପକ୍ଷ ଜାଣିଲେ କିପରି? ତେଣୁ ସେମାନଙ୍କ ଜାଣତରେ ପ୍ରଶ୍ନପତ୍ର ବିକ୍ରି ହେଉଛି। ରାଜ୍ୟରେ ପ୍ରଶ୍ନପତ୍ର ବିକ୍ରି ଏକ ଶିଳ୍ପ ହୋଇଥିବା ବେଳେ ସେହି ଶିଳ୍ପପତିଙ୍କୁ ସରକାର ସୁରକ୍ଷା ଦେଉଛନ୍ତି। ଏଣୁ ବାରମ୍ବାର ପ୍ରଶ୍ନପତ୍ର ବିଭ୍ରାଟ ହେଉଛି । ସେହିପରି ସିଲଡ୍ ପ୍ରଶ୍ନପତ୍ର ଆସନ୍ତାକାଲି ଅର୍ଥାତ୍ ୨୧ ତାରଖ ସୁଦ୍ଧା ବୋର୍ଡ ମୁଖ୍ୟାଳୟରେ ଦାଖଲ କରିବାକୁ ବୋର୍ଡ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି । ବରିଷ୍ଠ ଅଧିକାରୀମାନେ ମୁହଁ ଖୋଲୁ ନଥିବାବେଳେ ନିଜ ନାମ ଗୋପନ ରଖି ଜଣେ ଅଧିକାରୀ କହିଛନ୍ତି ଯେ ସମସ୍ତ ପ୍ୟାକେଟ୍‌ର ସିଲ୍ ଯାଞ୍ଚ ହେବ । କେଉଁଠାରୁ ଭାଇରାଲ୍ ହୋଇଛି ତାର ତଦନ୍ତ କରାଯିବ ।

### ୫ କିଲୋ ମାଗଣା...

ମହିଳା ଓ ରୋଗୀଙ୍କୁ ନେବା ଆଣିବା କଷ୍ଟକର ହୋଇପଡ଼ିଥିବା ବେଳେ ବହୁ ସମୟ ଖଟିଆରେ ବୋହି ୫/୧୦ କିମି ଦୂର ନେବାକୁ ପଡିଥାଏ । ତେଣୁ ଏହି ଗ୍ରାମବାସୀ ଗୁଣ୍ଡୁରୀ ପଞ୍ଚାୟତ କାର୍ଯ୍ୟାଳୟକୁ ଆସିବାକୁ ହେଲେ ୩୦/୩୫ କିମି ଦୂର ଅଟୋ, ଟ୍ରାକ୍ଟର, ପିକ୍‌ଅପ ଭ୍ୟାନ୍ ଭଡାକରି ପିଡ଼ିଏସ୍ ଚାଉଳ ଆଣିବା ପାଇଁ ନର୍ଲା ବ୍ଲକ ଛତିକୁଡ଼ା, ସଦର ବ୍ଲକ୍ ଦେପୁର, ଇଚ୍ଛାପୁର ଦେଇ ଗୁଣ୍ଡୁରୀ ପଞ୍ଚାୟତକୁ ଯିବାକୁ ପଡିଥାଏ। ମାଗଣା ଚାଉଳ ପାଇଁ ୧୦୦ ଟଙ୍କା ଖର୍ଚ୍ଚ ହେଉଥିବା ଏହି ଦୁର୍ଗମ ଅଞ୍ଚଳର ଗାଁ ଲୋକେ କହିଛନ୍ତି । ପଞ୍ଚାୟତ ପକ୍ଷରୁ ହାତୀମୁଣ୍ଡା ଗାଁଠାରେ କ୍ୟାମ୍ପ କରି ବୃଦ୍ଧବୃଦ୍ଧା, ଦିବ୍ୟାଙ୍ଗ, ବିଧବାଙ୍କୁ ଗୁଣ୍ଡରି ପିଇଓ ଭତ୍ତା ଦେଉଥିବା ସୂଚନା ମିଳିଛି। ଅନ୍ୟପକ୍ଷେ ଏମାନଙ୍କ ପାଇଁ ବିଦ୍ୟୁତ୍ ସ୍ୱପ୍ନ ପାଲଟିଛି। ଏହି ପଞ୍ଚାୟତର ସୁସପଦର, ବରିଙ୍ଗପଦର, ଦାରବଙ୍ଗ, କାଚାଙ୍ଗଭଟା, ଗମପେନୁ, ବିଜେପୁର, କନ୍ଧ ସୁସପଦର ଗାଁକୁ ବିଜୁଳି ନାହିଁ । ବାରମ୍ବାର ଅଭିଯୋଗ ପରେ ବି ବିଦ୍ୟୁତ୍ ବିଭାଗ କିମ୍ବା ପ୍ରଶାସନ ଶୁଣୁନି ବୋଲି ଲୋକେ ପ୍ରକାଶ କରିଛନ୍ତି । ଏହି ୧୧ଟି ଗ୍ରାମବାସୀ ରାସ୍ତା ନ ଥିବା ଯୋଗୁଁ ବର୍ଷ ବର୍ଷ ଧରି ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ସରଲାଞ୍ଜି ଗାଁଠାରୁ କାବାଗେଞ୍ଜୁ, ଶୋଷପଦର, ବରଙ୍ଗପଦର ଦେଇ ମନସ୍କରା ଗାଁ ପର୍ଯ୍ୟନ୍ତ ରାସ୍ତା ପାଇଁ ପଞ୍ଚାୟତବାସୀ ପ୍ରସ୍ତାବ ଦେଇଛନ୍ତି । ଏହି ରାସ୍ତା ନିର୍ମାଣ ହେଲେ ଏହି ୧୧ଟି ଗାଁକୁ ପଞ୍ଚାୟତ ମାତ୍ର ୫ରୁ ୧୫ କିମି ହେବ ବୋଲି ଗ୍ରାମବାସୀ କହିଛନ୍ତି ।

# ପ୍ରଦୂଷଣର ପେଣ୍ଠ: ସାହାଜବାହାଲ ଜେଏସ୍‌ଡବ୍ଲ୍ୟୁ କାରଖାନା

ଇବ୍‌ଥର୍ମାଲ,୨୦।୭ (ସମିସ)



ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ କୁମ୍ଭାରବନ୍ଧ ପଞ୍ଚାୟତ ସାହାଜବାହାଲ ସ୍ଥିତ ଜେଏସ୍‌ଡବ୍ଲ୍ୟୁ ଘରୋଇ ପାୱାରପ୍ଲାଣ୍ଟ ଏବେ ଲୋକଙ୍କ ପାଇଁ ଅଭିଶାପ ପାଲଟିଛି। ଏଠାରେ ଇଣ୍ଡ ବରାଥ୍ ଉତ୍କଳ ଏନର୍ଜି ସହିତ ଏଏମ୍‌ୟୁ ସ୍ୱାକ୍ଷରିତ ହୋଇ ଇଣ୍ଡ ବରାଥ୍‌କୁ ଶାଗମାଛ ଦରରେ ଜମି ପ୍ରଦାନ କରାଗଲା। କମ୍ପାନୀ ଲୋକଙ୍କୁ ଦେଇଥିବା ପ୍ରତିଶ୍ରୁତି ପାଣି ଫୋଟକା ହେଇଥିଲା। ପରେ ଇଣ୍ଡ ବରାଥ୍ ଉତ୍କଳ ଏନର୍ଜି ଦେବାଳିଆ ଘୋଷିତ ହେବାପରେ ଜେଏସ୍‌ଡବ୍ଲ୍ୟୁ ଅଧିଗ୍ରହଣ କରିଥିଲା। କିନ୍ତୁ ଏହାପରେ ଅଞ୍ଚଳବାସୀଙ୍କ ସମସ୍ୟା ଦୂର ହେବା ପରିବର୍ତ୍ତେ ସେମାନଙ୍କ ଦୁର୍ଦ୍ଦଶା ବଢ଼ିଲା। ଏବେ ସ୍ଥାନୀୟ ଅଞ୍ଚଳରେ ନିଯୁକ୍ତି ଓ ବିକାଶ ଘର ଶୂନ ହୋଇଛି। ପ୍ଲାଣ୍ଟ ଚାଲିବା ଦିନଠାରୁ ଜେଏସ୍‌ଡବ୍ଲ୍ୟୁ ଅଞ୍ଚଳବାସୀଙ୍କୁ କେବଳ ପ୍ରଦୂଷଣ ଛଡ଼ା ଆଉ କିଛି ଦେଇନାହିଁ।

ପ୍ଲାଣ୍ଟ ଚିମିନିରୁ ପାଉଁଶ ବର୍ଷା ହେବା, ବେଆଇନ ଭାବେ ପାଉଁଶ ପରିବହନ କରିବା, ସମସ୍ୟା ନେଇ ଅଭିଯୋଗ କଲେ ପୁଲିସ ସହାୟତାରେ ଲୋକଙ୍କୁ ନାଲିଆଖି ଦେଖାଇବା, ରାସ୍ତାଘାଟରେ ପାଉଁଶ ଗଦେଇବା ଆଦି ଜେଏସ୍‌ଡବ୍ଲ୍ୟୁର ନିତିଦିନିଆଁ କାମ ହୋଇଛି। ୟୁଏସ୍‌ପି ନ ଥାଇ ପ୍ଲାଣ୍ଟ ବେଆଇନ ଭାବେ ଚିମିନି ଚଳାଉଛି। ସେହିପରି ପ୍ରଦୂଷଣ ନିୟନ୍ତ୍ରଣର ବୋର୍ଡ ନିୟମ ଅନୁସାରେ ପାଉଁଶର ସୁପରିଚାଳନା ସକାଶେ ନିଜସ୍ୱ ଆସ୍‌ପଣ୍ଡ ବା ପାଉଁଶ ପୋଖରୀ ମଧ୍ୟ କରିନାହିଁ ବରଂ ଭାରିଯାନ ଯୋଗେ ଅହରହ ବେଆଇନ ଆସ୍ ପରିବହନ କରୁଛି। ଏହାଦ୍ୱାରା ରାସ୍ତାରେ ପାଉଁଶ ପଡି ପ୍ରଦୂଷଣ ବଢ଼ିବଢ଼ି ଚାଲିଛି। ଏହି ପାଉଁଶ ପ୍ରଦୂଷଣ ଯୋଗୁ ତିଲିଆ, ରମ୍ପେଲା, କୁମ୍ଭାରବନ୍ଧ ଓ ପିପିଲିକାନି ପଞ୍ଚାୟତ ଲୋକେ ବିଶେଷ ଭାବେ ପ୍ରଭାବିତ ହେବାସହ ଚର୍ମରୋଗ, କିଡିନୀ ରୋଗରେ ଆକ୍ରାନ୍ତ ହେଉଛନ୍ତି। ପ୍ଲାଣ୍ଟର ପ୍ରଦୂଷିତ ଜଳକୁ ରିସାଇକ୍ଲି ନ କରି ସିଧାସଳଖ ଛାଡିଦେବା ଫଳରେ ତାହା ଯାଇ ହୀରାକୁଦ ନଦୀବନ୍ଧରେ ମିଶୁଛି। ପୁଣି ରାସ୍ତାଘାଟରେ ଗଦା ହୋଇଥିବା ପାଉଁଶ ବର୍ଷାଜଳରେ ଭାସି ଚାଷ ଜମି ନଷ୍ଟ କରିବା ସହ ଇବ ନଦୀରେ ସିଧାସଳଖ ମିଶୁଛି। ଏହିପରି ପ୍ଲାଣ୍ଟ ଦ୍ୱାରା ବାୟୁ, ଜଳ, ଜମି ଜଙ୍ଗଲ ବିଷ ବଳୟରେ ପରିଣତ ହୋଇଛି। ମଣିଷ ସହିତ ଜଳଚର ଓ ସ୍ଥଳଚର ଅନ୍ୟ ଜୀବ ମଧ୍ୟ ଏହାର କୁପରିଣାମ ଭୋଗୁଛନ୍ତି। ଏ ସଂକ୍ରାନ୍ତରେ ଅଞ୍ଚଳବାସୀ ତଥା ଆଞ୍ଚଳିକ ପରିବେଶ ସୁରକ୍ଷା କମିଟି ମୁଖ୍ୟମନ୍ତ୍ରୀଙ୍କଠାରୁ ଝାରସୁଗୁଡା ଜିଲ୍ଲାପାଳଙ୍କ ପର୍ଯ୍ୟନ୍ତ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଥିଲେ। ହେଲେ ଜେଏସ୍‌ଡବ୍ଲ୍ୟୁ ସାହାଜବାହାଲର ମେରିରାୟ ପଲିସି ଯୋଗୁ କୌଣସି ସୁଫଳ ମିଳିନଥିବା ଅଭିଯୋଗ ହୋଇଛି। ଜିଲ୍ଲା ପ୍ରଶାସନ ଏଦିଗରେ ଦୃଷ୍ଟି ନ ଦେଲେ ଆଗାମୀ ଦିନରେ ବଡ଼ ଆନ୍ଦୋଳନ କରିବାକୁ ଅଞ୍ଚଳବାସୀ ଚେତାବନୀ ଦେଇଛନ୍ତି।

■ ଫକୀରମୋହନ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ଆତ୍ମଦାହ ଘଟଣା

# କଲେଜରେ କ୍ରାଇମବ୍ରାଞ୍ଚ ଡିଜିଙ୍କ ତଦନ୍ତ

ବାଲେଶ୍ୱର, ୨୦।୭ (ସମିସ): ଫକୀରମୋହନ ସ୍ୱୟଂଶାସିତ ମହାବିଦ୍ୟାଳୟ ଛାତ୍ରୀ ସୌମ୍ୟାଶ୍ରୀ ବିଶିଙ୍କ ଆତ୍ମାହୁତି ଘଟଣାରେ ୩ଟି ତଦନ୍ତକାରୀ ଟିମ୍ କଲେଜରେ ଖୋଳତାଡ଼ କରିଛନ୍ତି। ଉଚ୍ଚଶିକ୍ଷା ବିଭାଗ, ୟୁଜିସି ଏବଂ କ୍ରାଇମ୍‌ବ୍ରାଞ୍ଚ ପକ୍ଷରୁ ବିଭିନ୍ନ ଦିଗରୁ ତଦନ୍ତ ଚାଲୁ ରହିଛି। ଏହି ପରିପ୍ରେକ୍ଷୀରେ ରବିବାର କ୍ରାଇମବ୍ରାଞ୍ଚ ଡିଜି ବିନୟତୋଷ ମିଶ୍ର ଫକୀରମୋହନ କଲେଜରେ ପହଞ୍ଚି ପାଖାପାଖି ୩ଘଣ୍ଟା ଧରି ତଦନ୍ତ କରିଥିଲେ।

ପରେ ଆଇଜିଙ୍କ କାର୍ଯ୍ୟାଳୟରେ ଏକ ସାମ୍ବାଦିକ ସମ୍ମିଳନୀରେ ସେ କହିଛନ୍ତି, ଘଟଣାର ତଦନ୍ତ ସମୟରେ ଅନେକ ସାମଗ୍ରୀ ହସ୍ତଗତ ହୋଇଛି। ସେସବୁକୁ ରାଜ୍ୟ ଅପରାଧ ବିଧି ବିଜ୍ଞାନାଗାରକୁ ପଠାଯାଇଛି। କ୍ରାଇମବ୍ରାଞ୍ଚ ଆଇଜି ଏସ୍. ସାଇନିଙ୍କ ନେତୃତ୍ୱରେ ଘଟଣାର ତଦନ୍ତ ଜାରି ରହିଛି। ତଦନ୍ତ ସମୟରେ ଆସିଥିବା ବୟାନ ଏବଂ ଏସଏଫଏସଏଲ୍ ରିପୋର୍ଟକୁ ତର୍ଜମା କରାଯାଉଛି। ଏହି ମାମଲାରେ ସାକ୍ଷୀଙ୍କ ସଂଖ୍ୟା ଅଧିକ ରହିଛି। ଗତ ୩୦ ତାରିଖରେ ଯେତେବେଳେ ପୀଡ଼ିତାଜଣକ ଅଭିଯୋଗ କରିଥିଲେ, ସେତେବେଳେ କଲେଜ କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ଗ୍ରହଣ କରିନଥିଲେ। ସୌମ୍ୟାଶ୍ରୀଙ୍କ ସପକ୍ଷରେ ଆଇସିସି ତଦନ୍ତ ରିପୋର୍ଟ ନଆସିବାରୁ ସେ ଆତ୍ମହତ୍ୟା ଭଳି ଚରମ ପଦକ୍ଷେପ ନେଇଥିଲେ। ଘଟଣାରେ ଜଡ଼ିତ ପ୍ରତ୍ୟେକ ଲୋକଙ୍କ ବୟାନ ରେକର୍ଡ କ୍ରାଇମବ୍ରାଞ୍ଚ କରୁଛି। ପୀଡ଼ିତାଙ୍କ ପରିବାର, ହଷ୍ଟେଲ ଅନ୍ତେବାସୀ ଓ କଲେଜ ଛାତ୍ରଛାତ୍ରୀଙ୍କ ମଧ୍ୟ ବୟାନ ରେକର୍ଡ କରାଯାଉଛି। କଲେଜର ସିସିଟିଭି ଫୁଟେଜ ସଂଗ୍ରହ କରାଯାଇଛି।

# ଦୁଷ୍କର୍ମ ଉଦ୍ୟମ: ଅତିରିକ୍ତ ଅଗ୍ନିଶମ ଅଧିକାରୀ ଗିରଫ

ରାୟଗଡ଼ା,୨୦।୭ (ସମିସ): ଏକ ଦୁଷ୍କର୍ମ ମାମଲାରେ ରାୟଗଡ଼ା ଦମକଳ କେନ୍ଦ୍ରର ଅତିରିକ୍ତ ଅଗ୍ନିଶମ ଅଧିକାରୀ ରମେଶ ଚନ୍ଦ୍ର ବେହେରାଙ୍କୁ ରାୟଗଡ଼ା ପୁଲିସ୍ ଗିରଫ କରିଛି। ଜଣେ ମହିଳାଙ୍କ ଅଭିଯୋଗକୁ ଆଧାର କରି ପୁଲିସ ଏହି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ଅଭିଯୋଗ ଅନୁଯାୟୀ, ଦୁଇ ବର୍ଷ ହେଲା ଅତିରିକ୍ତ ଅଗ୍ନିଶମ ଅଧିକାରୀ ଶ୍ରୀ ବେହେରା ଜଣେ ବିବାହିତ ମହିଳାଙ୍କ ସହ ଶାରୀରିକ ସମ୍ପର୍କ ରଖିଥିଲେ ଏବଂ ପରେ ତାଙ୍କୁ ନିର୍ଯାତନା ଦେଇଥିଲେ। ମହିଳାଜଣଙ୍କ ଦୁଇଟି ସନ୍ତାନର ମାଆ। ତେବେ ପୂର୍ବରୁ ଉଭୟଙ୍କ ମଧ୍ୟରେ ବିବାଦ ଲାଗି ରହିଥିବା ବେଳେ ଏନେଇ ମହିଳା ଜଣକ ରବିବାର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଡାକ୍ତରୀମାଇନା କରାଯାଇ ତାଙ୍କୁ କୋର୍ଟ ଚାଲାଣ କରାଯିବ ବୋଲି ଆଇଆଇସି ପ୍ରସନ୍ନ କୁମାର ବେହେରା କହିଛନ୍ତି।

**AFFIDAVIT**

By virtue of an affidavit before the Notary Public, Jeypore, Koraput. I NABANEETA PANDA, W/o Subrat Kumar Panda, resident of K B S D Road, Near Jagannath Temple, Po/PS - Jeypore, Dt-Koraput, Odisha -764001 declare by this Affidavit No.564, Dated - 20/07/2025,that now onwards I shall be known as **NABANITA PANDA** for all future purpose.

**AFFIDAVIT**

By virtue of an affidavit before the Notary Public, Jeypore, Koraput. I, PAILU JAGADISHWAR, S/o PAILU NEELAKANTHA, resident of Pailu Sarbeswar Marg, Po/ PS -Borigumma, Dt-Koraput -764 056, Odisha declare by this Affidavit No.3184, Dated - 16/07/2025,that now onwards I shall be known as **P.JAGADISWAR** for all future purpose.

**AFFIDAVIT**

I declare that my name is **Mumtaz Khatoon,** D/o- Mohiuddin Khan, resident of Vill- Manapur, Po- Bisanpur, Ps- Jkrushnanandapur, Dist-Jagatsinghpur, Odisha my actually DOB is **07.11.2002,** but wrongly in my Aadhaar Card No- 9317 1877 1508, my name is written as **Mamataj Beggum,** D/o- Mohiuddin and my DOB is **2003.** Henceforth, I shall be known as **Mumtaz Khatoon,** D/o- Mohiuddin Khan and **DOB- 07.11.2002** in all and everywhere in this name from now.

"ମା ଙ୍କ ନାମରେ ଗଛଟିଏ"

୨୦୨୫ ବର୍ଷ ପାଇଁ ବଣାଇଁ ବନଖଣ୍ଡ ତରଫରୁ ଚାରା ବଣ୍ଟନ ବିଜ୍ଞପ୍ତି / ସୂଚନା

ମାଙ୍କ ନାମରେ ଗଛଟିଏ ଲଗାଇବା ପାଇଁ ଭାରତ ସରକାର ସର୍ବସାଧାରଣଙ୍କୁ ଅନୁରୋଧ କରିଛନ୍ତି, ଏଣୁ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି, ବଣାଇଁ ବନଖଣ୍ଡ ଅଧିନରେ ନିମ୍ନଲିଖିତ ୧୮ (ଅଠର) ଗୋଟି ଚାରା ଉତ୍ପାଦନ କେନ୍ଦ୍ରରେ ଉନ୍ନତ ମାନର ଶାଗୁଆନ, ଗମ୍ଭାରୀ, ବିଜା, ଜାମୁ, ଆମ୍ବ, ନିମ୍ବ, କରଞ୍ଜ, ଅର୍ଜୁନ, ପଣସ, ଅଁଳା, ହରିଡ଼ା, ବାହାଡ଼ା ଇତ୍ୟାଦି ଚାରା ଉପଲବ୍ଧ ଅଛି । ଆଗ୍ରହୀ ବ୍ୟକ୍ତି / ଅନୁଷ୍ଠାନ ଗୁଡ଼ିକ ନିମ୍ନ ସରକାରୀ ନିର୍ଦ୍ଧାରିତ ମୂଲ୍ୟରେ ଚାରା ବିକ୍ରୟ କେନ୍ଦ୍ରମାନଙ୍କରୁ ଚାରା ନେଇପାରିବେ । ଇଣପିଛା ସହରାଞ୍ଚଳରେ ସର୍ବାଧିକ ୫ (ପାଞ୍ଚ) ଗୋଟି ଓ ଗ୍ରାମାଞ୍ଚଳରେ ସର୍ବାଧିକ ୧୦ (ଦଶ) ଗୋଟି ଚାରା ଦିଆଯିବ । ଅନୁଷ୍ଠାନମାନଙ୍କ ପାଇଁ ୧୫୦ ରୁ ୨୦୦ ଗୋଟି ଚାରା ଦିଆଯିବ । ଜଣେ ବ୍ୟକ୍ତି ବିଶେଷଙ୍କୁ ବିତରଣ ଖାତାରେ ନାମ ଲେଖାଇବାକୁ ଯେକୌଣସି ବୈଧ ପରିଚୟ ପତ୍ର (ଆଧାର/ଭୋଟ ପରିଚୟ ପତ୍ର, ଗାଡ଼ି ଚାଳନା ପରିଚୟ ପତ୍ର) କିମ୍ବା ମୋବାଇଲ ନଂ ଯାଞ୍ଚ ନିମନ୍ତେ ଦବାକୁ ପଡ଼ିବ । ଏତଦ୍ ବ୍ୟତିତ ଅନ୍ୟମାନଙ୍କୁ ଏକ ସାଦା କାଗଜରେ ନିଜର ସମସ୍ତ ବିବରଣି ଯଥା ଚାରା ରୋପଣର ସ୍ଥାନ ଏବଂ ଯୋଗାଯୋଗ ପାଇଁ ମୋବାଇଲ ନଂ ସହିତ ଦରଖାସ୍ତ କରିବାକୁ ପଡିବ । ନିମ୍ନରେ ଉଲ୍ଲେଖ କରାଯାଇଥିବା ଚାରା ବିକ୍ରୟ କେନ୍ଦ୍ର ପରିଚାଳକ ମାନଙ୍କୁ ଫୋନ ଦ୍ୱାରା ଯୋଗାଯୋଗ କରିପାରିବେ ।

ବି.ଦ୍ର:- (୧) ସର୍ବସାଧାରଣଙ୍କ ପାଇଁ ଚାରା ପ୍ରତି ଟ.୧/- ଧାର୍ଯ୍ୟ ହୋଇଛି ।
(୨) ସରକାରୀ ଅନୁଷ୍ଠାନ ଗୁଡ଼ିକୁ ବିନା ମୂଲ୍ୟରେ ଚାରା ପ୍ରଦାନ କରାଯିବ ।

| କ୍ର. | ବନାଞ୍ଚଳ (ରେଞ୍ଜ) | ଚାରା ବିକ୍ରୟ କେନ୍ଦ୍ରର ନାମ | ଉପଲବ୍ଧ (ପରିମାଣ) | କେନ୍ଦ୍ର ପରିଚାଳକଙ୍କ ନାମ | ଦୂରଭାଷ ନମ୍ବର |
|---|---|---|---|---|---|
| ୧ | ବଣାଇଁ | ଧରଣିଧରପାଲି | ୧୨୬୪୮ | ଶ୍ରୀ ତାପସ କୁମାର ଷଡପଥି, ବନପାଳ | ୯୪୩୮୪୯୦୬୬୨ |
| ୨ | ବଣାଇଁ | ବ୍ରାହ୍ମଣୀ | ୮୮୮୫୧ | ଶ୍ରୀ ଜ୍ଞାନ ରଞ୍ଜନ ମହାନ୍ତି, ବନପାଳ | ୭୦୭୭୭୭୮୪୦୨ |
| ୩ | ବଣାଇଁ | ଟିକାୟତପାଲି | ୫୭୫୪୦ | ଶ୍ରୀ ଗଗନ କୁମାର ତ୍ରିପାଠୀ, ବନପାଳ | ୮୮୪୭୭୨୫୭୪୯ |
| ୪ | ବଣାଇଁ | ସ. ବଲାଙ୍ଗ | ୪୭୯୧୦ | ଶ୍ରୀ ସଦାସିବ ପାତ୍ର, ବନପାଳ | ୮୨୪୯୮୬୧୦୮୭ |
| ୫ | କୁଲିପୋଷ | ଗଡ଼ରୁଆଁ | ୧୨୨୬୩୪ | ଶ୍ରୀ ପ୍ରଦୀପ କୁମାର ଭୋଇ, ବନପାଳ | ୬୩୭୦୨୬୩୬୧୯ |
| ୬ | କୁଲିପୋଷ | ଡ଼ଲେଇସରା | ୩୦୧୦୮ | ଶ୍ରୀମତୀ ସରିତା ମହାନ୍ତ, ବନପାଳ | ୬୩୭୧୯୪୬୩୨୯ |
| ୭ | ତାମଡା | ବଳେଇକେଲା | ୪୧୩୦୮ | ଶ୍ରୀ ସେନାପତି ପାତ୍ର, ବନପାଳ | ୮୮୯୫୪୭୭୮୨ |
| ୮ | ତାମଡା | ଧାଦ୍ କିପୋଷ | ୩୯୭୫୦ | ଶ୍ରୀମତୀ କ୍ଷୀରେଶ୍ୱରୀ ବେହେରା, ବନପାଳ | ୯୪୩୭୪୫୯୫୫୮ |
| ୯ | ତାମଡା | ତାମଡା | ୨୦୦୦୦ | ଶ୍ରୀ ଚାରୁଆ ଓରାମ, ବନରକ୍ଷୀ | ୭୮୪୯୦୭୩୨୩୧ |
| ୧୦ | ଜର୍ଡା | ବାଦିବାହାଲ | ୨୦୦୦୦ | ଶ୍ରୀ ମୋନେସ କୁମାର ସାହୁ, ବନପାଳ | ୯୪୩୮୫୨୧୨୬୧ |
| ୧୧ | ଜର୍ଡା | କଂସର | ୪୪୭୪୦ | ଶ୍ରୀ ଚୈତନ୍ୟ ଭୂମିଜ, ବନପାଳ | ୯୩୪୮୬୨୧୨୮୪୨ |
| ୧୨ | ଜର୍ଡା | କୁଣ୍ଡେଇଡିହା | ୩୫୦୦୦ | ଶ୍ରୀ ଇଶ୍ୱର ଚନ୍ଦ୍ର କାଲୋ, ବନପାଳ | ୬୩୭୨୬୨୯୨୪୩ |
| ୧୩ | ଜର୍ଡା | କାଉଁସୀ ବାହାଳ | ୧୫୦୦୦ | ଶ୍ରୀ ପ୍ରତାପ ସାହୁ, ବନପାଳ | ୭୯୭୮୯୦୬୮୩୪ |
| ୧୪ | ସୋଲ | ଠାକୁରପାଲି | ୨୦୬୫୨ | ଶ୍ରୀ ଭୁବନେଶ୍ୱର ରାଏ, ବନପାଳ | ୯୫୫୬୧୬୫୦୦୧ |
| ୧୫ | ସୋଲ | ମହୁଲ ଡିହି | ୬୮୩୭ | ଶ୍ରୀ ଅମିତ କୁମାର ଜେନା, ବନପାଳ | ୮୪୫୭୮୯୨୧୫୬ |
| ୧୬ | ବରସୁଁଆ | ଡେଙ୍ଗୁଳା | ୫୧୭୫ | ଶ୍ରୀମତୀ ସରିତା ମହାନ୍ତ, ବନପାଳ | ୮୭୬୩୫୩୯୦୯୦ |
| ୧୭ | କୋଇଡା | ତେହେରାଇ | ୮୪୩୬ | ଶ୍ରୀ ବାବୁଲି ପ୍ରଧାନ, ବନରକ୍ଷୀ | ୯୪୩୮୦୪୩୪୦୯ |
| ୧୮ | କୋଇଡା | ଜାମଡିହି | ୮୭୬୮ | ଶ୍ରୀମତୀ ସସ୍ମିତା ମହାକୁଡ, ବନରକ୍ଷୀ | ୭୮୫୫୦୩୮୭୪୪ |
| | | ସମୁଦାୟ :- | ୭୨୯୧୫୨ | ବନଖଣ୍ଡ କାର୍ଯ୍ୟାଳୟ (କଣ୍ଟ୍ରୋଲ ରୁମ୍) | ୮୨୬୦୯୪୯୬୨୩ |

ସ୍ୱା/- ବନଖଣ୍ଡ ଅଧିକାରୀ
ବଣାଇଁ ବନଖଣ୍ଡ, ବଣାଇଁଗଡ଼

### ଦୁଇ ରାଜ୍ୟବାସିନ୍ଦାଙ୍କ ଦୁଃଖ ଶବରୀ ନଦୀ

# ଅଧପନ୍ତରିଆ ପୋଲକୁ ନେଇ ଅସନ୍ତୋଷ



ବୈପାରୀଗୁଡ଼ା,୨୦।୭ (ସମିସ): ସବୁ ସ୍ଥାନକୁ ଯୋଗାଯୋଗ ସୁଗମ ଏବଂ ଜନସାଧାରଣଙ୍କ ସୁରୁଖୁରୁରେ ଯାତାୟତ ପାଇଁ ସରକାରୀ ସ୍ତରରେ ବିଭିନ୍ନ ଯୋଜନା ମାଧ୍ୟମରେ କୋଟି କୋଟି ଟଙ୍କା ଖର୍ଚ୍ଚ ହେଉଛି। ମାତ୍ର ଅନେକ କ୍ଷେତ୍ରରେ ଏହି ଜନକଲ୍ୟାଣକାରୀ ଯୋଜନାର ସଫଳ ରୂପାୟନ ହୋଇପାରୁନି। ପ୍ରଶାସନିକ ଅବହେଳା ଏବଂ ଠିକାଦାରଙ୍କ ମନମୁଖୀ କାର୍ଯ୍ୟ ଯୋଗୁ ଦୀର୍ଘ ବର୍ଷ ଧରି ଅଧପନ୍ତରିଆ ହୋଇ ପଡିରହିଛି ବ୍ରିଜ ନିର୍ମାଣ କାର୍ଯ୍ୟ। ଫଳରେ ପ୍ରତ୍ୟେକ ଦିନ ଲୋକେ ବିପଦସଙ୍କୁଳ ଅବସ୍ଥାରେ ନଦୀ ପାର ହେବା ସହ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। କୋରାପୁଟ ଜିଲ୍ଲା ବୈପାରୀଗୁଡା ବ୍ଲକ ଅନ୍ତର୍ଗତ ଗୁପ୍ତେଶ୍ୱର ପଞ୍ଚାୟତର ଘୋଡାଘାଟ ଗାଁ ପାଶ୍ୱର୍ରେ ପ୍ରବାହିତ ହେଉଛି ଶବରୀ ନଦୀ। ଓଡିଶା ଏବଂ ଛତିଶଗଡ ଦୁଇ ରାଜ୍ୟ ମଝିରେ ପ୍ରବାହିତ ହେଉଥିବା ଏହି ନଦୀ ଅଞ୍ଚଳବାସୀଙ୍କ ସମସ୍ୟାର କାରଣ ପାଲଟିଛି। ନଦୀର ଉଭୟ ପାଶ୍ୱର୍ରେ ଦୁରୁଆ ଆଦିବାସୀ ସମ୍ପ୍ରଦାୟ ଲୋକେ ବସବାସ କରନ୍ତି। ପ୍ରତିଦିନ ଲୋକଙ୍କ ଯା'ଆସ ଲାଗିରହିଥାଏ। କେବଳ ଯେ ଦୁରୁଆ ସମ୍ପ୍ରଦାୟ ନୁହେଁ, ଜୀବନ ପ୍ରତି ବିପଦ ରହିଛି। ଏଥିଲାଗି ଶ୍ରାବଣରେ ଛତିଶଗଡର ଅଧିକାଂଶ ବୋଲବମ ଭକ୍ତ ଗୁପ୍ତେଶ୍ୱର ଦର୍ଶନରୁ ବଞ୍ଚିତ

**● ବିପଦସଙ୍କୁଳ ଅବସ୍ଥାରେ ନଦୀ ପାର**

ନଦୀ ଅରପଟେ ଥିବା ଛତିଶଗଡ ରାଜ୍ୟର ଶହ ଶହ ଶ୍ରଦ୍ଧାଳୁ ଦକ୍ଷିଣ ଓଡ଼ିଶାର ପ୍ରସିଦ୍ଧ ଶୈବ ପୀଠ ଗୁପ୍ତେଶ୍ୱରକୁ ଏହି ନଦୀ ଦେଇ ଆସନ୍ତି। ଶିବରାତ୍ର ସମୟରେ ଏହି ଘାଟରେ ଭକ୍ତଙ୍କ ଭିଡ ଜମିଥାଏ। କିନ୍ତୁ ବର୍ଷା ଋତୁରେ କାଠ ଡ଼ଙ୍ଗାରେ ଭରା ନଇ ପାର ହେବା ରହୁଛନ୍ତି। ଏଠାରେ ପୋଲ ନିର୍ମାଣ ହେଲେ ସୁବିଧା ହୋଇଥାନ୍ତା ବୋଲି ଛତିଶଗଡ ବୋଲବମ ଭକ୍ତ ମାନେ କହିଛନ୍ତି। ତେବେ ଅଞ୍ଚଳବାସୀଙ୍କ ଦୀର୍ଘ ବର୍ଷର ଦାବି ପରେ ୨୦୧୯ ମସିହାରେ ୧୧ କୋଟି ଟଙ୍କା ବ୍ୟୟ ଅଟକଳରେ ବ୍ରିଜ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଥିଲା। ମାତ୍ର ନିର୍ମାଣର ଅବଧି ଶେଷ ହେବାର ଚାରି ବର୍ଷ ବିତି ଯାଇଥିଲେ ମଧ୍ୟ ଏ ପର୍ଯ୍ୟନ୍ତ ଅଧପନ୍ତରିଆ ହୋଇ ପଡିରହିଛି ବ୍ରିଜ୍ ନିର୍ମାଣ କାର୍ଯ୍ୟ। ପାଞ୍ଚ ବର୍ଷ ପୂର୍ବେ ନଦୀର ଗୋଟିଏ ପାଶ୍ୱର୍ରେ ଦୁଇଟି ପିଲାର୍ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଛି। କିନ୍ତୁ ଆଜି ପର୍ଯ୍ୟନ୍ତ ସମ୍ପୂର୍ଣ୍ଣ ହୋଇ ପାରିନି। ବ୍ରିଜ ନିର୍ମାଣ ସମ୍ପୂର୍ଣ୍ଣ ହେବା ନେଇ ପୁଣି ଅନିଶ୍ଚିତତା ଦେଖାଦେଇଛି। ନିର୍ମାଣ କାର୍ଯ୍ୟ ଆରମ୍ଭ ପରେ ଛତିଶଗଡ ବନବିଭଗ ପକ୍ଷରୁ ବ୍ରିଜ କାମ ବନ୍ଦ କରାଇଥିଲେ। କିନ୍ତୁ ଆଜି ପର୍ଯ୍ୟନ୍ତ ଏହି ପୋଲ କାମ ଶେଷ ହୋଇପାରୁନି। ବ୍ରିଜ ନିର୍ମାଣକୁ ନେଇ ଅଞ୍ଚଳବାସୀ ବହୁବାର ଦାବି କରିଆସୁଛନ୍ତି। ନବରଙ୍ଗପୁର ସାଂସଦ ବଳ ଭଦ୍ର ମାଝୀ ଏବଂ କୋଟପାଡ଼ ବିଧାୟକ ରୁପୁ ଭତ୍ରା ଘଟଣା ସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରି ଫେରିଛନ୍ତ। ଡବଲ ଇଞ୍ଜିନ ସରକାର ଏଥିପ୍ରତି ଦୃଷ୍ଟି ଦେଇ ଅତିଶୀଘ୍ର ପୋଲ ନିର୍ମାଣ ଶେଷ କରନ୍ତୁ ବୋଲି ସ୍ଥାନୀୟ ସମିତି ସଭ୍ୟ ବିଭୀଷଣ ହନ୍ତାଳ ଏବଂ ଅଞ୍ଚଳବାସୀ ଦାବି କରିଛନ୍ତି।

# ଅଲ୍ ଓଡ଼ିଶା ଅଙ୍ଗନବାଡି ଲେଡିଜ୍ ୱାର୍କର୍ସ ଆସୋସିଏସନ୍‌ର ବୈଠକ



କଲ୍ୟାଣସିଂହପୁର/ରାୟଗଡା,୨୦।୭ (ସମିସ): ଭାରତୀୟ ମଜଦୁର ସଂଘ ଦ୍ୱାରା ପରିଚାଳିତ ଅଲ୍ ଓଡିଶା ଅଙ୍ଗନବାଡି ଲେଡିଜ ୱାର୍କର୍ସ ଆସୋସିଏସନ୍ କଲ୍ୟାଣସିଂହପୁର ବ୍ଲକର ଏକ ବୈଠକ ସ୍ଥାନୀୟ ଗୁଣ୍ଡିଚା ମନ୍ଦିର ଠାରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ସଭାନେତ୍ରୀ ଶ୍ରୀମତୀ ଜୟନ୍ତୀ ପଦ୍ମାଳୟା ସାହୁ ଏବଂ ସମ୍ପାଦିକା ଉଷାରାଣୀ ଦାଶଙ୍କ ନେତୃତ୍ୱରେ ଆୟୋଜିତ ବୈଠକରେ ମୁଖ୍ୟ ଅତିଥି ଭାବେ ଶ୍ରମିକ ନେତା ତଥା ଭାରତୀୟ ମଜଦୁର ସଂଘର ରାଜ୍ୟ ଉପସଭାପତି ଯୋଗେଶ୍ୱର ଦାସ ଯୋଗଦେଇ ସରକାରଙ୍କ ଯୋଜନାକୁ ସଫଳ କରିବାରେ ମୁଖ୍ୟ ଭୂମିକା ନେଉଥିବା ସହ ଶିଶୁ ମୃତ୍ୟୁହାର ମା' ମୃତ୍ୟୁ ହାର କମାଇବାରେ ଏବଂ ରାଜ୍ୟ ସରକାର ଏବଂ କେନ୍ଦ୍ର ସରକାରଙ୍କ ଯୋଜନାକୁ ସଫଳ କରିବାରେ ମୁଖ୍ୟ ଭୂମିକା ନେଉଥିବା ଅଙ୍ଗନବାଡି କର୍ମୀ ଏବଂ ସହାୟିକାମାନଙ୍କ ଦୀର୍ଘ ଦିନର ବିଭିନ୍ନ ଦାବିକୁ ନେଇ ଆଲୋଚନା କରିଥିଲେ। ନୂତନ ସରକାରଙ୍କ ଠାରେ ଦାବି କରିବା ପାଇଁ ନିଷ୍ପତ୍ତି ନିଆଯାଇଛି। ଅଙ୍ଗନୱାଡ଼ି କର୍ମୀ ଏବଂ ସହାୟିକା ମାନଙ୍କୁ ପାଇଁ ଥିବା ସମସ୍ତ ସୁବିଧା ଯୋଗାଇ ଦେବା ଉପରେ ଜିଲ୍ଲା ପ୍ରଶାସନ ସହ ଆଲୋଚନା କରି ସମସ୍ୟାର ସମାଧାନ କରିବା ପାଇଁ ମଧ୍ୟ ନିଷ୍ପତି ହୋଇଛି। ସରକାର ଦୃଷ୍ଟି ନ ଦେଲେ ଆସନ୍ତା ଦିନରେ ଭାରତୀୟ ମଜଦୁର ସଂଘ ରାଜରାସ୍ତାକୁ ଓହ୍ଲାଇବା ପାଇଁ ବାଧ୍ୟ ହେବ ବୋଲି ଶ୍ରମିକ ନେତା ଶ୍ରୀ ଦାସ ଚେତାବନୀ ଦେଇଛନ୍ତି। ବୈଠକରେ ବ୍ଲକର ନୂତନ କର୍ମକର୍ତ୍ତା ଚୟନ କରାଯାଇଥିଲା। ନୂତନ କର୍ମକର୍ତ୍ତା ଭାବେ ସଭାନେତ୍ରୀ ହେମଲତା ମହାପାତ୍ର, ଉପ ସଭାନେତ୍ରୀ ମଣ୍ଡଳ ସାରି, ପବିତ୍ରା ରଞ୍ଜନି ପଣ୍ଡା, ସମ୍ପାଦିକା ବୃନ୍ଦାବତୀ ବେହେରା, ସହ ସମ୍ପାଦିକା ମଞ୍ଜୁ ଲତା ମହାପାତ୍ର, ସଂଗଠନ ସମ୍ପାଦିକା ଏ ମାଧୁରୀ, କୋଷାଧ୍ୟକ୍ଷ ଭାବେ ପଦ୍ମାବତୀ ନାୟକଙ୍କୁ ଚୟନ କରାଯାଇଥିଲା। ଉକ୍ତ କାର୍ଯ୍ୟକ୍ରମକୁ ରୀତାରଞ୍ଜନି ପଣ୍ଡା, ମଞ୍ଜୁଳା ଉଲାକା, ଲିସା କର୍ସିକା, ପରିଚାଳନା କରିଥିବା ବେଳେ ବ୍ଲକର ସମସ୍ତ ଅଙ୍ଗନବାଡି କର୍ମୀ ଏବଂ ସହାୟିକା ମାନେ ଯୋଗ ଦେଇଥିଲେ।

### ▶▶ ବିକ୍ରମ ଦେବ ବିଶ୍ୱବିଦ୍ୟାଳୟ

# ଡକ୍ଟର ରଞ୍ଜନ କୁମାର ସ୍ୱାଇଁ ବାଣିଜ୍ୟ ବିଭାଗ ସିଲାବସ କମିଟି ଅଧ୍ୟକ୍ଷ



ମାଲକାନଗିରି, ୨୦।୭ (ସମିସ): ଜୟପୁର ବିକ୍ରମ ଦେବ ବିଶ୍ୱବିଦ୍ୟାଳୟ ୨୦୨୪-୨୫ ଶିକ୍ଷାବର୍ଷ ପାଇଁ ସିଲାବସ କମିଟିର ଅଧ୍ୟକ୍ଷ ରୂପେ ମାଲକାନଗିରି ମହାବିଦ୍ୟାଳୟର ବାଣିଜ୍ୟ ବିଭାଗ ମୁଖ୍ୟ ଡକ୍ଟର ରଞ୍ଜନ କୁମାର ସ୍ୱାଇଁଙ୍କୁ ମନୋନୀତ କରାଯାଇଛି। ଏହି କମିଟିରେ ଡକ୍ଟର ଦେବଦତ୍ତ ଇନଦୋରିଆ ବାଣିଜ୍ୟ ବିଭାଗର ମୁଖ୍ୟ, ବିକ୍ରମ ଦେବ ବିଶ୍ୱବିଦ୍ୟାଳୟର ମୁଖ୍ୟ ଏବଂ ସଚିନ କୁମାର ନାୟକ ସହକାରୀ ପ୍ରଫେସର ଅଭ୍ୟନ୍ତରୀଣ ସଦସ୍ୟ ରୂପେ ରହିଛନ୍ତି। ବାହ୍ୟ ସଦସ୍ୟ ରୂପେ ମନୋଜ କୁମାର ବେହେରା, ବିକାଶ କୁମାର ଭୂୟାଁ, ଗୁଣୁପୁର, ଡକ୍ଟର ସ୍ମୃତିରଞ୍ଜନ ଦାସ ବାଣିଜ୍ୟ ବିଭାଗର ମୁଖ୍ୟ, କିଟ୍ ବିଶ୍ୱବିଦ୍ୟାଳୟ ରୂପେ ଚୟନ କରାଯାଇଛି। ଏହି କମିଟି ଦ୍ୱାରା ସ୍ନାତକ ଏବଂ ସ୍ନାତକୋତ୍ତର ବାଣିଜ୍ୟ ମେଜର୍ ମାଇନର୍ ଏବଂ ଏଇଡିପି ନୂତନ ଶିକ୍ଷାନୀତି ୨୦୨୦/୨୦ ପାଠ୍ୟ ପୁସ୍ତକ ବିଷୟରେ ପୁଙ୍ଖାନୁପୁଙ୍ଖ ଭାବେ ଆଲୋଚନା କରି କମିଟି ଦ୍ୱାରା ଅନୁମୋଦନ କରାଯାଇଛି। ଏଇଡିପି ପ୍ରଥମ ବର୍ଷ ଠାରୁ ଅଧ୍ୟୟନରତ ଛାତ୍ରଛାତ୍ରୀ ମାନେ ପ୍ରଶିକ୍ଷଣ ନେବା ସହିତ ନିଯୁକ୍ତି ପାଇବାରେ ସହାୟକ ହେବେ, ମେଧାବୀ ଛାତ୍ରଛାତ୍ରୀ ମାନେ ସୁବିଧା ପାଇବା ପାଇଁ +୩ ବାଣିଜ୍ୟ ଛାତ୍ରମାନେ ଉପକୃତ ହେବେ ବୋଲି କମିଟି ଦ୍ୱାରା ଚୟନ କରାଯାଇଛି। ଏମ୍.କମ୍‌ରେ ମଧ୍ୟ ୪ଟି ସେମିଷ୍ଟାର ୨୦୦୦ ମାର୍କ ସହିତ ଡିଜରଟେସନ ବାଧ୍ୟତା ମୂଳକ କରାଯାଇଛି। ଏହି ଅବସରରେ ଓଏସଡି ପ୍ରଫେସର ଦେବୀ ପ୍ରସାଦ ମିଶ୍ର, କୂଳ ସଚିବ ମହେଶ୍ୱର ଚନ୍ଦ୍ର ନାୟକ, ପରୀକ୍ଷା ନିୟନ୍ତ୍ରକ ରଞ୍ଜନ କୁମାର ପ୍ରଧାନଙ୍କୁ କମିଟି ଦ୍ୱାରା ସିଲାବସ ଅନୁମୋଦନ ପାଇଁ ପଠାଯାଇଛି।

# ଶିକ୍ଷକଙ୍କ ଅକାଳ ବିୟୋଗ



ଚନ୍ଦ୍ରପୁର,୨୦।୭ (ସମିସ): ରାୟଗଡ଼ା ଜିଲ୍ଲା ଚନ୍ଦ୍ରପୁର ବ୍ଲକ ସାର୍କିମା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ ଜଗଦୀଶ ଦଣ୍ଡସେନା (୪୨) କାମଳ ରୋଗରେ ପୀଡିତ ହୋଇ ବ୍ରହ୍ମପୁର ମେଡ଼ିକାଲରେ ଚିକିତ୍ସିତ ହେଉଥିଲେ। ସାମାନ୍ୟ ସୁସ୍ଥ ହେବାରୁ ତାଙ୍କୁ ନିଜ ଘର ଚନ୍ଦ୍ରପୁରକୁ ଗତ ୧୯ ତାରିଖରେ ଫେରି ଆସିଥିଲେ। କିନ୍ତୁ ଗତକାଲି ସଂଧ୍ୟା ୬ଟା ସମୟରେ ତାଙ୍କର ପରଲୋକ ହୋଇଛି। ମୃତ୍ୟୁ ବେଳକୁ ପାଖରେ ପୁଅ,ପତ୍ନୀ, ବନ୍ଧୁବାନ୍ଧବ ପରିଜନ ଉପସ୍ଥିତ ଥିଲେ। ବଡ଼ପୁଅ ବ୍ରହ୍ମପୁରଠାରେ ପାଠ ପଢୁଥିବାରୁ ଆସିବାରେ ବିଳମ୍ବ ହେବାରୁ ଆଜି ସକାଳୁ ଶବ ସତ୍କାର କରାଯାଇଛି। ମୃତ ଶିକ୍ଷକ ଶ୍ରୀ ଦଣ୍ଡସେନା ଅଞ୍ଚଳରେ ଗରିବ ପିଲାଙ୍କୁ ଶିକ୍ଷାଦାନ କରିବା ସହ ସମସ୍ତଙ୍କୁ ପାଠ ପଢିବାକୁ ଉତ୍ସାହିତ କରୁଥିଲେ। ସେ ଅଞ୍ଚଳରେ ଜଣେ ଜଣାଶୁଣା ଶିକ୍ଷକ ଭାବେ ନିଜର ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିଥିଲେ। ଅନ୍ତିମ ସତ୍କାର ବେଳେ ବହୁ ଶିକ୍ଷକ ଶିକ୍ଷୟିତ୍ରୀ, ଅତିରିକ୍ତ ଶିକ୍ଷା ଅଧିକାରୀ ଉପସ୍ଥିତ ରହି ଶୋକସନ୍ତପ୍ତ ପରିବାରଙ୍କୁ ସମବେଦନା ଜଣାଇଥିଲେ।

# ଷ୍ଟେସନ ନିକଟ ରାସ୍ତା ପାଲଟିଛି ଅଳିଆଗଦା

ମୁନିଗୁଡା,୨୦।୭ (ସମିସ): ଅମ୍ବାଦଳା ରେଲୱେ ଷ୍ଟେସନ ନିକଟ ରାସ୍ତା ଅଳିଆଗଦା ପାଲଟିଛି। ଫେଲ ମାରିଛି ରେଲୱେ ବିଭାଗର ସ୍ୱଚ୍ଛ ଭାରତ ଅଭିଯାନ। ଆମ୍ବାଦଳା ରେଲୱେ ଷ୍ଟେସନ ନିକଟ ରାସ୍ତାରେ ଆବର୍ଜନା ପାହାଡ଼ ଭଳି ଗଦା ହୋଇ ରହିଥିବାରୁ ଉକ୍ତ ନିର୍ଦ୍ଦିଷ୍ଟ ରାସ୍ତା ଆବର୍ଜନା ଗନ୍ଧରେ ଫାଟି ପଡୁଛି। ଷ୍ଟେସନ ଆଖପାଖରେ



ବସବାସ କରୁଥିବା ଲୋକେ ନାହିଁ ନଥିବା ଅସୁବିଧା ଭୋଗୁଛନ୍ତି। ଆବର୍ଜନା ଗଦାରୁ ଖାଦ୍ୟ ଖୋଜିବା ବେଳେ ବୁଲା କୁକୁର ଉତ୍ପାତ କରୁଛନ୍ତି। ଫଳରେ ରାସ୍ତାରେ ଯିବାକୁ ଲୋକେ ଭୟ କରୁଛନ୍ତି। ସ୍ୱଚ୍ଛତାକୁ ନେଇ ରେଲୱେ ବିଭାଗ ଆଦୌ ଚିନ୍ତିତ ନୁହେଁ ବୋଲି ଅମ୍ବାଦଳା ଅଞ୍ଚଳର ବିଭିନ୍ନ ସଂଗଠନ ପକ୍ଷରୁ ମତପ୍ରକାଶ କରାଯାଇଛି। ପ୍ରତିଦିନ ଅଳିଆ ଗଦା କରା ଯାଉଥିବା ନେଇ ଅଭିଯୋଗ କରାଯାଉ ଥିଲେ ମଧ୍ୟ ରେଲୱେ ପକ୍ଷରୁ କୌଣସି ସମାଧାନ ହେଉନାହିଁ। ଯାହାକୁ ନେଇ ଅଞ୍ଚଳରେ ଅସନ୍ତୋଷର ବାତାବରଣ ଦେଖାଦେଇଛି। ପ୍ରତିଦିନ ବ୍ୟବହାରରେ ଆସୁଥିବା ସମସ୍ତ ସାମଗ୍ରୀର ଦୋକାନ ବଜାର ଏଠାରେ ରହିଥିବାରୁ ଅଞ୍ଚଳର ପ୍ରାୟ ସମସ୍ତେ ଏହି ରାସ୍ତା ଉପରେ ନିର୍ଭର କରୁଛନ୍ତି। ରେଲୱେ ବିଭାଗ ଏ ଦିଗରେ ଦୃଷ୍ଟି ଦେବାକୁ ବୁଦ୍ଧିଜୀବୀ ମହଲରେ ଦାବି ହେଉଛି।

# ଅବକାରୀ ଚଢ଼ଉ, ବିପୁଳ ଗଞ୍ଜେଇ ଜବତ

ମାଲକାନଗିରି,୨୦।୭ (ସମିସ): ମାଲକାନଗିରି ଜିଲ୍ଲା ଅବକାରୀ ବିଭାଗ ପକ୍ଷରୁ ୮୪୪ କେଜି ଗଞ୍ଜେଇ ଜବତ ହୋଇଛି। ବିଶ୍ୱସ୍ତ ସୂତ୍ରରୁ ଖବର ପାଇ ଅବକାରୀ ଅଧିକ୍ଷକ ବିମ୍ବାଧର ପଣ୍ଡାଙ୍କ ନିର୍ଦ୍ଦେଶ କ୍ରମେ ମାଲକାନଗିରି ଅବକାରୀ ବିଭାଗ ତରଫରୁ ଯୋଡ଼ାଆମ୍ବ ଥାନା



ଅନ୍ତର୍ଗତ ସାଦରାମ ଓ କୋଡିଗଦୀ ଜଙ୍ଗଲରୁ ୮୪୪ କେଜି ଗଞ୍ଜେଇ ଜବତ କରାଯାଇଛି। ଯାହାର ଆନୁମାନିକ ୮୪ ଲକ୍ଷ ୪୦ ହଜାର ଟଙ୍କା ହେବ। ପ୍ରକାଶ ଥାଉକି ଉକ୍ତ ଗଞ୍ଜେଇକୁ ବାହାର ରାଜ୍ୟକୁ ଚାଲାଣ ପାଇଁ ଜଙ୍ଗଲ ଭିତରେ ଲୁଚାଯାଇଥିଲା। ଏ ସଂକ୍ରାନ୍ତରେ ଏକ ଦାବିହୀନ ମାମଲା ରୁଜୁ କରାଯାଇ ଅଧିକ ତଦନ୍ତ ପାଇଁ ନିର୍ଦ୍ଦେଶ ଦିଆଯାଇଛି। ଏହି ଚଢ଼ଉ ସମୟରେ ଅବକାରୀ ଉପ ଅଧିକ୍ଷକ ଟଙ୍କଧର ଭୋଇ, ଅବକାରୀ ନିରୀକ୍ଷକ ସନ୍ତୋଷ କୁମାର ବଳ, ଅବକାରୀ ଉପ ନିରୀକ୍ଷକ ଅଶେଷ କୁମାର ନାୟକଙ୍କ ସହ ରମେଶ ଚନ୍ଦ୍ର ସାହୁକାର, ଜେମେସ ମାଲଖମ୍ ସାହୁ, ରାମଚନ୍ଦ୍ର ହନ୍ତାଲ, କନେଷ୍ଟବଳ ବିପୁଳ ଶେଖର ଯୋଦ୍ଧର, ଜ୍ଞାନରଞ୍ଜନ ସାହୁ, ଚନ୍ଦ୍ରକାନ୍ତ ନାୟକ, ସରିତା ନାୟକ, ଜୁଲି ସା ପ୍ରମୁଖ ଉପସ୍ଥିତ ଥିଲେ।

**● ଜାତୀୟସ୍ତରୀୟ ଶକ୍ତି ଉତ୍ତୋଳନ ପ୍ରତିଯୋଗିତା**

# ରାୟଗଡ଼ାକୁ ସ୍ୱର୍ଣ୍ଣ ସହିତ ୪ ପଦକ



ରାୟଗଡ଼ା,୨୦।୭ (ସମିସ): କୋଲକତାର ମେଦିନପୁରରେ ଚଳିତ ଜୁଲାଇ ୧୫ରୁ ୧୮ ତାରିଖ ଚାରି ଦିନ ପର୍ଯ୍ୟନ୍ତ ଜାତୀୟସ୍ତରୀୟ ଶକ୍ତି ଉତ୍ତୋଳନ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। ଏହି ପ୍ରତିଯୋଗିତାରେ ରାୟଗଡାକୁ ଗୋଟାଏ ଲେଖାଏଁ ସ୍ୱର୍ଣ୍ଣ, ରୌପ୍ୟ ଓ କାଂସ୍ୟ ପଦକ ମିଳିଛି। ଆଜି ମଧ୍ୟାହ୍ନରେ ପ୍ରତିଯୋଗୀ ଓ ଟିମ୍ ରାୟଗଡ଼ାରେ ପହଞ୍ଚିବା ପରେ ତାଙ୍କୁ ରେଳ ଷ୍ଟେସନ ଠାରେ ଭବ୍ୟ ସ୍ୱାଗତ କରାଯାଇଥିଲା। ଜିଲ୍ଲାର ଖେଳାଳି ମାନେ ନିଜର ଦକ୍ଷତା ପ୍ରତିପାଦନ କରି ଜାତୀୟ ସ୍ତରରେ ଗୌରବ ଆଣିଥିବାରୁ ଜିଲ୍ଲାବାସୀଙ୍କ ମନରେ ଉତ୍କଣ୍ଠା ଭରି ଯାଇଥିଲା। ଖେଳାଳି ପିଙ୍କି ହୁଇକା ୫୩ କିଲୋ ବରିଷ୍ଠ ବର୍ଗରେ ସ୍ୱର୍ଣ୍ଣ. ଆଦି ଶବର ବରିଷ୍ଠ ବର୍ଗରେ ୮୫ କିଲୋରେ କାଂସ୍ୟ, ଦୋରା କଣ୍ଡାଗରି ୯୪ କିଲୋ ବରିଷ୍ଠ ବର୍ଗରେ ରୌପ୍ୟ ଏକ୍ୱାଟେଡ଼ରେ ବିତେନ୍ଦ୍ର ଶବର, ୯୪ କେଜି ବରିଷ୍ଠ ବର୍ଗରେ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି। ଏହି ପ୍ରତିଯୋଗୀ ମାନେ ନେପାଳରେ ହେଉଥିବା ଏସିଆ କପ୍ ଗେମ ପାଇଁ ମନୋନୀତ ହୋଇଥିବା ଖେଳାଳି ଦୋରା କଣ୍ଡାଗରୀ ଜଣାଇଛନ୍ତି।




























# ବିଭିନ୍ନ ପ୍ରକଳ୍ପର ଲୋକାର୍ପଣ, ଭିତ୍ତିପ୍ରସ୍ତର ସ୍ଥାପନ

## ଯୋଗଦେଲେ ମନ୍ତ୍ରୀ, ବିଧାୟକ ଓ ସାଂସଦ



ନବରଙ୍ଗପୁର :୨୦।୭ (ସମିସ): ରବିବାର ନବରଙ୍ଗପୁର ସାଇକଲ୍ୟାଣ ମଣ୍ଡପ ଠାରେ ଆୟୋଜିତ କାର୍ଯ୍ୟକ୍ରମରେ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଏବଂ ପାନୀୟ ଜଳ ବିଭାଗ ମନ୍ତ୍ରୀ ରବି ନାରାୟଣ ନାଏକ ମୁଖ୍ୟ ଅତିଥି ରୂପେ ଯୋଗଦେଇ ବିଭିନ୍ନ ଉନ୍ନତି ମୂଳକ କାର୍ଯ୍ୟକ୍ରମର ଭିତ୍ତିପ୍ରସ୍ତର ସ୍ଥାପନ ଓ ଲୋକାର୍ପଣ କରିଛନ୍ତି। ଜିଲାପାଳ ଡା. ଶୁଭଙ୍କର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ସମ୍ମାନିତ ଅତିଥି ରୂପେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ବିଧାୟକ ନବରଙ୍ଗପୁର ଗୌରୀ ଶଙ୍କର ମାଝୀ, ବିଧାୟକ ଝରିଗାଁ ନରସିଂହ ଭତରା , ପୌରପାଳିକା ଅଧ୍ୟକ୍ଷ କୁନୁ ନାୟକ, ସାଂସଦ ପ୍ରତିନିଧି କୁଞ୍ଜ ବିହାରୀ ଦାସ ଏବଂ ମୁଖ୍ୟ ଉନ୍ନୟନ ଅଧିକାରୀ ଜିଲ୍ଲାପରିଷଦ ବିରଞ୍ଚି ନାରାୟଣ ଦରୱାନ ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ମୁଖ୍ୟ ଅତିଥି ମନ୍ତ୍ରୀ ଶ୍ରୀ ନାୟକ ବିଭିନ୍ନ ବିଭାଗୀୟ ପ୍ରକଳ୍ପର ଭିତ୍ତିପ୍ରସ୍ତର ସ୍ଥାପନ ଓ ଲୋକାର୍ପଣର ଶୁଭାରମ୍ଭ କରିଥିଲେ। ଜିଲ୍ଲାର ବିଭିନ୍ନ ବିଭାଗର ମୋଟ ୨୫୧ଟି ପ୍ରକଳ୍ପ ସର୍ବମୋଟ ୧୫୮.୭୦ କୋଟି ଟଙ୍କାର ଭିତ୍ତିପ୍ରସ୍ତର ସ୍ଥାପନ ଓ ଲୋକାର୍ପଣ କରାଯାଇଛି। ଜଳ ଜୀବନ ମିଶନ ଅନ୍ତର୍ଗତ ୧୮.୨୮ କୋଟି ମୂଲ୍ୟର ପାନୀୟ ଜଳ ଯୋଗାଣ ପ୍ରକଳ୍ପ, ଗ୍ରାମ୍ୟ ଉନ୍ନୟନ ବିଭାଗର ୬୨.୬୪ କୋଟିର ମୂଲ୍ୟର ୧୨ ଗୋଟି ବିଭିନ୍ନ ପ୍ରକଳ୍ପ, ମିଶନ ଶକ୍ତି ଅନ୍ତର୍ଗତ ୧୫ କୋଟି ମୂଲ୍ୟର ୫୦ ଗୋଟି ଗ୍ରାମ ପଞ୍ଚାୟତସ୍ତରୀୟ ମହାସଂଘ କୋଠା, ୧୩.୦୮ କୋଟି ମୂଲ୍ୟର ୧୦୯ ଗୋଟି ଅଙ୍ଗନବାଡି କେନ୍ଦ୍ର ନିର୍ମାଣ ,୧୧.୬୩ କୋଟି ମୂଲ୍ୟର ୬୨ ଗୋଟି ଅତିରିକ୍ତ ଶ୍ରେଣୀ ଗୃହର ଭିତ୍ତିପ୍ରସ୍ତର ସ୍ଥାପନ ସହ ୧୬.୭୦ କୋଟି ମୂଲ୍ୟର ୩ ଗୋଟି ଗ୍ରାମ୍ୟ ସଡ଼କ,୨୧.୨୭ କୋଟି ମୂଲ୍ୟର ୫ ଗୋଟି ସେତୁ ବନ୍ଧନ ପ୍ରକଳ୍ପର ଲୋକାର୍ପଣ ମୁଖ୍ୟ ଅତିଥି କରିଥିଲେ। ବିଧାୟକ ଗୌରୀ ଶଙ୍କର ମାଝୀ ଓ ନରସିଂହ ଭତରା ଏବଂ ସାଂସଦ ପ୍ରତିନିଧି କୁଞ୍ଜ ବିହାରୀ ଦାସ ନିଜ ବକ୍ତବ୍ୟରେ ଜିଲ୍ଲାର ସର୍ବାଙ୍ଗୀନ ଉନ୍ନତି ପାଇଁ ଓଡ଼ିଶା ସରକାର ଙ୍କ ବିଭିନ୍ନ ଯୁଗାନ୍ତକାରୀ ପଦକ୍ଷେପ ଉପରେ କହିଥିଲେ। ମଞ୍ଚରେ ମୁଖ୍ୟ ଅତିଥି ଓ ଅନ୍ୟ ଅତିଥି ଗଣ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ତରଫରୁ ୧୦ ଜଣଙ୍କୁ ଶ୍ରବଣ ଯନ୍ତ୍ର, ଶ୍ରମ ବିଭାଗ ତରଫରୁ ୧୧ ଜଣଙ୍କୁ ନିର୍ମାଣ ଶ୍ରମିକ କଲ୍ୟାଣ ଯୋଜନା ଅନ୍ତର୍ଗତ ବିବାହ କାଳୀନ, ମାତୃତ୍ୱକାଳୀନ, ଶିକ୍ଷା, ମୃତ୍ୟୁକାଳୀନ ସହାୟତା ସହ ୮ ଜଣଙ୍କୁ ଶ୍ରମ କାର୍ଡ, ଜଙ୍ଗଲ ଜମି ଅଧିକାର ନିୟମ ଅନ୍ତର୍ଗତ ବିଭିନ୍ନ ବ୍ଲକର ୩୮ ଜଣଙ୍କୁ ଆଇଏଫ୍‌ଆର୍ ଜମି ପଟ୍ଟା ପ୍ରଦାନ କରିଥିଲେ। ଶେଷରେ ସିଡିଓ, ଜିଲ୍ଲା ପରିଷଦ ବିରଞ୍ଚି ନାରାୟଣ ଦରୱାନ ଧନ୍ୟବାଦ୍ ଅର୍ପଣ କରିଥିଲେ। ଏହି ଅବସରରେ ଆଜି ମୁଖ୍ୟ ଅତିଥି ପାପଡାହାଣ୍ଡି ସ୍ଥିତ ସହିଦ ସ୍ମୃତି ସ୍ତମ୍ଭଠାରେ ଜିଲ୍ଲାର ବୀର ସ୍ୱାଧୀନତା ସଂଗ୍ରାମୀଙ୍କୁ ଶ୍ରଦ୍ଧାଞ୍ଜଳି ଦେଇଥିଲେ ଏବଂ ସହିଦ ସ୍ତମ୍ଭ ପରିସରରେ ଚାରାରୋପଣ କରିଥିଲେ। ସେଭଳି କୋଡ଼ିଙ୍ଗାର ଫର୍ଷାଗୁଡା ସ୍ଥିତ ବନ ବିଭାଗ ଦ୍ୱାରା ନିର୍ମିତ ବର୍ଣ୍ଣମାଳା ଉଦ୍ୟାନକୁ ଉଦ୍‌ଘାଟନ କରି ଚାରା ରୋପଣ କରିଥିଲେ। ଏହି ଦୁଇଟି କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ବିଧାୟକ ନବରଙ୍ଗପୁର ଗୌରୀ ଶଙ୍କର ମାଝୀ, ବିଧାୟକ ଝରିଗାଁ ନରସିଂହ ଭତରା, ଜିଲ୍ଲାପାଳ ଡ଼ା ଶୁଭଙ୍କର ମହାପାତ୍ର ଆରକ୍ଷୀ ଅଧିକ୍ଷକ ମଡକର ସନ୍ଦୀପ ସମ୍ପତ ପ୍ରମୁଖ ଉପସ୍ଥିତ ଥିଲେ।

# କୃଷି ବିଭାଗ ରାସ୍ତା ପାଲଟିଛି ପୋଖରୀ

## କଲବଲ କରୁଛି କାଦୁଅ ପଚପଚ ରାସ୍ତା



ନନ୍ଦାହାଣ୍ଡି,୨୦।୭ (ସମିସ): ନବରଙ୍ଗପୁର ଜିଲ୍ଲା ନନ୍ଦାହାଣ୍ଡି ବ୍ଲକର କୃଷି ବିଭାଗକୁ ଯିବାପାଇଁ ଅଦ୍ୟାବଧି ପକ୍କା ରାସ୍ତା ନିର୍ମାଣ ହୋଇନି। କାଦୁଅ ପଚପଚ ସହ ଅନେକ ସ୍ଥାନରେ ସୃଷ୍ଟି ହେଇଛି କୃତ୍ରିମ ପୋଖରୀ। ଫଳରେ କୃଷି ବିଭାଗ କର୍ମଚାରୀ ଏବଂ ଚାଷୀ ହଇରାଣ ହେଉଛନ୍ତି। ମୁଖ୍ୟ ରାସ୍ତା ପାର୍ଶ୍ୱରେ କାର ଓ ବାଇକ୍ ରଖି ପ୍ରାୟ ୩ ଶହ ମିଟର ମାଟି କାଦୁଅ ରାସ୍ତାରେ କାର୍ଯ୍ୟାଳୟକୁ ଯିବାକୁ ପଡୁଛି। ନନ୍ଦାହାଣ୍ଡି ବ୍ଲକ ଅନ୍ତର୍ଗତ ଡଙ୍ଗର ଭେଜା ଗ୍ରାମ ଉପକଣ୍ଠରେ ନନ୍ଦାହାଣ୍ଡି କୃଷି କାର୍ଯ୍ୟାଳୟ ରହିଛି। ଡଙ୍ଗରଭେଜା-ନବରଙ୍ଗପୁର ମୁଖ୍ୟ ରାସ୍ତାର ୩ ଶହ ମିଟର ଭିତରକୁ କୃଷି କାର୍ଯ୍ୟାଳୟ ରହିଛି। ବର୍ତ୍ତମାନ ଚାଷ ଋତୁ ହୋଇଥିବା ଯୋଗୁଁ ପ୍ରତ୍ୟେକ ଦିନ ଚାଷୀ କୃଷି କାର୍ଯ୍ୟାଳୟକୁ ଆସିଥାନ୍ତି। ହେଲେ ମୁଖ୍ୟ ରାସ୍ତାରୁ କୃଷି କାର୍ଯ୍ୟାଳୟକୁ ଯିବାପାଇଁ ଅଦ୍ୟାବଧି ପକ୍କା ରାସ୍ତାଟିଏ ନିର୍ମାଣ ହୋଇପାରିନି। ଫଳରେ ସେହି ମାଟି କାଦୁଅ ରାସ୍ତାରେ ଚାଷୀଙ୍କୁ ଯାତାୟାତ କରିବାକୁ ପଡୁଛି। କାର୍ଯ୍ୟାଳୟ ଅଧିକାରୀ ବୃନ୍ଦ ମୁଖ୍ୟ ରାସ୍ତା ପାର୍ଶ୍ୱରେ ନିଜ ନିଜ ବାଇକ୍, କାର ରଖି କାଦୁଅ ରାସ୍ତାରେ ଚାଲି ଚାଲି କାର୍ଯ୍ୟାଳୟକୁ ଯାଉଛନ୍ତି। ୩ ଶହ ମିଟର ଦୂରତା ବିଶିଷ୍ଟ ମାଟି ରାସ୍ତା ବର୍ଷା ଯୋଗୁଁ କାଦୁଅ ମୟ ହୋଇରହିଛି। ରାସ୍ତା ଉପରେ ବର୍ଷା ପାଣି ଜମି ରହି କୃତ୍ରିମ ପୋଖରୀର ଭ୍ରମ ସୃଷ୍ଟି କରୁଛି। ବାଇକ୍, କାର ତଥା ଅନ୍ୟାନ୍ୟ ଯାନବାହାନ ଉକ୍ତ ରାସ୍ତାରେ ଯାତାୟତ କରିବା ସମ୍ଭବ ହେଉନି। ଯାହାକୁ ନେଇ ଜନ ଅସନ୍ତୋଷ ତେଜିବାରେ ଲାଗିଛି। ସରକାରଙ୍କ ପକ୍ଷରୁ ଗାଁ,ଗଳିରେ ପକ୍କା ରାସ୍ତା ନିର୍ମାଣ କରି ଲୋକଙ୍କ ଯାତାୟତ ସୁବିଧା କରାଯାଉଥିବା ବେଳେ ଏକ ଗୁରୁତ୍ୱପୁର୍ଣ ବିଭାଗ କୃଷି କାର୍ଯ୍ୟାଳୟକୁ ଏପର୍ଯ୍ୟନ୍ତ ପକ୍କା ରାସ୍ତ ନିର୍ମାଣ ନହେବା ପରିତାପର ବିଷୟ ବୋଲି ଲୋକେ କହୁଛନ୍ତି। ଏଣୁ ଯଥାଶୀଘ୍ର ଡଙ୍ଗର ଭେଜା ଗ୍ରାମ ଉପକଣ୍ଠରେ ଥିବା ନନ୍ଦାହାଣ୍ଡି କୃଷି କାର୍ଯ୍ୟାଳୟକୁ ପକ୍କା ରାସ୍ତା ନିର୍ମାଣ କରି ଯାତାୟତ ସୁବିଧା କରିବା ପାଇଁ ବ୍ଲକର ସମସ୍ତ କୃଷକ ସମାଜ ସହିତ ବିଭିନ୍ନ ବୁଦ୍ଧିଜୀବୀ ଏବଂ ସାଧାରଣ ଦାବି କରିଛନ୍ତି।

# ସଫେଇ ହେଲା ପୌରାଞ୍ଚଳର ଆବର୍ଜନା



ଉମରକୋଟ ୨୦।୭ (ସମିସ): ନବରଙ୍ଗପୁର ଜିଲ୍ଲା ଉମରକୋଟ ପୌରପରିଷଦ ଠାରେ ବହୁଦିନରୁ ଅଳିଆ ଆବର୍ଜନା ହୋଇ ଡ୍ରେନ୍ ସଫା ହେଉନଥିଲା। ଗତ କିଛିମାସ ହେବ ନୂତନ କାର୍ଯ୍ୟନିର୍ବାହୀ ଅଧିକାରୀ ଆସିବା ପରେ ଉମରକୋଟକୁ ସଫାସୁତୁରା ରଖିବା ପାଇଁ ପୌର କର୍ମଚାରୀଙ୍କ ସହ ଲାଗିପଡିଛନ୍ତି । ଆଜି ଲଗାଣ ବର୍ଷା ଲାଗି ରହିବା ଫଳରେ ଉମରକୋଟ ପୌର ପରିଷଦର ୫ ନଂ ୱାର୍ଡ ଦଶହରା ପଦାଠାରେ ଥିବା ପୋଖରୀ ଠାରେ ବର୍ଷା ଜଳ ଜମି ଦଶହରା ପଦା ସାହିର କିଛି ଘର ଭିତରେ ପାଣି ପଶିଯାଇଥିଲା। ସେହି ସାହିର ବାସିନ୍ଦା ଭିଡିଓ ଉତ୍ତୋଳନ କରି କାର୍ଯ୍ୟନିର୍ବାହୀ ଅଧିକାରୀ ପାଖକୁ ପଠାଇଥିଲେ। ଅଧିକାରୀ ସଙ୍ଗେ ସଙ୍ଗେ ପୌର ପରିଷଦର ସମସ୍ତ କର୍ମଚାରୀଙ୍କ ସହ ଜେସିବି ନେଇ ୫ ନଂ ୱାର୍ଡ ଦଶହରା ପଦା ପହଞ୍ଚି ସମସ୍ତ ଡ୍ରେନ ସଫା କରିଥିଲେ। ପୈରପରିଷଦର କାର୍ଯ୍ୟନିର୍ବାହୀ ଅଧିକାରୀଙ୍କ ଏଭଳି କାର୍ଯ୍ୟ ଦେଖି ସାହି ବାସିନ୍ଦା ପ୍ରଶଂସା କରିଥିଲେ। ଏହି ସଫେଇ ଅଭିଯାନରେ ସାନିଟେସନ ଏକ୍ସପର୍ଟ ନିଳାମ୍ବର ଭତ୍ରା , ସାନିଟେସନ ଇନଚାର୍ଜ ସିବି ରାଓ, ବାପି ସଡିଆଲ ଓ ସମସ୍ତ କର୍ମଚାରୀ ଉପସ୍ଥିତ ରହିଥିଲେ।

# କବିତା ପୁସ୍ତକ 'ଅବ୍ୟକ୍ତ ଈଶ୍ୱର' ଲୋକାର୍ପିତ



ରାୟଗଡା, ୨୦।୭ (ସମିସ): ସମାଜରେ ଶାନ୍ତି ମୈତ୍ରୀ ଓ ଭ୍ରାତୃଭାବର ପୁନଃ ପ୍ରତିଷ୍ଠା ପାଇଁ ସାହିତ୍ୟ ଏକ ବଳିଷ୍ଠ ମାଧ୍ୟମ। ମାନବଜାତିର ବିବର୍ତ୍ତନ ସାହିତ୍ୟ ଦ୍ୱାରା ହିଁ ସମ୍ଭବ। କବୟିତ୍ରୀ କୃଷ୍ଣପ୍ରିୟା ସାହାଣୀଙ୍କ ପୁସ୍ତକ ପାଠକାର୍ପଣ ଉତ୍ସବରେ ରାୟଗଡା ଉପଜିଲ୍ଲାପାଳ ରମେଶ କୁମାର ଜେନା ମୁଖ୍ୟ ଅତିଥି ଭାବେ ଯୋଗ ଦେଇ ଏଇ ମତ ରଖିଛନ୍ତି। ସ୍ଥାନୀୟ ମହିଳା ମହାବିଦ୍ୟାଳୟ ରାୟଗଡ଼ାଠାରେ ଆୟୋଜିତ ଏହି ଲୋକାର୍ପଣ ଉତ୍ସବରେ କବୟିତ୍ରୀଙ୍କ ଓଡ଼ିଆ କବିତା ସଙ୍କଳନ 'ଅବ୍ୟକ୍ତ ଈଶ୍ୱର' ଓ ଇଂରାଜୀ କବିତା ସଙ୍କଳନ 'ଦି ବିନଜେଡ ଚାରିଓଟ' ଉନ୍ମୋଚିତ ହୋଇଯାଇଛି। ବିଶିଷ୍ଟ ଶିକ୍ଷାବିତ୍ ଡ. ଦୁଷ୍ମନ୍ତ କୁମାର ମହାନ୍ତି ସ୍ୱାଗତ ଅଭିଭାଷଣ ପ୍ରଦାନ ସହ କବୟିତ୍ରୀଙ୍କ ସାମାଜିକ ପ୍ରତିବଦ୍ଧତା ସମ୍ବନ୍ଧରେ ସୂଚନା ଦେଇଥଲେ। ପଞ୍ଚବଟୀ ସମ୍ପାଦକ ତଥା ସୁସାହିତ୍ୟିକ ସୁଶାନ୍ତ କୁମାର ନାୟକ ଅବ୍ୟକ୍ତ ଈଶ୍ୱରର ସମୀକ୍ଷା କରିଥିଲେ। ଇଂରାଜୀ ପୁସ୍ତକ 'ଦି ବିନଜେଡ ଚାରିଓଟ' ର ସମୀକ୍ଷା କରିଥିଲେ ରାୟଗଡା ସ୍ୱୟଂଶାସିତ ମହାବିଦ୍ୟାଳୟର ଇଂରାଜୀ ସହକାରୀ ଅଧ୍ୟାପକ ଶ୍ରୀନିବାସ ଆଚାରୀ। ମହିଳା ମହାବିଦ୍ୟାଳୟ ଅଧ୍ୟକ୍ଷା ଡ. ଅର୍ଚ୍ଚନା ପଟ୍ଟନାୟକ କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିଲେ। କବୟିତ୍ରୀ କୃଷ୍ଣପ୍ରିୟା ସାହାଣୀ ତାଙ୍କ ବକ୍ତବ୍ୟରେ ପୁସ୍ତକର ସଂକ୍ଷିପ୍ତ ପରିଚୟ ପ୍ରଦାନ ସହ ଏହାର ପୃଷ୍ଠଭୂମି ସମ୍ବନ୍ଧୀୟ ସୂଚନା ଦେଇଥଲେ। କାର୍ଯ୍ୟକ୍ରମ ଶେଷରେ ଶ୍ରୀଧର ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ବରିଷ୍ଠ ଆଇନଜୀବୀ ବ୍ରଜସୁନ୍ଦର ନାୟକ, ଜଗଦୀଶ ଚନ୍ଦ୍ର ଦୋରା, ସତ୍ୟବାଦୀ ପତି, ଡଃ.କୃପାସିନ୍ଧୁ ପାଣିଗ୍ରାହୀ, ଶୁଭ୍ରା ପଣ୍ଡା, ସୁସ୍ମିତା ଦାଶ, କିଶୋର ପଣ୍ଡା, ବାବୁଲାଲ ଗନ୍ତାୟତ, ସୁଦର୍ଶନ ପାଢୀ, ଡଃ.ବିପିନ୍ ବିହାରୀ ବିଶ୍ୱାଳ, ଡଃ.ସରସ୍ୱତୀ ରାୟ, ଡଃ ବେବିଲତା ସରାଫ, ଡଃ ଅଶୋକ କୁମାର ମିଶ୍ର, ରାଜଲକ୍ଷ୍ମୀ ଦେବୀ, ଲାଲବିହାରୀ ଲେଙ୍କା, ଶିବପ୍ରସାଦ ମିଶ୍ର, ଡଃ ପ୍ରସନ୍ନ ଗନ୍ତାୟତ, ଡଃ ଶଶୀଭୂଷଣ ପଟ୍ଟନାୟକ, ଡଃ ବିନୋଦ ପାତ୍ର, ବିମଳ ଚାନ୍ଦ ପଟ୍ଟନାୟକ, ଆଶୁତୋଷ ପାତ୍ର, ଦେବେନ୍ଦ୍ର ବାଉରୀ, ଲୋକନାଥ ପଣ୍ଡା, ଅରୁଣ କୁମାର ଲେଙ୍କା, ଅରୁଣ କୁମାର ପାଣିଗ୍ରାହୀ, ରବି ଶତପଥି, ଲାବଣ୍ୟ ମୋହନ ପଟ୍ଟନାୟକ, ପ୍ରଶାନ୍ତ ପଟ୍ଟନାୟକ, ଡାକ୍ତର ମାୟାଧର ସାହୁ, ରମେଶ ଟାକିରି, ଜୟଦେବ ସିଠ, ବିନାୟକ କର, ନୀଳମଣି ପାଟଯୋଶୀ, ସୁବାସ ବେହେରା, କଲ୍ୟାଣୀ ସାସମଲ, ପ୍ରଶାନ୍ତି ସାହୁ, ତ୍ରିବେଣୀ ମିଶ୍ର, ମହାଶ୍ୱେତା ପାଣିଗ୍ରାହୀଙ୍କ ସମେତ ମହାବିଦ୍ୟାଳୟର ଅଧ୍ୟାପକ ଅଧ୍ୟାପିକା ଓ ଛାତ୍ରୀମାନେ କାର୍ଯ୍ୟକ୍ରମରେ ଉପସ୍ଥିତ ଥିଲେ।

### ଜିଲ୍ଲାରେ ହିତାଧିକାରୀଙ୍କୁ ଗୃହ ବଣ୍ଟନରେ ବହୁ ବିଳମ୍ବ

# ବିଭାଗୀୟ ଅଧିକାରୀଙ୍କ ଉପରେ ମନ୍ତ୍ରୀ କ୍ଷୁବ୍ଧ




ନବରଙ୍ଗପୁର,୨୦।୭ (ସମିସ): ରାଜ୍ୟ ଗ୍ରାମ୍ୟ ଉନ୍ନୟନ, ପଞ୍ଚାୟତିରାଜ ଏବଂ ପାନୀୟ ଜଳ ବିଭାଗ ମନ୍ତ୍ରୀ ରବି ନାରାୟଣ ନାଏକ ଦୁଇଦିନିଆ ଗସ୍ତରେ ଆସି ବିଭିନ୍ନ ବିଭାଗର ଉନ୍ନତିମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି। ସ୍ଥାନୀୟ ମିଶନ ଶକ୍ତି ସମ୍ମିଳନୀ ଗୃହରେ ଅନୁଷ୍ଠିତ ବିଭିନ୍ନ ବିଭାଗୀୟ ସମୀକ୍ଷା ବୈଠକରେ ସେ ଅଧ୍ୟକ୍ଷତା କରିଥିବା ବେଳେ ବିଦ୍ୟାଳୟ ଓ ଗଣ ଶିକ୍ଷା ,ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ , ବିଧାୟକ ନବରଙ୍ଗପୁର ଗୌରୀ ଶଙ୍କର ମାଝୀ, ବିଧାୟକ ଝରିଗାଁ ନରସିଂହ ଭତରା, ଜିଲ୍ଲାପାଳ ଡ଼ା ଶୁଭଙ୍କର ମହାପାତ୍ର, ନବରଙ୍ଗପୁର ପୌରପାଳିକା ଅଧ୍ୟକ୍ଷ କୁନୁ ନାୟକ, ମୁଖ୍ୟ ଉନ୍ନୟନ ଅଧିକାରୀ, ଜିଲ୍ଲା ପରିଷଦ ବିରଞ୍ଚି ନାରାୟଣ ଦରୱାନ, ଉପ ଜିଲ୍ଲାପାଳ ପ୍ରକାଶ କୁମାର ମିଶ୍ର ଏବଂ ସାଂସଦ ପ୍ରତିନିଧି କୁଞ୍ଜ ବିହାରୀ ଦାସ ପ୍ରମୁଖଙ୍କ ସମେତ ବହୁ ଜିଲ୍ଲାସ୍ତରୀୟ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ଏହି ଅବସରରେ ମନ୍ତ୍ରୀ ଶ୍ରୀ ନାୟକ ଜିଲ୍ଲାରେ ବିଭିନ୍ନ ବିଭାଗର କାର୍ଯ୍ୟର ସମୀକ୍ଷା କରିବା ସହ ବିଭାଗୀୟ ଅଧିକାରୀ ମାନଙ୍କୁ ପ୍ରଶ୍ନ କରିଥିଲେ। ଆରଡବ୍ଲୁଏସ୍‌ଏସ ବିଭାଗ ଦ୍ୱାରା ଜିଲ୍ଲାର ସମସ୍ତଙ୍କୁ ପାଇପ୍ ଯୋଗେ, ସୋଲାର ଦ୍ୱାରା, ନଳକୂପ ଦ୍ୱାରା ପ୍ରତ୍ୟେକ ପଞ୍ଚାୟତରେ ପାନୀୟ ଜଳ ସୁବିଧାର ଅଗ୍ରଗତି ଉପରେ ବିଶେଷ ଗୁରୁତ୍ୱ ଦେଇ ଲକ୍ଷ୍ୟଧାର୍ଯ୍ୟକୁ ପୂରଣ କରିବାପାଇଁ ନିର୍ବାହୀ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ସେଭଳି ଗମନାଗମନ କ୍ଷେତ୍ରରେ ଗ୍ରାମ୍ୟ ଉନ୍ନୟନ, ରାସ୍ତା ଓ ଗୃହ ନିର୍ମାଣ ବିଭାଗୀୟ ଅଧିକାରୀଙ୍କୁ ସମନ୍ୱୟ ରକ୍ଷା ପୂର୍ବକ କାର୍ଯ୍ୟ କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଜିଲ୍ଲାରେ ହିତାଧିକାରୀଙ୍କୁ ଗୃହ ବଣ୍ଟନ କାର୍ଯ୍ୟକ୍ରମରେ ବିଶେଷ ଅଗ୍ରଗତି ହୋଇନଥିବା ଦେଖି ମନ୍ତ୍ରୀ କ୍ଷୁବ୍ଧ ପ୍ରକାଶ କରିଥିଲେ। ସୂଚନା ଅନୁସାରେ ୨୦୧୬-୧୭ ରୁ ୨୦୨୪-୨୫ ମଧ୍ୟରେ ୨୩,୨୩୪ଟି ଗୃହ ନିର୍ମାଣ ଶେଷ ହୋଇପାରିନାହିଁ। ଏହାର କାରଣ ହିତାଧିକାରୀ ମାନେ ନିଜର ଗୃହନିର୍ମାଣରେ ଆବଣ୍ଟିତ ଅର୍ଥକୁ ସଠିକ୍ ପରିଚାଳନା ନ କରିବା, ବାଲି ଓ ଅନ୍ୟାନ୍ୟ ଗୃହ ସାମଗ୍ରୀର ଉପଲବ୍ଧ ନ ହେବା ଉପରେ ବିଡିଓ ମାନେ କହିଥିଲେ।୨୦୨୪-୨୫ରେ ୨୦୬୨ ଟି ଗୃହ ଆବଣ୍ଟନ ପ୍ରସ୍ତାବ ଗୃହୀତ ହୋଇ କାର୍ଯ୍ୟାଦେଶ ଦିଆଯାଇଛି। ସେଭଳି ୧୮/୭/୨୦୨୫ ସୁଦ୍ଧା ୧୮୯ ପଞ୍ଚାୟତରେ ୫୬୨ଟି ଅମୃତ ସରୋବର ପ୍ରସ୍ତାବ ଗୃହୀତ ହୋଇ ୧୫୯ଟିର କାର୍ଯ୍ୟ ଆରମ୍ଭ ହୋଇଛି। ସେହିଭଳି ଓରମାସ୍ ତରଫରୁ ବିଭିନ୍ନ ଜୀବିକା ନିର୍ବାହ ପାଇଁ ତାଲିମ ପ୍ରଦାନ ସହ ରାଜମିସ୍ତ୍ରୀ, ବଢ଼େଇ, ଫିଟରଙ୍କୁ ପ୍ରଶିକ୍ଷଣ ପାଇଁ ପ୍ରସ୍ତାବ ପଠାଇବାକୁ ନିର୍ଦ୍ଦେଶ ଦେଇଥିଲେ। ଉପସ୍ଥିତ ବିଧାୟକ ନିଜ ଅଞ୍ଚଳରେ ବିଭିନ୍ନ ପ୍ରକଳ୍ପର କାର୍ଯ୍ୟ ଅଧିକ ତ୍ୱରାନିତ କରିବାକୁ ଗୃହରେ ବିଭାଗୀୟ ଅଧିକାରୀ ମାନଙ୍କୁ କହିଥିଲେ।

# ଧରାପଡିଲେ ଦୁଇ ଏଟିଏମ୍ ଲୁଟେରା



ଜୟପୁର, ୨୦।୭(ସମିସ): କୋରାପୁଟ ଜିଲ୍ଲା ଜୟପୁର ସହରର ଟାଉନ ଥାନା ଅନତିଦୂରରେ ପାରାବେଢା ରାସ୍ତା ପାର୍ଶ୍ୱରେ ଭାରତୀୟ ଷ୍ଟେଟ ବ୍ୟାଙ୍କର ଏଟିଏମ୍ ଠାରେ ଦୁଇଟି ଅନ୍ତଃରାଜ୍ୟ ଲୁଟେରାଙ୍କୁ ପୁଲିସ ଧରିବା ସହ ଥାନାକୁ ଆଣି ପଚରା ଉଚରା କରୁଛନ୍ତି। ଦୁଇ ଲୁଟେରା ହେଉଛନ୍ତି ହରିୟାଣା ଜିଲ୍ଲାର ମୋଇନ ଖାନ୍ (୨୫) ଏବଂ ରୋସିଦ ଖାନ୍ (୨୫)। ସୂଚନା ଅନୁଯାୟୀ, ଦୁଇ ଲୁଟେରା ସ୍ଥାନୀୟ ଏଟିଏମ୍ ଭିତରେ ପ୍ରବେଶ କରିବା ସହ ଭିତରେ ଲାଗିଥିବା ସିସି କ୍ୟାମେରାକୁ ବାହାର କରିଦେଇଥିଲେ। ଏହାପରେ ଟଙ୍କା ବାହାରୁ ଥିବା ରାସ୍ତାରେ ଉଭୟ କୌଣସି କାର୍ଯ୍ୟ କରୁଥିବା ସ୍ଥାନୀୟ ବାସିନ୍ଦା ଦେଖିବା ପରେ ସନ୍ଦେହ ହୋଇଥିଲା। ତେଣୁ ଲୋକେ ବାହାର ପଟେ ଏଟିଏମ୍‌ର ସର୍ଟର ବନ୍ଦ କରି ଦେଇଥିଲେ ଏବଂ ପୁଲିସକୁ ସୂଚନା ଦେଇଥିଲେ। ଘଟଣାସ୍ଥଳରେ ଟାଉନଥାନା ପୁଲିସ ପହଞ୍ଚି ଉଭୟଙ୍କୁ ଥାନାକୁ ଆଣି ପଚରା ଉଚାରେ କରିଥିଲେ। ଉଭୟଙ୍କର ଘର ହରିୟାନା ରାଜ୍ୟର ହୋଇଥିବା ବେଳେ ସ୍ଥାନୀୟ ଅଞ୍ଚଳରେ ବିଭିନ୍ନ ପୋକ୍‌ଲିନ ଏବଂ ଅନ୍ୟାନ୍ୟ ମେସିନ ଚଳାଉଥିଲେ। ସେମାନେ ସୁବିଧା ସୁଯୋଗ ଦେଖି ଏଟିଏମ ଗୁଡିକର ଟଙ୍କା ବାହାରୁ ଥିବା ରାସ୍ତାରେ ଏକ ପ୍ରକାର ଅଠା ଲଗାଇ ଦିଅନ୍ତି। ଫଳରେ ଟଙ୍କା ଉଠାଇବାକୁ ଆସୁଥିବା ଗ୍ରାହକ ଟଙ୍କା ଉଠାଇବା ବେଳେ ବାହାରୁଥିବା ଟଙ୍କା ଅଠା ପାଇଁ ଅଧାରାସ୍ତାରେ ଅଟକି ଯାଏ। ଗ୍ରାହକଙ୍କ ଖାତାରୁ ଟଙ୍କା କଟି ଯାଉଥିଲେ ହେଁ ଲୋକେ ନିରୂପାୟ ହୋଇ ଫେରି ବ୍ୟାଙ୍କରେ ଅଭିଯୋଗ କରିଥାନ୍ତି। ଗ୍ରାହକ ନିରାଶ ହୋଇ ଫେରିଯିବା ପରେ ଦୂରରୁ ନିରୀକ୍ଷଣ କରୁଥିବା ଲୁଟେରା ମାନେ ସେଠାରେ ପହଞ୍ଚି ଉକ୍ତ ଅଠା ବାହାର କରିବା ପରେ ଟଙ୍କା ଟଙ୍କା ଉଠାଇ ନେଇଥାନ୍ତି। ଲୁଟେରାମାନେ ପୂର୍ବରୁ ଜୟପୁର ସମେତ ନବରଙ୍ଗପୁର ଜିଲ୍ଲା, ବୋରିଗୁମ୍ମା ଏବଂ ଅନ୍ୟାନ୍ୟ ଏଟିଏମରେ ଏହିପରି ଟଙ୍କା ଲୁଟ କରିଥିବା ନେଇ ସ୍ୱୀକାର କରିଛନ୍ତି।


ପୌର ପରିଷଦ, କୋରାପୁଟ
ସ୍ୱଚ୍ଛ କୋରାପୁଟ, ସୁନ୍ଦର କୋରାପୁଟ
'ସକାଳ' ଜୟପୁରର ୪ର୍ଥ ସ୍ୱନକ୍ଷତ୍ର ସଂସ୍କରଣ ଉପଲକ୍ଷେ ଓଡ଼ିଶାବାସୀଙ୍କୁ ହାର୍ଦ୍ଦିକ ଅଭିନନ୍ଦନ
ଆସନ୍ତୁ ଆମେ ସମସ୍ତେ ଏକତ୍ର ହୋଇ କୋରାପୁଟ ସହରକୁ ପ୍ରଗତି ପଥେ ଆଗେଇ ନେବା
- ଗୃହ ନିର୍ମାଣ ପୂର୍ବରୁ ଗୃହ ନକ୍ସାକୁ ପରିଷଦ ଠାରୁ ଅନୁମୋଦନ କରାଇ ନିଅନ୍ତୁ ।
- ପରିଷଦର ଗୃହ ଟିକସ ଓ ଅନ୍ୟାନ୍ୟ ଟିକସ ଠିକ୍ ସମୟରେ ପୈଠ କରନ୍ତୁ ।
- ନିଜ ନିଜ ବ୍ୟବସାୟର ଟ୍ରେଡ୍ ଲାଇସେନ୍ସ କରାଇ ନିଅନ୍ତୁ ।
- ଘରୁ ବାହାରୁଥିବା ଅଳିଆ ଓ ଆବର୍ଜନା ନାଳ/ରାସ୍ତା କଡରେ ପକାନ୍ତୁ ନାହିଁ । ସେଗୁଡିକୁ ପରିଷଦର ଆବର୍ଜନା ସଂଗ୍ରହ ଗାଡିରେ ଦିଅନ୍ତୁ ।
- ପରିଷଦର ନାଳ/ରାସ୍ତା/ସରକାରୀ ଜମିକୁ ଜବର ଦଖଲ କରନ୍ତୁ ନାହିଁ ।
- ରାସ୍ତା କଡରେ ଗୃହ ନିର୍ମାଣ ସାମଗ୍ରୀ ଯଥା- ବାଲି, ଇଟା, ପଥର, ଗୋଡି ଏବଂ ଗୃହ ନିର୍ମାଣ ଭଗ୍ନାବଶେଷ ଗୁଡିକ ଜମା କରି ରାସ୍ତା ଅବରୋଧ କରନ୍ତୁ ନାହିଁ ।
- ପଲିଥିନ ବ୍ୟବହାରକୁ ସମ୍ପୂର୍ଣ ବନ୍ଦ କରନ୍ତୁ ।
- ଯଥା ସମୟରେ ନିଜ ପରିବାରର ବିବାହ ପଞ୍ଜୀକରଣ କରନ୍ତୁ ।
- ନିଜନିଜ ଘର ବାଡିରେ, ଖାଲି ଜାଗାରେ ଗଛ ଲଗାଇ ପରିବେଶର ସୁରକ୍ଷା ଦିଗରେ ଯତ୍ନବାନ ହେବା ସହ ସହରକୁ ସବୁଜ ସୁନ୍ଦର ଗଢ଼ିତୋଳନ୍ତୁ ।
- ପରିଷଦର ସମ୍ପତ୍ତି ଆପଣଙ୍କର, ଏହାର ସୁରକ୍ଷା ମଧ୍ୟ ଆପଣଙ୍କର ।

ଶ୍ରୀ ଜ୍ଞାନଜିତ ତ୍ରିପାଠୀ, ନିର୍ବାହୀ ଅଧିକାରୀ, ପୌର ପରିଷଦ, କୋରାପୁଟ
ଶ୍ରୀମତୀ ସବିତା ପଣ୍ଡା, ଉପାଧ୍ୟକ୍ଷା ଓ ସମସ୍ତ ପାରିଷଦ ବୃନ୍ଦ, ପୌର ପରିଷଦ, କୋରାପୁଟ
ଶ୍ରୀ ଲଲାଟ ରଞ୍ଜନ ଶେଠୀ, ଅଧ୍ୟକ୍ଷ, ପୌର ପରିଷଦ, କୋରାପୁଟ



ବିଜ୍ଞାପିତ ଅଂଚଳ ପରିଷଦ, କୋଟପାଡ

ବିଜ୍ଞାପିତ ଅଞ୍ଚଳ ପରିଷଦ, କୋଟପାଡ ତରଫରୁ କୋଟପାଡ ସହରବାସୀଙ୍କୁ ନିମ୍ନଲିଖିତ ନିୟମାବଳୀ ଆପଣାଇବା ପାଇଁ ଅନୁରୋଧ ।
୧) ଆପଣଙ୍କ ଗୃହ ଟିକସ ଘର ଭଡା ଓ ଲାଇସେନ୍ସ ଫି ଯଥା ସମୟରେ ପୈଠ କରନ୍ତୁ।
୨) ଗୃହ ନିର୍ମାଣ ଉପାଦାନ ଯଥା ଇଟା, ବାଲି ଓ ଗୋଡି ଇତ୍ୟାଦି ରାସ୍ତା କଡରେ ଜମା କରନ୍ତୁ ନାହିଁ ।
୩) ଆପଣଙ୍କ ଘରର ଅଳିଆ ଆବର୍ଜନାକୁ ପରିଷଦର ପରିମଳ ଗାଡିରେ ଦିଅନ୍ତୁ ।
୪) ପଲିଥିନ ବ୍ୟବହାର କରିବା ବର୍ଜନ କରନ୍ତୁ।
୫) ନୂତନ ଗୃହ ନିର୍ମାଣ କରିବା ପୂର୍ବରୁ ଗୃହ ନକ୍ସା ପରିଷଦ ଦ୍ୱାରା ମଞ୍ଜୁର କରାଇ ନିଅନ୍ତୁ।
୬) ଆପଣଙ୍କ ଗୃହପାଳିତ ଗାଇ-ଗୋରୁଙ୍କୁ ରାସ୍ତାରେ ଛାଡନ୍ତୁ ନାହିଁ।
୭) ପରିବା, ଠେଲା ବିକାଳୀ ମାନେ ରାସ୍ତାକୁ ଅବରୋଧ କରି ବ୍ୟବସାୟ କରନ୍ତୁ ନାହିଁ ।
୮) ସ୍ୱଚ୍ଛତା ଆପଣାନ୍ତୁ ବିମାରୀ ହଟାନ୍ତୁ।
୯) କୋଟପାଡ ଏନ.ଏ.ସିରେ ଥିବା ସରକାରୀ ଜମିକୁ ଜବରଦଖଲ କରି ବେନିୟମ ଭାବେ ଗୃହ ନିର୍ମାଣ କରନ୍ତୁ ନାହିଁ।

ଶ୍ରୀ ଏମ୍ ଶଙ୍କର ରାଓ, ଅଧ୍ୟକ୍ଷ
ଶ୍ରୀ କମଳେଶ ମହାନ୍ତ, ଓ.ଆର.ଏସ, ନିର୍ବାହୀ ଅଧିକାରୀ
ଶ୍ରୀମତୀ ଏମ. ସନ୍ତୋଷୀ, ଉପାଧ୍ୟକ୍ଷ
ସମସ୍ତ କାଉନସିଲ ଓ ସମସ୍ତ କର୍ମଚାରୀ ବୃନ୍ଦ
ବିଜ୍ଞାପିତ ଅଂଚଳ ପରିଷଦ, କୋଟପାଡ



ଦୈନିକ ଖବରକାଗଜ ସକାଳ ଜୟପୁର ସଂସ୍କରଣ ର ୪ର୍ଥ ବାର୍ଷିକ ଉତ୍ସବ ଅବସରରେ ସମସ୍ତ ଜନସାଧାରଣଙ୍କୁ ହାର୍ଦ୍ଦିକ ଶୁଭେଚ୍ଛା ଓ ଅଭିନନ୍ଦନ
ବିଦ୍ୟୁତ୍ ବିଶ୍ୱାସ
ଫରେଷ୍ଟ ରେଞ୍ଜ ଅଫିସର, କୋଟପାଡ



ଦୈନିକ ଖବରକାଗଜ ସକାଳ ଜୟପୁର ସଂସ୍କରଣ ର ୪ର୍ଥ ବାର୍ଷିକ ଉତ୍ସବ ଅବସର ରେ କୋଟପାଡର ସମସ୍ତ ଭାଇ ଭଉଣୀ ଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭେଚ୍ଛା
ଓଡ଼ିଶା Livelihood Mission ବିଭାଗ
କୋଟପାଡ



'ସକାଳ' ଜୟପୁର ସଂସ୍କରଣ ପ୍ରେସର ୪ର୍ଥ ସ୍ୱନକ୍ଷତ୍ର ଉତ୍ସବ ଉପଲକ୍ଷେ ଶୁଭକାମନା
ଶଙ୍କର ମିଶ୍ର
ଉପ - ସଭାପତି, ଜିଲ୍ଲା ମିଲ ମାଲିକ ସଂଘ
ନବରଙ୍ଗପୁର

# ସରକାରୀ ସୁବିଧାରୁ ବଞ୍ଚିତ ଗତରକଣ୍ଡା ଗ୍ରାମବାସୀ



ବାଲଡ଼ା ୨୦।୭ (ସମିସ) ନନ୍ଦପୁର ବ୍ଲକ ଅଧିନ ପାଡୁଆ ପଞ୍ଚାୟତ ୮ ନମ୍ବର ୱାର୍ଡ ଅନ୍ତର୍ଗତ ଗତରକଣ୍ଡା ଗ୍ରାମବାସୀ ସରକାରଙ୍କ ପ୍ରଦତ୍ତ ରାସ୍ତା, ପାଣି, ଆଧାର, ରାସନ୍, ଭତ୍ତା, ପୋଷଣ ଖାଦ୍ୟ, ଜମି ପଟ୍ଟା ଆଦି ମୌଳିକ ସୁବିଧାରୁ ବଞ୍ଚିତ ଥିବା ଅଭିଯୋଗ ହୋଇଛି। ଗାଁକୁ ରାସ୍ତା ନିର୍ମାଣ, ନଳକୂଅର ମରାମତି, ଗ୍ରାମର ପରିମଳ, ସମସ୍ତ ଗ୍ରାମବାସୀଙ୍କୁ ଆଧାର, ଭୋଟର କାର୍ଡ ଦେଇ ରାସନ୍ କାର୍ଡରେ ସାମିଲ କରିବାକୁ ଅନୁରୋଧ କରାଯାଇଛି। ଶିଶୁଙ୍କୁ ସାପ୍ତାହିକ ପୋଷଣ ଖାଦ୍ୟ ଯୋଗାଇ ଦେବା ଓ ଯୋଗ୍ୟ ହିତାଧିକାରୀଙ୍କୁ ଭତ୍ତା ଦେଇ ସାମାଜିକ ସୁରକ୍ଷା ପ୍ରଦାନ କରିବାକୁ ପଞ୍ଚାୟତ, ବ୍ଲକ ଓ ଜିଲ୍ଲା ପ୍ରଶାସନ ନିକଟରେ ବାରମ୍ବାର ଅନୁରୋଧ କରିଥିଲେ ମଧ୍ୟ ଅଦ୍ୟାବଧି କୌଣସି ସୁଫଳ ପାଇନଥିବା ଗ୍ରାମ ନାୟକ ରାଜୁ ସିନ୍ଦେରୀ ଗ୍ରାମବାସୀ ଭୀମ ସିନ୍ଦେରୀ, ଗୁରୁ ଖରା, ରାମ ପାଙ୍ଗି, ମାନୁ ପାଙ୍ଗି, ରଘୁନାଥ ଖରା ପ୍ରମୁଖ ଅଭିଯୋଗ କରିଛନ୍ତି। ସୂଚନା ମୁତାବକ ପାଡୁଆ ପଞ୍ଚାୟତର ଗତରକଣ୍ଡା ଗ୍ରାମରେ ୨୦ ପରିବାର ବସବାସ କରନ୍ତି। ବିଶାଖାପାଟଣା ଜୟପୁର ସଂଯୋଗୀ ରାଜ୍ୟ ରାଜପଥର ମାତ୍ର ୧ କିମି ଦୂରରେ ଗ୍ରାମଟି ଥିଲେ ମଧ୍ୟ କେ.କେ ରେଳପଥ ଯୋଗୁ ଗାଁକୁ ଅଦ୍ୟାବଧି ରାସ୍ତା ନିର୍ମାଣ ହୋଇନି। ୨୫ ବର୍ଷ ତଳେ ଜାତୀୟ ଖାଦ୍ୟ ସୁରକ୍ଷା ଯୋଜନାରେ (ଏନଏଫ୍ଡବ୍ଲୁପି) ଏକ ରାସ୍ତା ଗୁମିଗୁଡ଼ାରୁ ଗତରକଣ୍ଡା ଗ୍ରାମ ଯାଏଁ ନିର୍ମାଣ ହୋଇଥିଲା। ତଦାରଖ ଅଭାବରୁ ଉକ୍ତ ରାସ୍ତା ବର୍ତ୍ତମାନ ସଭା ହରାଇଛି। ସେହିଭଳି ଗ୍ରାମର ୧୦୦ରୁ ଅଧିକ ଗ୍ରାମବାସୀଙ୍କ ପାଇଁ ଥିବା ବହୁ ପୁରୁଣା ନଳକୂପ ବର୍ତ୍ତମାନ ଅଚଳ ହୋଇପଡ଼ିଛି। ତେଣୁ ଚୁଆପାଣି ବର୍ତ୍ତମାନ ସାହା ଭରସା ପାଲଟିଛି। ସେହିଭଳି ୬୦ ବର୍ଷ ବୟସ ପରେ ବି ଗ୍ରାମର ଗୁରୁ ଖରା, ଚନ୍ଦ୍ରମା ଖରା, ସୀତାମା ସିନ୍ଦେରୀ ମାନୁ ପାଙ୍ଗି, ସୁମିତା ପାଙ୍ଗିଙ୍କୁ ବାର୍ଦ୍ଧକ୍ୟ ଭତ୍ତା ମିଳୁନି। ଗ୍ରାମର ବିଧବା ମହିଳା ଲକ୍ଷ୍ମୀ ଗେମେଲଙ୍କ ସ୍ୱାମୀ ରଞ୍ଜୁ ଗେମେଲଙ୍କ ମୃତ୍ୟୁର ଦୁଇ ବର୍ଷ ପରେ ବି ମୃତ୍ୟୁ ପ୍ରମାଣ ପତ୍ର ନଥିବାରୁ ତାଙ୍କୁ ବିଧବା ଭତ୍ତା ମିଳୁନି। ୬ ପୁଅଝିଅଙ୍କ ସହ ସେ ଅତ୍ୟନ୍ତ ଦୟନୀୟ ଜୀବନ ଅତିବାହିତ କରୁଥିବା କହିଛନ୍ତି। ଗ୍ରାମରେ ୦ ରୁ ୬ ବର୍ଷର ୧୪ ଜଣ ଶିଶୁ ୬ ଜଣ କିଶୋରୀ ଥିଲେ ମଧ୍ୟ ସେମାନଙ୍କ ଅଙ୍ଗନବାଡ଼ି କେନ୍ଦ୍ର ଗୁମିଗୁଡ଼ା ତରଫରୁ ପୋଷଣ ଖାଦ୍ୟ ମିଳୁନଥିବା କହିଛନ୍ତି। ୧୩ ପରିବାରର ରାସନ୍ କାର୍ଡ ରହିଛି। ସେଥିରେ ୪୦ରୁ ଅଧିକ ଅନ୍ୟ ପରିବାର ସଦସ୍ୟଙ୍କ ନାମ ସଂଯୋଗ ହୋଇନାହିଁ। ଖାଦ୍ୟ ସୁରକ୍ଷା ଯୋଜନାରୁ ଗ୍ରାମର ଅର୍ଦ୍ଧାଧିକ ବଞ୍ଚିତ ଥିବା କହିଛନ୍ତି। ଗରିବ ଶ୍ରେଣୀର ହୋଇଥିବାରୁ ଗ୍ରାମର ୫ ଘରକୁ ବିଦ୍ୟୁତ୍ ସଂଯୋଗ ହୋଇନି। ସେମାନେ ଅନ୍ଧାରରେ ରହୁଛନ୍ତି। ୨୦୨୩-୨୪ ମସିହାରେ ଗାଁର ୭ ଜଣଙ୍କୁ ଆବାସ ଯୋଜନାରେ ଗୃହ ମିଳିଥିଲା। ପଞ୍ଚାୟତର ତ୍ରିନାଥ ସିନ୍ଦେରୀ ନାମକ ଜଣେ ବ୍ୟକ୍ତି ୭ ହୀତାଧିକରୀଙ୍କ ଠାରୁ ନିର୍ମାଣ ସାମଗ୍ରୀ ଯୋଗାଇ ଦେବାକୁ କହି ୧୭ ହଜାର ଲେଖାଏଁ ନେଇ ସାମଗ୍ରୀ ଯୋଗାଇ ନଦେବାରୁ ବର୍ତମାନ ୫ ଜଣଙ୍କ ଆବାସ ଗୃହ ସମ୍ପୂର୍ଣ ହୋଇ ପାରୁନଥିବା ହିତାଧିକାରୀ ଲଛମା ଖିଲ, ତୁଳସୀ ହନ୍ତାଳ, ମିତୁଲା ଖରା, ରାଜୁ ସିନ୍ଦେରୀ ଓ କମଳା ପାଙ୍ଗି କହିଛନ୍ତି। ଗ୍ରାମବାସୀ ସମସ୍ତେ ଏକସ୍ୱରରେ ପାଡୁଆ ପଞ୍ଚାୟତ, ନନ୍ଦପୁର ବ୍ଲକ ଓ ଜିଲ୍ଲା ପ୍ରଶାସନର ଅଧିକାରୀ ଗାଁକୁ ପରିଦର୍ଶନ କରି ଦୁଃଖ ବୁଝନ୍ତୁ ବୋଲି କହିଛନ୍ତି। ଦାରଲୀପୁଟ ଠାରୁ ଗାଲଗାଣ୍ଡା ଗୁମିଗୁଡା ଗତରକଣ୍ଡା ଦେଇ ନାରୀଗାଁ ଯାଏଁ ରାସ୍ତା ନିର୍ମାଣ ହେଲେ ଯାତାୟାତର ଅସୁବିଧାର ଦୂର ହେବା ସହ ସବୁ ସଫଳତାର ବାଟ ଖୋଲିବ ବୋଲି ସେମାନେ କହିଛନ୍ତି।

# ନାବାଳକକୁ ଛୁରାମାଡ଼



ଜୟପୁର,୨୦।୭ (ସମିସ): ଜୟପୁର ସହର ନୂଆସାହିରେ ଜଣେ ନାବାଳକକୁ ଛୁରାମାଡ଼ ହୋଇଛି। ଏ ନେଇ ଟାଉନଥାନାରେ ଅଭିଯୋଗ ହେବା ପରେ ପୁଲିସ ଘଟଣାରେ ତଦନ୍ତ ଆରମ୍ଭ କରିଛି। ସୂଚନା ଅନୁଯାୟୀ, ଆଜି ମଧ୍ୟାହ୍ନରେ ଖ୍ରୀଷ୍ଟିଆନ ସାହିର କିଛି ଯୁବକ ନୂଆସାହି ୩ୟ ଗଳିକୁ ଯାଇଥିଲେ। ସେଠାରେ ଉଭୟ ଗୋଷ୍ଠୀ ମଧ୍ୟରେ ଗଣ୍ଡଗୋଳ ହେବା ପରେ ନୂଆସାହି ଅଞ୍ଚଳର ଜଣେ ୧୫ ବର୍ଷର ନାବାଳକକୁ ଛୁରୀରେ ଆକ୍ରମଣ କରିଥିଲେ। ତୁରନ୍ତ ନାବାଳକୁ ଜୟପୁର ଜିଲ୍ଲା ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। ସ୍ୱାସ୍ଥ୍ୟବସ୍ଥା ଗୁରୁତର ଥିବା ଯୋଗୁଁ ତାଙ୍କୁ କୋରାପୁଟ ସ୍ଥାନାନ୍ତର କରାଯାଇଥିଲା। ସେଠାରୁ ତାଙ୍କୁ ବିଶାଖାପାଟଣା ସ୍ଥାନାନ୍ତର କରାଯାଇଥିବା ପୁଲିସ ପ୍ରକାଶ କରିଛି। ପ୍ରକାଶ ଥାଉ କି ଗତକାଲି ଉଭୟ ଗୋଷ୍ଠୀଙ୍କ ମଧ୍ୟରେ ପାଟିତୁଣ୍ଡ ଓ ବଚସା ହୋଇଥିଲା। ରାତ୍ର ୮ଟାରେ ନାବାଳକଙ୍କ ପରିବାର ଲୋକେ ଥାନାରେ ଲିଖିତ ଅଭିଯୋଗ ଦେବା ପରେ ପୁଲିସ ଏକ ମାମଲ ରୁଜୁ କରି ତଦନ୍ତ ଆରମ୍ଭ କରିଥିବା ଟାଉନ ଥାନା ଅଧିକାରି ଉଲ୍ଲାସ ରାଉତ ପ୍ରକାଶ କରିଛନ୍ତି। ପ୍ରକାଶ ଯେ, ସହରରେ ଯୁବକ ଏବଂ ନାବାଳକମାନେ ବେଆଇନ ଭାବେ ନିଶା ସେବନର ଶିକାର ହେଉଥିବା ଯୋଗୁଁ ବିଭନ୍ନ ଅସାମାଜିକ କାର୍ଯ୍ୟରେ ଲିପ୍ତ ରହଛନ୍ତି।

● ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କଲେ ପଞ୍ଚାୟତିରାଜ ମନ୍ତ୍ରୀ

# ଅଧିକାରୀମାନେ ଚାହିଁଲେ ସମସ୍ୟା ଦୂର ହେବ: ମନ୍ତ୍ରୀ



କୋରାପୁଟ,୨୦।୭ (ସମିସ): ଗ୍ରାମୀଣ ବିକାଶ, ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ମନ୍ତ୍ରୀ ରବି ନାରାୟଣ ନାଏକଙ୍କ ଦୁଇଦିନିଆ କୋରାପୁଟ ଗସ୍ତ ସମୟରେ ଜିଲ୍ଲାର ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରାଯାଇଛି। ସ୍ଥାନୀୟ ସଦ୍‌ଭାବନା ସଭାଗୃହଠାରେ ଅନୁଷ୍ଠିତ ସମୀକ୍ଷା ବୈଠକରେ 'ହର ଘର ଜଳ' , ଗ୍ରାମୀଣ ଘର , ପ୍ରଧାନମନ୍ତ୍ରୀ ଆବାସ ଯୋଜନା ଆଦି ସମ୍ପର୍କରେ ଆଲୋଚନା କରିଥିଲେ। ଆବାସ ଯୋଜନାରେ ପ୍ରକୃତ ହିତାଧିକାରୀ କିପରି ଗୃହ ପାଇବେ ସେଥିପାଇଁ ଯତ୍ନବାନ ହେବାକୁ ସେ ପରାମର୍ଶ ଦେଇଥିଲେ। ସରକାର ଲୋକଙ୍କ ପାଇଁ କାମ କରୁଛି ଏବଂ ଏଥିପାଇଁ ଅଧିକାରୀଙ୍କ ଭୂମିକା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବୋଲି କହିଥିଲେ। ମେଗା ପାନୀୟ ଜଳ ପ୍ରକଳ୍ପର କାର୍ଯ୍ୟ ଯଥାଶୀଘ୍ର ଶେଷ କରିବା ପାଇଁ ମନ୍ତ୍ରୀ ନିର୍ଦ୍ଦେଶ ଦେଇଥିଲେ। ଲୋକଙ୍କ ଦରକାର ମୁତାବକ ପ୍ରକଳ୍ପ ହେଲେ ହିଁ ସମସ୍ୟାର ସମାଧାନ ହେଇପାରିବ ବୋଲି ସେ କହିଥିଲେ। ବିଭାଗୀୟ ଅଧିକାରୀମାନେ ଚାହିଁଲେ ଜିଲାର ସମସ୍ୟା ଦୂର ହୋଇ ପାରିବ ବୋଲି ମନ୍ତ୍ରୀ କହିଥିଲେ। ଏହି ସମୀକ୍ଷା ବୈଠକରେ କୋରାପୁଟ ବିଧାୟକ ରଘୁରାମ ମାଛ, କୋଟପାଡ ବିଧାୟକ ରୁପୁ ଭତ୍ରା, କୋରାପୁଟ ଜିଲ୍ଲାପାଳ ଭି କୀର୍ତ୍ତି ୱାସନ, ଆଇଏଏସ ପ୍ରୋବେଶନର ସନ୍ତୋଷ କୁମାର ପାତ୍ର,ଜିଲ୍ଲାପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ବେଣୁଧର ଶବରଙ୍କ ସମେତ ଜିଲ୍ଲାସ୍ତରୀୟ ଅଧିକାରୀ, ଜିଲ୍ଲାର ସମସ୍ତ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଓ ବିଭାଗୀୟ ଅଧିକାରୀ ମାନେ ଉପସ୍ଥିତ ଥିଲେ। ଜିଲ୍ଲା ପରିଷଦ କାର୍ଯ୍ୟାଳୟର ଗୌରୀ ଦାସ, ହିମାଂଶୁ ଶତପଥୀ ଓ ଅଂଶୁମାନ ପ୍ରଧାନ, ଜୟନ୍ତ ନାୟକ ପ୍ରମୁଖ କାର୍ଯକ୍ରମ ପରିଚାଳନରେ ସହଯୋଗ କରିଥିଲେ।

## ସିନ୍ଦେରପଦରୁ ଆଇଆଇଟି ମାଡ୍ରାସ

# ସତ୍ୟ ନାଚିକାଙ୍କୁ ସମ୍ବର୍ଦ୍ଧିତ କଲା ଆଦିତ୍ୟ ଆଲୁମିନା



ଟିକିରି,୨୦।୭ (ସମିସ): ସତ୍ୟ ନାଚିକା, କାଶୀପୁରର ବାଙ୍କାବ ପଞ୍ଚାୟତର ସିନ୍ଦେରପଦର ଗ୍ରାମର ଜଣେ କଠିନ ପରିଶ୍ରମୀ ଛାତ୍ର। ନଭେମ୍ବର ୨୦୨୪ରେ ତାଙ୍କ ପିତାଙ୍କର ମୃତ୍ୟୁ ପରେ ଜୀବନ ପରିବର୍ତ୍ତନ କରୁଥିବା ଦୁର୍ଭାଗ୍ୟର ସାମ୍‌ନା କରିଥିଲେ। ତାଙ୍କ ପିତା ଏକ କ୍ଷୁଦ୍ର ଓ ନାମମାତ୍ର କୃଷକ ଥିଲେ। ଆର୍ଥିକ ଦୁରବସ୍ଥା ସତ୍ତ୍ୱେ ସେ ପିତାଙ୍କର ସ୍ୱପ୍ନକୁ ସାକାର କରିବାର ନିଷ୍ଠାରେ ଥିଲେ। ସୀମିତ ସାଧନା ସହିତ କଷ୍ଟଦାୟକ ପରିସ୍ଥିତିରେ ଅଧ୍ୟୟନ କର ସେ ପ୍ରସିଦ୍ଧ ଆଇଆଇଟି ମାଡ୍ରାସ ପ୍ରବେଶ ପରୀକ୍ଷାକୁ ପାସ କରିବାକୁ ସକ୍ଷମ ହୋଇଛନ୍ତି। ଆଦିତ୍ୟ ଆଲୁମିନା ରିଫାଇନେରୀ (ଆଦିତ୍ୟ ବିର୍ଲା ଗ୍ରୁପର ହିଣ୍ଡାଲକୋ ଇଣ୍ଡଷ୍ଟ୍ରୀଜ୍ ଲିମିଟେଡର ଗୋଟିଏ ୟୁନିଟ) ତାଙ୍କୁ ସହଯୋଗର ହାତ ବଢ଼ାଇଛି। ସତ୍ୟଙ୍କୁ ତାଙ୍କ ବିଧବା ମାତା ଏବଂ ପରିବାର ଲୋକଙ୍କ ସହିତ ଏକ ସ୍ୱତନ୍ତ୍ର ଅବସରରେ ଆଦିତ୍ୟ ଆଲୁମିନା ରିଫାଇନେରୀ, କଂସାରିଗୁଡାର ସିନିଅର ମ୍ୟାନେଜମେଣ୍ଟ ଦ୍ୱାରା ସମ୍ମାନିତ କରାଯାଇଛି। ଶେଷରେ ସତ୍ୟଙ୍କ ପଦଯାତ୍ରା ସିନ୍ଦେରପଦରର ଦୂରବର୍ତ୍ତୀ ଗ୍ରାମରୁ ଆଇଆଇଟି-ମାଡ୍ରାସ ପର୍ଯ୍ୟନ୍ତ ଆରମ୍ଭ ହୋଇଛି। ଭବିଷ୍ୟତରେ ସେ ଆଇଏଏସ୍ ହେବେ ବୋଲି ସ୍ୱପ୍ନ ରଖିଛନ୍ତି।

# ପଞ୍ଚାୟତିରାଜ ମନ୍ତ୍ରୀଙ୍କ ସହିଦ ମିନାର ପରିଦର୍ଶନ



ପାପଡାହାଣ୍ଡି, ୨୦।୭ (ସମିସ): ରାଜ୍ୟ ସରକାରଙ୍କ ପଞ୍ଚାୟତିରାଜ, ପାନୀୟ ଜଳ ମନ୍ତ୍ରୀ ରବି ନାରାୟଣ ନାୟକ ଆଜି ପାପଡାହାଣ୍ଡି ସ୍ଥିତ ସହିଦ ମିନାର ପରିଦର୍ଶନ କରିଛନ୍ତି। ମନ୍ତ୍ରୀ ଶ୍ରୀ ନାୟକ ପାପଡାହାଣ୍ଡି ସହିଦ ମିନାର ପରିଦର୍ଶନରେ ଆସିବା ସମୟରେ ପାପଡାହାଣ୍ଡି ବିଜେପି ଦଳ ପକ୍ଷରୁ ବସ୍‌ଷ୍ଟାଣ୍ଡ ଛକ ନିକଟରେ ସମ୍ବର୍ଦ୍ଧନା ଦିଆଯାଇଥିଲା। ଏହା ପରେ ମନ୍ତ୍ରୀ ଶ୍ରୀ ନାୟକ ସହିଦ ମିନାର ପହଞ୍ଚିବା ପରେ ବ୍ଲକ ପ୍ରଶାସନ ତରଫରୁ ମନ୍ତ୍ରୀ ଶ୍ରୀ ନାୟକ, ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, ନବରଙ୍ଗପୁର ବିଧାୟକ ଗୌରୀଶଙ୍କର ମାଝୀ, ଝରୀଗାଁ ବିଧାୟକ ନରସିଂହ ଭତରାକୁ ସ୍ୱାଗତ ସମ୍ବର୍ଦ୍ଧନା କରାଯାଇଥିଲା। ଏହା ପରେ ଉଭୟ ମନ୍ତ୍ରୀ ଓ ବିଧାୟକ ସହିଦ ମିନାର ଠାରେ ଦ୍ୱୀପ ପ୍ରଜ୍ୱଳନ କରିବା ସହ ସହିଦଙ୍କୁ ପୁଷ୍ପାଞ୍ଜଳି ଅର୍ପଣ କରିଥିଲେ। ସହିଦ ମିନାର ପରିସରରେ ମା'ପାଇ ବୃକ୍ଷଟିଏ କାର୍ଯ୍ୟକ୍ରମରେ ଚାରା ରୋପଣ କରିଥିଲେ। ଏହି ଅବସରରେ ବିଡ଼ିଓ କପିଳଦେବ ସାହୁ, ଜିପିଓ ଅକ୍ଷୟ ପଟ୍ଟନାୟକ, ବିପିସି ଶଶିକାନ୍ତ ଦାସ, ବିଜେପି ଜିଲ୍ଲା ସଭାପତି କୁଞ୍ଜବିହାରୀ ଦାସ, କାହ୍ନୁଚରଣ ଦାସ, ସାଂସଦ ପ୍ରତିନିଧି ସୋମନାଥ ପୂଜାରୀ, ବ୍ଲକ ମଣ୍ଡଳ ସଭାପତି ମନୋଜ ଅଗ୍ରୱାଲ, ହରି ପାଣିଗ୍ରାହୀ, ଦୀନବନ୍ଧୁ ବିଷୋୟୀ ଓ ଶିବଶଙ୍କର ଜୈନ ପ୍ରମୁଖ ଉପସ୍ଥିତ ରହିଥିଲେ।

# ନାଳରେ ପଡ଼ି ଜଣଙ୍କ ମୃତ୍ୟୁ

ପୋଡ଼ାଗଡ଼,୨୦।୭ (ସମିସ): ରବିବାର ସଂଧ୍ୟାରେ ଦଶମନ୍ତପୁର ବ୍ଲକ ଅନ୍ତର୍ଗତ ବଦଲିକୁଡୁମା ଗ୍ରାମରେ ଜଣେ ବ୍ୟକ୍ତି ଶୌଚ ପାଇଁ ଯାଇଥିବାବେଳେ ଗୋଡ଼ ଖସିଯିବାରୁ ପାଣିରେ ବୁଡ଼ି ପ୍ରାଣ ହରାଇଛନ୍ତି। ମୃତକ ଜଣକ ବଦଲିକୁଡୁମା ଗ୍ରାମର ପୀତ ଗୌଡ଼ (୪୫) ବୋଲି ଜଣାପଡ଼ିଛି। ରବିବାର ସନ୍ଧ୍ୟାରେ ଗାଁ ନିକଟସ୍ଥ ନାଳରେ ମୃତ ପୀତ ଗୌଡ଼ ଶୌଚ ପାଇଁ ଯାଇଥିଲେ। ଅଚାନକ ଗୋଡ଼ ଖସି ଯିବାରୁ ସେ ନାଳରେ ପଡ଼ି ଯାଇଥିଲେ। ସେ ବାହାରକୁ ବାହାରିବା ନିମନ୍ତେ ଚେଷ୍ଟା କରିଥିଲେ। କିନ୍ତୁ ବାହାରି ନପାରି ପାଣିରେ ପଡି ରହିଥିଲେ। ଏହା କିଛି ଲୋକ ଦେଖି ତାଙ୍କ ପରିବାରକୁ ଖବର ଦେଇଥିଲେ। ଗ୍ରାମବାସୀଙ୍କ ସହ ପରିବାର ଲୋକ ପହଞ୍ଚି ତାଙ୍କୁ ଉଦ୍ଧାର କରିଥିଲେ । କିନ୍ତୁ ସେତେବେଳକୁ ତାଙ୍କର ମୃତ୍ୟୁ ହୋଇ ସାରିଥିଲା। ତେବେ ରବିବାର ସନ୍ଧ୍ୟା ସୁଦ୍ଧା ପୁଲିସ ନିକଟରେ କୌଣସି ସୂଚନା ନଥିବା ଜଣାପଡ଼ିଛି।

# ଜୀବନକୁ ବାଜି ଲଗାଇ ନଦୀ ପାର

## ୩ ଖଣ୍ଡ ଗ୍ରାମବାସୀ ହନ୍ତସନ୍ତ



ବୈପାରୀଗଡ଼ା,୨୦।୭ (ସମିସ): ବିପଦସଂକୁଳ ଅବସ୍ଥାରେ ଜୀବନକୁ ବାଜି ଲଗାଇ ନଦୀ ପାର ହେଉଛନ୍ତି ଗ୍ରାମବାସୀ। ଏଠାରେ ବାଇକ୍ ବୁହା ହୁଏ, ବିଦ୍ୟାଳୟ ଯିବାକୁ ହେଲେ ପିଲାଙ୍କୁ ପହଁରିବାକୁ ପଡେ। ଏହା କେବଳ ଆଜି ଦିନକର ଘଟଣା ନୁହେଁ, ପ୍ରତିଦିନ ଏଭଳି ଯାତାୟାତ କରନ୍ତି ଗାଁ ଲୋକେ। ଏ ଦୃଶ୍ୟଟି ହେଉଛି କୋରାପୁଟ ଜିଲ୍ଲାର ବୈପାରୀଗୁଡା ବ୍ଲକ ଅନ୍ତର୍ଗତ ରାମଗିରି ଗ୍ରାମପଞ୍ଚାୟତର ଅଟାଲ ଗୁଡା ସୁକନାଳ ନଦୀର ଘାଟର ଅବସ୍ଥା। ରାସ୍ତା ଓ ପୋଲ ନଥିବାରୁ ଗମନାଗମନ, ଓ ସ୍ୱାସ୍ଥ୍ୟସେବାରୁ ବଞ୍ଚିତ ହେଉଛନ୍ତି। ଅଟାଲଗୁଡା, ବଡ଼ଧାରା, ବାଦୁଡିପାର ଆଦି ୩ ଖଣ୍ଡ ଗାଁରେ ୨୦ରୁ ଅଧିକ ଆଦିବାସୀ ପରିବାର ବସବାସ କରନ୍ତି। ଏମାନଙ୍କ ମୁଖ୍ୟ ସମସ୍ୟା ରାସ୍ତା ଓ ପୋଲ। ବ୍ଲକ ମୁଖ୍ୟାଳୟ, ପଞ୍ଚାୟତ କାର୍ଯ୍ୟାଳୟ କିମ୍ବା ବିଦ୍ୟାଳୟ ଯିବା ପାଇଁ ଏକ ମାତ୍ର ରାସ୍ତା। ଗାଁ ଠାରୁ ୩ ଜଙ୍ଗଲ ପାହାଡ଼ ଦେଇ ନଦୀ ଅତିକ୍ରମ କରିବାକୁ ପଡୁଛି। ଲୋକଙ୍କୁ ସହଜରେ ସ୍ୱାସ୍ଥ୍ୟସେବା ମିଳେନି । ବର୍ଷା ଦିନେ ଗ୍ରାମବାସୀ ଓ ଛାତ୍ରଛାତ୍ରୀ ଜୀବନକୁ ବାଜି ଲଗାଇ ନଦୀ ପାର ହୋଇଥାନ୍ତି। ରାସ୍ତା ଓ ପୋଲ ନିର୍ମାଣ ପାଇଁ ବାରମ୍ବାର ଗ୍ରାମପଞ୍ଚାୟତଠାରୁ ପଞ୍ଚାୟତ ସମିତି କର୍ଯ୍ୟାଳୟକୁ ଗୁହାରି କରାଯାଉଥିଲେ ମଧ୍ୟ କୌଣସି ସୁଫଳ ମିଳିନାହିଁ ବୋଲି ଗ୍ରାମବାସୀ କହିଛନ୍ତି। ତୁରନ୍ତ ସରକାର ଏହି ଗାଁକୁ ରାସ୍ତା ଓ ପୋଲ ନିର୍ମାଣ ପାଇଁ ବ୍ୟବସ୍ଥା କରିବାକୁ ଗାଁର ୱାର୍ଡ ମେମ୍ବର ଜୟନ୍ତୀ ବଡ଼ ନାୟକ, ଶିବ ଜାନି, ରଘୁ ମାଲି, ଲକ୍ଷ୍ମଣ ପ୍ରଧାନ ଓ ରମେଶ ପୂଜାରୀ ଦାବି କରିଛନ୍ତି।

























## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିବେ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟା ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୮୮୪- ପ୍ରଥମ ଟେଷ୍ଟ କ୍ରିକେଟ୍ ମ୍ୟାଚ୍ ଇଂଲଣ୍ଡର ଲର୍ଡସ୍ ମୈଦାନରେ ଖେଳାଗଲା।
- ୧୯୩୦- ବଲିଉଡ୍‌ର ଜଣାଶୁଣା ଗୀତିକାର ଆନନ୍ଦ ବକ୍ସିଙ୍କ ଜନ୍ମ।
- ୧୯୪୭- ଇଣ୍ଡୋନେସିଆରେ ପ୍ରଥମ ନିର୍ବାଚନ ଆରମ୍ଭ ହେଲା।
- ୧୯୬୩- କାଶୀ ବିଦ୍ୟାପୀଠକୁ ବିଶ୍ୱବିଦ୍ୟାଳୟର ମାନ୍ୟତା ଦିଆଗଲା।
- ୧୯୮୮- ଭାରତୀୟ ଉପଗ୍ରହ ଇନ୍‌ସ୍ୟାଟ୍-୧ସିକୁ ପ୍ରକ୍ଷେପଣ କରାଗଲା।
- ୨୦୦୭- ପ୍ରତିଭା ପାଟିଲ୍ ଭାରତର ପ୍ରଥମ ମହିଳା ରାଷ୍ଟ୍ରପତି ହେଲେ।

## ଡିଗ୍ରୀ ପିଏଚ୍‌ଡି
# କାମ ଫୁଡ୍ ଡେଲିଭରି

ଚୀନ୍‌ର ୩୯ ବର୍ଷୀୟ ଡିଙ୍ଗ ୟୁଆନଝାଓ ସାମାଜିକ ଗଣମାଧ୍ୟମରେ ଏବେ ଚର୍ଚ୍ଚା ସାଉଁଟୁଛନ୍ତି। ତାଙ୍କୁ ଏବେ ସବୁଠୁ ଶିକ୍ଷିତ ଡେଲିଭରି ବଏ ବୋଲି କୁହାଯାଉଛି। ସେ ଏକ ପ୍ରତିଷ୍ଠିତ ଶିକ୍ଷାନୁଷ୍ଠାନରୁ ପାଠପଢ଼ିବା ସତ୍ତ୍ୱେ ତାଙ୍କୁ ଭଲ ଚାକିରିଟିଏ ମିଳିଲା ନାହିଁ। ଫଳରେ ସେ ଏବେ ଫୁଡ୍ ଡେଲିଭରି ବଏର କାମ କରୁଛନ୍ତି। ଝିଙ୍ଘୁଆ ବିଶ୍ୱବିଦ୍ୟାଳୟରୁ ସେ ରସାୟନ ବିଜ୍ଞାନରେ ସ୍ନାତକ କରିଛନ୍ତି। ପେକିଙ୍ଗ ବିଶ୍ୱବିଦ୍ୟାଳୟରୁ ଏନର୍ଜି ଇଞ୍ଜିନିୟରିଂରେ ମାଷ୍ଟର ଡିଗ୍ରୀ ହାସଲ କରିଛନ୍ତି। କେବଳ ସେତିକି ନୁହେଁ, ସିଙ୍ଗାପୁରର ନାନୟାଙ୍ଗ ଟେକ୍ନୋଲଜିକାଲ ୟୁନିର୍ଭସିଟିରୁ ଜୀବବିଜ୍ଞାନରେ ପିଏଚ୍‌ଡି କରିଥିବା ବେଳେ ଅକ୍ସଫୋର୍ଡ ବିଶ୍ୱବିଦ୍ୟାଳୟରୁ ସେ ଜୈବ ବିବିଧତାରେ ମଧ୍ୟ ଡିଗ୍ରୀ ହାସଲ କରିଛନ୍ତି। ଡିଙ୍ଗଙ୍କର ଏତେଗୁଡ଼ିଏ ଶିକ୍ଷାଗତ ଯୋଗ୍ୟତା ଥାଇ ମଧ୍ୟ ତାଙ୍କୁ ମନପସନ୍ଦର ଚାକିରିଟିଏ ମିଳିପାରିଲା ନାହିଁ। ସେ ଅନେକ କମ୍ପାନିକୁ ବାୟୋଡାଟା ପଠାଇ ଥିବା ବେଳେ ୧୦ରୁ ଅଧିକ ସାକ୍ଷାତକାର ମଧ୍ୟ ଦେଇଥିଲେ। ଏହାପରେ ବି ଚାକିରିରେ ତାଙ୍କୁ ସଫଳତା ମିଳିପାରିନି। ତେବେ ଡିଙ୍ଗ ସିଙ୍ଗାପୁରର ନ୍ୟାସନାଲ ୟୁନିର୍ଭସିଟିରେ କିଛି ଦିନ ପୋଷ୍ଟ ଡକ୍ଟରାଲ ଗବେଷକ ଭାବେ ମଧ୍ୟ କାମ କରିଥିଲେ। ଚୁକ୍ତିଭିତ୍ତିକ ଭାବେ ଏଥିରେ କାମ କରିବା ପରେ ଏହାର ସମୟ ଶେଷ ହୋଇଥିଲା। ସେଇଠୁ ଡିଙ୍ଗଙ୍କୁ ଶେଷରେ ଫୁଡ୍ ଡେଲିଭରିରେ କାମ କରିବାକୁ ହେଲା। ଡିଙ୍ଗ ବିଶ୍ୱାସ କରନ୍ତି ଯେ, ଚାକିରି କାହାର କେବେ ଶିକ୍ଷାଗତ ଯୋଗ୍ୟତା ଅନୁସାରେ ହୋଇ ନଥାଏ। ସେହିପରି ସେ ଫୁଡ୍ ଡେଲିଭରିକୁ ଏକ ସ୍ଥିର ଚାକିରି ବୋଲି କହିଛନ୍ତି। ଏଥିରେ ସେ ତାଙ୍କ ପରିବାର ଚଳାଇ ପାରୁଥିବା କହିଛନ୍ତି। ତାଙ୍କ ମତରେ ଏଥିରେ ପରିଶ୍ରମ କଲେ ଭଲ ରୋଜଗାର କରିବା ସମ୍ଭବ। ତା'ସହ ଏହାଦ୍ୱାରା ତାଙ୍କର ଏକପ୍ରକାର ବ୍ୟାୟାମ ବି ହୋଇଯାଉଛି। ସେ ମେଳାପି ସ୍ୱଭାବର ହୋଇ ନ ଥିବାରୁ ଟ୍ୟୁସନ୍ ମଧ୍ୟ କରିପାରିବେ ନାହିଁ ବୋଲି କହିଛନ୍ତି। ଅନ୍ୟପଟେ ଡିଙ୍ଗଙ୍କ ଏହି କାର୍ଯ୍ୟକୁ ନେଇ ସାମାଜିକ ଗଣମାଧ୍ୟମରେ ମିଶ୍ର ପ୍ରତିକ୍ରିୟା ପ୍ରକାଶ ପାଇଛି। କେହି କେହି ତାଙ୍କ କାର୍ଯ୍ୟକୁ ପ୍ରଶଂସା କରିଥିବାବେଳେ ଆଉ କେତେଜଣ ଯଦି ଚାକିରି ନ ମିଳୁଛି ଏତେ ପାଠ ପଢ଼ି ଲାଭ କ'ଣ ବୋଲି ପ୍ରଶ୍ନ କରିଛନ୍ତି।





## 'ଲଭ୍ ଆଣ୍ଡ ୱାର୍'
# ରଣବୀର ଓ ଭିକିଙ୍କ ମଧ୍ୟରେ ମହା ମୁକାବିଲା

ସଞ୍ଜୟ ଲୀଳା ଭଁସାଲିଙ୍କ ଡ୍ରିମ୍ ପ୍ରୋଜେକ୍ଟ 'ଲଭ୍ ଆଣ୍ଡ ୱାର୍'ରେ ରଣବୀର କପୁର, ଭିକି କୌଶଲ ଓ ଆଲିଆ ଭଟ୍ଟ ଲିଡ୍ ରୋଲରେ ଦେଖାଯିବେ। ତ୍ରିକୋଣୀୟ ପ୍ରେମ କାହାଣୀ ଉପରେ ଏହା ଆଧାରିତ ହେବ। ଏହି ଫିଲ୍ମରେ ଏକ ଜବରଦସ୍ତ ଆକ୍ସନ୍ ସିନ୍ ରହିଛି। ଏଥିରେ ଭିକି ଓ ରଣବୀର ପରସ୍ପର ସହ ଲଢୁଥିବାର ଦେଖାଯିବେ। ରଣବୀର ଓ ଭିକିଙ୍କ ମଧ୍ୟରେ ଏହି ମୁକାବିଲା ହିଁ ଫିଲ୍ମର ଆକର୍ଷଣ ସାଜିବ ବୋଲି କୁହାଯାଉଛି। ତେବେ ଏହି ସିନ୍‌କୁ ଏକ ଅଜ୍ଞାତ ସ୍ଥାନରେ ସୁଟ୍ କରାଯିବ। ଏହି ସିନ୍ ସୁଟ୍ ପାଇଁ ସେଟ୍‌କୁ ଏକ ବଡ଼ ସିନେମା ଇଭେଣ୍ଟ ଭଳି ଡିଜାଇନ୍ କରାଯିବ। ଏହାର ସୁଟିଂ ପାଇଁ ପ୍ରସ୍ତୁତି ମଧ୍ୟ ଆରମ୍ଭ ହୋଇଗଲାଣି। ଜାନୁଆରୀ, ୨୦୨୪ରେ ସଞ୍ଜୟ 'ଲଭ୍ ଆଣ୍ଡ ୱାର୍' ଫିଲ୍ମ କଥା ଘୋଷଣା କରିଥିଲେ। ଏହା ମାର୍ଚ୍ଚ ୨୦୨୬ରେ ପରଦାକୁ ଆସିବ। ତେବେ ସଞ୍ଜୟ ତାଙ୍କ ଆଗ ଫିଲ୍ମଗୁଡ଼ିକ ଭଳି ଏହି ଫିଲ୍ମକୁ ବ୍ଲକ୍‌ବଷ୍ଟର୍ କରିପାରୁଛନ୍ତି କି ନାହିଁ ତାହା ଦେଖିବାକୁ ବାକି ରହିଲା।

## ପେଟ ଭିତରେ ଜିଅନ୍ତା ମାଛ

ଚୀନ୍‌ରୁ ଏକ ଅଜବ ତଥା ସମ୍ପୂର୍ଣ୍ଣ ଦୁର୍ଲଭ ଘଟଣା ସାମ୍ନାକୁ ଆସିଛି। ହୁନାନ ଅଞ୍ଚଳର ଜଣେ ୩୩ ବର୍ଷୀୟ ବ୍ୟକ୍ତିଙ୍କର ଅସହ୍ୟ ପେଟ ଯନ୍ତ୍ରଣା ହେବାରୁ ସେ ହସ୍‌ପିଟାଲ ଗଲେ। ସେଠାରେ ଡାକ୍ତର ତାଙ୍କର ପରୀକ୍ଷା କରିବାରୁ ଫୁଟେ ଲମ୍ବାର ଏକ ଜିଅନ୍ତା ମାଛ ତାଙ୍କ ପେଟ ଭିତରେ ଥିବାର ଜଣାପଡ଼ିଲା। ଏହି ଘଟଣାରେ କେବଳ ସାଧାରଣ ଲୋକ ନୁହଁନ୍ତି, ବରଂ ଡାକ୍ତରମାନେ ବି ବିସ୍ମିତ ହୋଇଛନ୍ତି। ତାଙ୍କ ପେଟର ସିଟି ସ୍କାନ କରାଯିବାରୁ ଏକ ବଡ଼ ଲମ୍ବା ବସ୍ତୁ ପେଟ ଭିତରେ ଭାସୁଥିବାର ଦେଖାଗଲା। ତେଣୁ ଡାକ୍ତରମାନେ ତାଙ୍କର ଅସ୍ତ୍ରୋପଚାର କରିବା ନିଷ୍ପତ୍ତି ନେଲେ। ଏହି ସମୟରେ ଡାକ୍ତରମାନେ ତାଙ୍କ ପେଟ ଭିତରେ ଜିଅନ୍ତା ଇଲ୍ ମାଛ ଭାସୁଥିବାର ଦେଖି ଆଶ୍ଚର୍ଯ୍ୟ ହୋଇଯାଇଥିଲେ। ଅସ୍ତ୍ରୋପଚାର ସମୟରେ ଜଣାପଡ଼ିଲା ଇଲ୍‌ଟି ତାଙ୍କ ଅନ୍ତନଳୀକୁ ସମ୍ପୂର୍ଣ୍ଣ ଛେଦ କରି ପେଟ ଭିତରେ ପହଁରୁଛି। ଏହାପରେ ଡାକ୍ତରମାନେ ଅସ୍ତ୍ରୋପଚାର ମାଧ୍ୟମରେ ମାଛଟିକୁ ବାହାର କରି ଦେଇଥିଲେ। ସର୍ଜରୀ ପରେ ଏହି ବ୍ୟକ୍ତି ଜଣକ ଏବେ ସୁସ୍ଥ ଅଛନ୍ତି। ତେବେ ଏହି ବ୍ୟକ୍ତି ଜଣକ ପେଟକୁ କିପରି ଜିଅଁନ୍ତା ମାଛ ଆସିଲା ତାହା ଜଣାପଡ଼ିନାହିଁ।





## ଷୋଳ ସୋମବାର ବ୍ରତର ଲାଭ

ହିନ୍ଦୁ ଶାସ୍ତ୍ରରେ ସୋମବାର ଅତ୍ୟନ୍ତ ସ୍ୱତନ୍ତ୍ର ବିବେଚନା କରାଯାଏ। ଏହା ପଛର କାରଣ ହେଉଛି ଏହି ଦିନ ଭଗବାନ ଶିବଙ୍କୁ ସମର୍ପିତ। ଦେବ ଦେବ ମହାଦେବଙ୍କୁ ପ୍ରସନ୍ନ କରିବା ଏବଂ ତାଙ୍କ ଆଶୀର୍ବାଦ ଲାଭ କରିବା ପାଇଁ ଶ୍ରଦ୍ଧାଳୁମାନେ ଷୋଳ ସୋମବାର ବ୍ରତ ପାଳନ କରିଥାନ୍ତି। କୁହାଯାଏ, ଏହି ବ୍ରତକୁ ପୂରା ଶ୍ରଦ୍ଧା ଓ ବିଧିବିଧାନ ସହିତ ପାଳନ କରିବା ଦ୍ୱାରା ସମସ୍ତ ମନସ୍କାମନା ପୂରଣ ହୁଏ। ଏହି ବ୍ରତ ଅବିବାହିତ ଝିଅଙ୍କ ପାଇଁ ଫଳଦାୟୀ। ମାତା ପାର୍ବତୀ ଭଗବାନ ଶିବଙ୍କୁ ନିଜ ସ୍ୱାମୀ ଭାବେ ପାଇବା ପାଇଁ ଏହି ବ୍ରତ ରଖିଥିଲେ ବୋଲି କୁହାଯାଏ। ବିବାହିତ ମହିଳା ବୈବାହିକ ଜୀବନରେ ସୁଖ, ଶାନ୍ତି ଏବଂ ସମୃଦ୍ଧି ପାଇଁ ଏହି ବ୍ରତ ରଖନ୍ତି। ଏହା ଦ୍ୱାରା ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ପ୍ରେମ ଓ ବୁଝାମଣା ବଢ଼ିଥାଏ ଏବଂ ଘର ପରିବାରରେ ଖୁସି ଆସେ। ସନ୍ତାନ ସୁଖ କାମନା ଲାଗି ଷୋଳ ସୋମବାର ବ୍ରତ କରିବା ଶୁଭଙ୍କର। ଏହି ବ୍ରତ କରିବା ଦ୍ୱାରା ଅଜାଣତରେ କରାଯାଇଥିବା ପାପ ନାଶ ହୁଏ ଏବଂ ଜୀବନର ବାଧା ବିଘ୍ନ ଦୂର ହୁଏ। ଜାତକରେ ଅଶୁଭ ଗ୍ରହ ଥିଲେ ଏହି ବ୍ରତ ଦ୍ୱାରା ନକାରାତ୍ମକ ପ୍ରଭାବ କମ୍ ହୁଏ। ଜୀବନରେ ସୁଖ ଶାନ୍ତି ଆସେ। ଏହି ବ୍ରତ ରଖିବା ଦ୍ୱାରା ଘରେ ଧନ ବୃଦ୍ଧି ହୁଏ। ଆର୍ଥିକ ସ୍ଥିତି ମଜଭୁତ ହୁଏ।

## ସ୍ୱସ୍ତି

# ବୋଲବମ୍ ଯାତ୍ରାର ମହତ୍ତ୍ୱ

**ଶ୍ରାବଣ ମାସରେ ବୋଲବମ୍ ଯାତ୍ରାର ବିଶେଷ ମହତ୍ତ୍ୱ ଅଛି। ଦେବଦେବ ମହାଦେବଙ୍କୁ ସମର୍ପିତ ଏହି ପବିତ୍ର ମାସରେ ଭକ୍ତମାନେ ଭଗବାନ ଶିବଙ୍କୁ ଜଳାଭିଷେକ କରିଥାନ୍ତି। ସେଥିପାଇଁ ସେମାନେ ବୋଲବମ୍ ଯାତ୍ରା କରିଥାନ୍ତି। ଶିବଭକ୍ତମାନେ ଗେରୁଆ ବସ୍ତ୍ର ପରିଧାନ ସହ ବାହୁଙ୍ଗିରେ ପବିତ୍ର କଳସ ଜଳକୁ ବହନ କରି ଖାଲି ପାଦରେ ଚାଲିଥାନ୍ତି।**

**ପର୍ଶୁରାମଙ୍କଠୁ ଆରମ୍ଭ:** ହିନ୍ଦୁ ଧର୍ମ ଅନୁସାରେ, ଭଗବାନ ଶିବ ଭକ୍ତ ପର୍ଶୁରାମ ସର୍ବପ୍ରଥମେ ଶ୍ରାବଣ ମାସରେ ବୋଲବମ୍ ଯାତ୍ରାରେ ବାହାରି ଥିଲେ। ସେ ଗଙ୍ଗାଜଳ ଶିବଲିଙ୍ଗ ଉପରେ ଲାଗି କରିଥିଲେ। ସେବେଠୁ ଶିବଭକ୍ତମାନେ ଏହି ପରମ୍ପରା ପାଳନ କରି ଆସୁଛନ୍ତି। ଶ୍ରାବଣ ମାସରେ ଶିବଭକ୍ତ ପବିତ୍ର ନଦୀରୁ ଜଳ ଆଣିବା ଯାତ୍ରାକୁ ବୋଲବମ୍ ବା କାଉଡ଼ି ଯାତ୍ରା କୁହାଯାଏ। ଭକ୍ତମାନେ ନଦୀରୁ ଜଳ ଆଣି ମହାଦେବଙ୍କଠାରେ ଜଳାଭିଷେକ କରନ୍ତି।

**ଖାଲିପାଦରେ ଚାଲନ୍ତି ଶିବଭକ୍ତ:** ଶିବଙ୍କୁ ଆରାଧନା ଓ ଉପାସନା ପାଇଁ ସମର୍ପିତ ଏହି ମାସ। ମାନ୍ୟତା ଅଛି, ଶ୍ରାବଣ ମାସ ଯାକ ମହାଦେବ ହରିଦ୍ୱାରରେ ନିବାସ କରିଥାନ୍ତି। ସେହିପରି ଏହି ମାସରେ ବିଷ୍ଣୁ ଶୟନ ମୁଦ୍ରାରେ ରହୁଥିବାରୁ ତିନି ଲୋକର କଥା ବୁଝନ୍ତି ସ୍ୱୟଂ ମହାଦେବ। ଏହି କାରଣ ଯୋଗୁଁ ବୋଲବମ୍ ଯାତ୍ରୀ ଗଙ୍ଗାଜଳ ପାଇଁ ହରିଦ୍ୱାର ଆସନ୍ତି। ଏହି ଯାତ୍ରା ସମୟରେ ଭକ୍ତମାନେ ଖାଲିପାଦରେ ଚାଲନ୍ତି। ଅନ୍ୟପଟେ ଏବେ ବୋଲବମ୍ ଯାତ୍ରାରେ କେବଳ ପୁରୁଷ ନୁହଁନ୍ତି, ମହିଳା ଓ ଛୋଟପିଲାମାନେ ମଧ୍ୟ ସାମିଲ ହେଉଥିବା ଦେଖିବାକୁ ମିଳୁଛି।



# କାଉଡ଼ିଆ କଥା

**ସମ୍ପ୍ରତି ବୋଲବମ୍ ଯାତ୍ରାରେ ଆସ୍ଥାର ଅଲଗା ଦୃଶ୍ୟ ନଜର ଆସୁଛି। ଏହି କ୍ରମରେ ଉତ୍ତର ପ୍ରଦେଶ ମୁଜାଫରନଗରରୁ ଏକ ହୃଦୟସ୍ପର୍ଶୀ ଘଟଣା ସାମ୍ନାକୁ ଆସିଛି। ଏଠାରେ ୧୦ ବର୍ଷ ବୟସର ଜଣେ ବାଳକ ଦଣ୍ଡବତ କାଉଡ଼ି ଯାତ୍ରାରେ ବାହାରିଛନ୍ତି।**



ଶାମଲି ଜନପଦରେ ରହୁଥିବା ୧୭ ବର୍ଷୀୟା ଶିବମ୍ କର୍କଟ ରୋଗରେ ପୀଡ଼ିତ ଥିଲେ। ପରିବାର ଲୋକେ ଯେତେବେଳେ ଶିବମ୍‌ଙ୍କ ଚିକିତ୍ସାରେ ବ୍ୟସ୍ତ ଥିଲେ, ସେତିକି ବେଳେ ତାଙ୍କ ୧୦ ବର୍ଷ ବୟସର ସାନ ଭାଇ ଭଗବାନ ଶିବଙ୍କ ପାଖରେ ମନସ୍କାମନା କଲେ। ସେ କହିଥିଲେ, ତାଙ୍କ ଭାଇ ସୁସ୍ଥ ହୋଇଗଲେ, ସେ ଦଣ୍ଡବତ କାଉଡ଼ି ଯାତ୍ରା କରିବେ। ଶିବମ୍‌ଙ୍କ ସ୍ୱାସ୍ଥ୍ୟବସ୍ଥା ଏବେ ସୁସ୍ଥ ଅଛନ୍ତି। ତେଣୁ କୃଷ୍ଣା ତାଙ୍କ କଥା ରଖି ହରିଦ୍ୱାରରୁ ଦଣ୍ଡବତ କାଉଡ଼ି ଯାତ୍ରାରେ ବାହାରିଛନ୍ତି। ହରିଦ୍ୱାରରୁ ଗଙ୍ଗା ଜଳ ଉଠାଇଛନ୍ତି ଏବଂ ସେ ନିତିଦିନ ୧୦ କିମି ଦଣ୍ଡବତ ଯାତ୍ରା କରୁଛନ୍ତି। ଅର୍ଥାତ୍ ସେ ତଳେ ସାଷ୍ଟାଙ୍ଗ ଦଣ୍ଡବତ ପ୍ରଣାମ କରି ଯାତ୍ରା କରୁଥିବା ଦେଖା ଯାଇଛି। ସେହିପରି ତାଙ୍କ ସହିତ ତାଙ୍କ ବଡ଼ ଭାଇ ଶିବମ୍ ଏବଂ ପରିବାର ଲୋକ ବି ପଦଯାତ୍ରା କରୁଛନ୍ତି। ଶେଷରେ ସେମାନେ ଶାମଲିରେ ଜଳାଭିଷେକ କରିବେ। କୃଷ୍ଣା କହନ୍ତି, ଥକ୍କା ଲାଗିଲେ, ରାସ୍ତାରେ ବିଶ୍ରାମ ନିଅନ୍ତି। ରାସ୍ତାରେ କୃଷ୍ଣାଙ୍କ ଭକ୍ତିଭାବକୁ ଦେଖି ଲୋକେ ଭାବବିହ୍ୱଳ ହେଉଛନ୍ତି। ଏହାସହ ତାଙ୍କୁ କେହି ପାଣି ପିଇବାକୁ ଦେଉଥିବା ବେଳେ ଆଉ କିଏ ଖାଦ୍ୟ ପ୍ରଦାନ କରୁଛନ୍ତି। ଅନ୍ୟପଟେ କୃଷ୍ଣାଙ୍କର ଏହି ଯାତ୍ରା ଭାଇଚାରା, ଆସ୍ଥା ଏବଂ ଦୃଢ଼ ସଂକଳ୍ପର ଏକ ପ୍ରେରଣାଦାୟୀ ମିଶାଲ ସୃଷ୍ଟି କରିଛି।

## ଆଂଶିକ ଉପବାସ

**ବିଭିନ୍ନ ପର୍ବ ତଥା ଓଷାବ୍ରତରେ ଲୋକେ ଉପବାସ ରଖନ୍ତି। କିଏ ନିର୍ଜଳା ଉପବାସ ରଖନ୍ତି ତ ଆଉ କିଏ କେବଳ ଫଳ ଖାଇ ଉପବାସ ପାଳନ କରିଥାନ୍ତି। ସେହିପରି କେହି କେହି ଆଂଶିକ ଉପବାସ ବି କରନ୍ତି। ତେବେ ଏ ଆଂଶିକ ଉପବାସ କ'ଣ, ସେ ସମ୍ପର୍କରେ ଜାଣିବା।**

- ଏହି ଉପବାସରେ କେବଳ ଥରୁଟିଏ ଭୋଜନ କରିବାକୁ ହୋଇଥାଏ।
- ଭୋଜନରେ ପିଆଜ, ରସୁଣ ଏବଂ ଆମିଷ ଖାଇବା ମନା।
- ଏଥିରେ ଫଳ, ଶାଗୁ, କ୍ଷୀର ଆଦି ଥରେ ଖିଆଯାଏ।
- ଜଣେ ନିଜ ସମୟ ଓ ସୁବିଧାରେ ଏହି ଉପବାସ ପାଳନ କରିପାରିବେ।
- ଆଂଶିକ ଉପବାସର ମୁଖ୍ୟ ଉଦ୍ଦେଶ୍ୟ ହେଉଛି ଶରୀରକୁ ଆଦୌ ଭୋକିଲା ନ ରଖି ମନ ଓ ଇନ୍ଦ୍ରିୟକୁ ନିୟନ୍ତ୍ରଣରେ ରଖିବା।
- ତେବେ ଏହି ଉପବାସ ଏକାଦଶୀ ଏବଂ ନବରାତ୍ରୀରେ ଅଧିକ ପ୍ରଚଳିତ।





# କ୍ରୀଡ଼ା



ସକାଳ
THE SAKALA
www.sakalaepaper.com

## ଇସିବିକୁ ୨୦୩୧ ପର୍ଯ୍ୟନ୍ତ ଡବ୍ଲ୍ୟୁଟିସି ଫାଇନାଲ ଆୟୋଜନ ଅଧିକାର


**ସିଙ୍ଗାପୁର, ୨୦।୭ (ଏଜେନ୍ସି):** ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି) ପକ୍ଷରୁ ରବିବାର ଏକ ବଡ଼ ନିଷ୍ପତ୍ତି ନିଆଯାଇଛି। ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ (ଡବ୍ଲ୍ୟୁଟିସି)ର ଆଗାମୀ ୩ଟି ସଂସ୍କରଣର ଫାଇନାଲ ମ୍ୟାଚ୍ ଆୟୋଜନ ଅଧିକାର ଇଂଲଣ୍ଡ ଆଣ୍ଡ ୱେଲ୍ସ କ୍ରିକେଟ୍ ବୋର୍ଡ (ଇସିବି)କୁ ମିଳିଛି। ପୂର୍ବରୁ ଇଂଲଣ୍ଡରେ ଡବ୍ଲ୍ୟୁଟିସିର ପ୍ରଥମ ୩ଟି ସଂସ୍କରଣ ୨୦୨୧, ୨୦୨୩ ଓ ୨୦୨୫ର ଫାଇନାଲ ମ୍ୟାଚ୍ ଖେଳାଯାଇଥିଲା। ଏଥିରେ ଯଥାକ୍ରମେ ନ୍ୟୁଜିଲାଣ୍ଡ, ଅଷ୍ଟ୍ରେଲିଆ ଓ ଦକ୍ଷିଣ ଆଫ୍ରିକା ଚାମ୍ପିଅନ ହୋଇଥିଲେ। ଆଇସିସିର ସଦ୍ୟ ନିଷ୍ପତ୍ତି ମୁତାବକ ୨୦୨୭, ୨୦୨୯ ଓ ୨୦୩୧ ସଂସ୍କରଣର ଡବ୍ଲ୍ୟୁଟିସି ଫାଇନାଲ ମଧ୍ୟ ଇଂଲଣ୍ଡରେ ଆୟୋଜନ ହେବ। ପ୍ରଥମ ୩ଟି ସଂସ୍କରଣର ଫାଇନାଲକୁ ସଫଳତାର ସହ ଆୟୋଜନ କରିଥିବାରୁ ଇଂଲଣ୍ଡକୁ ଆଗାମୀ ୩ଟି ଫାଇନାଲ ଆୟୋଜନ ଅଧିକାର ପ୍ରଦାନ କରାଯାଇଛି ବୋଲି ସିଙ୍ଗାପୁରରେ ଅନୁଷ୍ଠିତ ଆଇସିସିର ବାର୍ଷିକ ସାଧାରଣ ପରିଷଦ ବୈଠକ (ଏଜିଏମ୍)ରେ କୁହାଯାଇଛି। ଆଇସିସିର ଏହି ନିଷ୍ପତ୍ତି ଫଳରେ ବିଶ୍ୱର ସବୁଠୁ ଧନୀ କ୍ରିକେଟ୍ ବୋର୍ଡ ବିସିସିଆଇକୁ ଝଟ୍‌କା ଲାଗିଛି। ନିକଟରେ ବିସିସିଆଇ ଡବ୍ଲ୍ୟୁଟିସିର ଆଗାମୀ ଫାଇନାଲ ଆୟୋଜନ ନେଇ ଆଗ୍ରହ ପ୍ରକାଶ କରିଥିଲା।

## ୧୧୦ରେ ପହଞ୍ଚିଲା ଆଇସିସି ସଦସ୍ୟ ସଂଖ୍ୟା

**ସିଙ୍ଗାପୁର, ୨୦।୭ (ଏଜେନ୍ସି):** ଆଫ୍ରିକୀୟ ରାଷ୍ଟ୍ର ଜାମ୍ବିଆ ଓ ଏସୀୟ ରାଷ୍ଟ୍ର ତିମୋର-ଲେଷ୍ଟେ ଅନ୍ତର୍ଜାତୀୟ କ୍ରିକେଟ୍ ପରିଷଦ (ଆଇସିସି)ର ନୂଆ ସଦସ୍ୟତା ଲାଭ କରିଛନ୍ତି। ଫଳରେ କ୍ରିକେଟ୍‌ର ସର୍ବୋଚ୍ଚ ସଂସ୍ଥା ଆଇସିସିର ସଦସ୍ୟ ସଂଖ୍ୟା ୧୧୦ରେ ପହଞ୍ଚିଛି। 'ଆଇସିସି ପରିବାରରେ ୨ଟି ନୂଆ ସଦସ୍ୟ ଯୋଡ଼ି ହୋଇଛନ୍ତି। ଜାମ୍ବିଆ କ୍ରିକେଟ୍ ୟୁନିୟନ ଓ ତିମୋର-ଲେଷ୍ଟେ କ୍ରିକେଟ ମହାସଂଘ ଆନୁଷ୍ଠାନିକ ଭାବେ ଆଇସିସି ସହଯୋଗୀ ସଦସ୍ୟତା ଲାଭ କରିଛନ୍ତି। ଆଇସିସି ସଦସ୍ୟ ରାଷ୍ଟ୍ର ସଂଖ୍ୟା ଏଥିସହ ୧୧୦ରେ ପହଞ୍ଚିଛି' ବୋଲି ଆଇସିସି ପକ୍ଷରୁ ଏକ ବିବୃତିରେ କୁହାଯାଇଛି। ଆଫ୍ରିକା ମହାଦେଶର ୨୨ତମ ଦେଶ ଭାବେ ଜାମ୍ବିଆ ଆଇସିସିରେ ସାମିଲ ହୋଇଛି। ସେହିଭଳି ତିମୋର-ଲେଷ୍ଟେ ପୂର୍ବ ଏସିଆର ୧୦ମ ରାଷ୍ଟ୍ର ଭାବେ ବିଶ୍ୱ କ୍ରିକେଟ୍ ବୋର୍ଡର ସଦସ୍ୟତା ହାସଲ କରିଛି।

## ଜିମ୍ବାୱେର ହ୍ୟାଟ୍ରିକ୍ ପରାଜୟ

**ହରାରେ, ୨୦।୭ (ଏଜେନ୍ସି):** ଆୟୋଜକ ଜିମ୍ବାୱେ ଏଠାରେ ଚାଲିଥିବା ତ୍ରି-ରାଷ୍ଟ୍ରୀୟ ଟି-୨୦ ସିରିଜରେ ହ୍ୟାଟ୍ରିକ ପରାଜୟବରଣ କରିଛି। ରବିବାର ଏକ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୭ ୱିକେଟ୍‌ରେ ଘରୋଇ ଜିମ୍ବାୱେକୁ ହରାଇଛି। ପ୍ରଥମେ ବ୍ୟାଟିଂ କରି ଜିମ୍ବାୱେ ୬ ୱିକେଟ୍‌ରେ ୧୪୪ ରନ କରିଥିଲା। ଜବାବରେ ଦକ୍ଷିଣ ଆଫ୍ରିକା ୧୭.୨ ଓଭରରେ ୩ ୱିକେଟ୍ ହରାଇ ବିଜୟୀ ହୋଇଥିଲା।



## ୧୭ ବର୍ଷର ଜାତୀୟ ରେକର୍ଡ ଭାଙ୍ଗିଲେ ନଟରାଜ

**ବର୍ଲିନ, ୨୦।୭ (ଏଜେନ୍ସି):** ଜର୍ମାନୀରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ ଭାରତର ଅଲିମ୍ପିଆନ ସନ୍ତରଣକାରୀ ଶ୍ରୀହରି ନଟରାଜ ଆଉ ୨ଟି ଇଭେଣ୍ଟରେ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ପୁରୁଷ ୧୦୦ ମିଟର ଫ୍ରିଷ୍ଟାଇଲ୍ ଓ ୫୦ ମିଟର୍ ବ୍ୟାକ୍‌ଷ୍ଟ୍ରୋକରେ ଶ୍ରୀହରି ସେମିକୁ ଉଠିଛନ୍ତି। ୧୦୦ ମିଟର୍ ଫ୍ରିଷ୍ଟାଇଲ୍ ରେସକୁ ସେ ୪୯.୪୬ ସେକେଣ୍ଡରେ ଫିନିଶ୍ କରି ୧୭ ବର୍ଷ ତଳର ଜାତୀୟ ରେକର୍ଡ ଭାଙ୍ଗିଛନ୍ତି। ୨୦୦୮ରେ ବିର୍ଦ୍ଧାୱାଲ୍ ଖାଡେ ୪୯.୪୭ ସେକେଣ୍ଡରେ ରେସ୍ ଶେଷ କରି ଜାତୀୟ ରେକର୍ଡର ଅଧିକାରୀ ରହିଥିଲେ। ପୂର୍ବରୁ ଶ୍ରୀହରି ଏହି ବିଶ୍ୱବିଦ୍ୟାଳୟ କ୍ରୀଡ଼ାରେ ୨୦୦ ମିଟର୍ ଫ୍ରିଷ୍ଟାଇଲ୍‌ରେ ଜାତୀୟ ରେକର୍ଡ ଭଙ୍ଗକରି ମଧ୍ୟ ସେମିରେ ପ୍ରବେଶ କରିଥିଲେ।

## ପ୍ରଥମ ଟି-୨୦: ବାଂଲାଦେଶଠୁ ୭ ୱିକେଟ୍‌ରେ ହାରିଲା ପାକିସ୍ତାନ

**ଢାକା, ୨୦।୭ (ଏଜେନ୍ସି):** ଏଠାରେ ଅନୁଷ୍ଠିତ ପ୍ରଥମ ଟି-୨୦ ମ୍ୟାଚରେ ଘରୋଇ ବାଂଲାଦେଶ ୭ ୱିକେଟ୍‌ରେ ପାକିସ୍ତାନକୁ ପରାସ୍ତ କରିଛି। ଫକର୍ ଜମାନଙ୍କ ୪୪ ରନ ବଳରେ ପ୍ରଥମେ ବ୍ୟାଟିଂ କରି ପାକିସ୍ତାନ ୧୯.୩ ଓଭରରେ ୧୦୯ ରନରେ ଅଲ୍‌ଆଉଟ୍ ହୋଇଥିଲା। ଜବାବରେ ବାଂଲାଦେଶ ପରଭେଜ ହୋସେନ ଏମନଙ୍କ ଅପରାଜିତ ୫୬ ରନ ସହାୟତାରେ ୧୫.୩ ଓଭରରେ ୩ ୱିକେଟ୍ ବିନିମୟରେ ବିଜୟୀ ହୋଇଥିଲା। ଟି-୨୦ କ୍ରିକେଟ୍‌ରେ ପାକିସ୍ତାନ ବିପକ୍ଷରେ ବାଂଲାଦେଶର ଏହା ୪ର୍ଥ ବିଜୟ। ସିରିଜର ୨ୟ ମ୍ୟାଚ୍ ମଙ୍ଗଳବାର ଖେଳାଯିବ।

### ଚତୁର୍ଥ ଟେଷ୍ଟ ପୂର୍ବରୁ ଭାରତର ଅଡୁଆ ବଢ଼ିଲା

# ଦୀପ୍, ଅର୍ଶଦୀପ୍ ଆହତ; କାମ୍ବୋଜ ସାମିଲ

ଲଣ୍ଡନ,୨୦।୭ (ଏଜେନ୍ସି)





ଭାରତ ଓ ଇଂଲଣ୍ଡ ମଧ୍ୟରେ ମାଞ୍ଚେଷ୍ଟରର ଓଲ୍ଡ ଟ୍ରାଫୋର୍ଡରେ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିର ଚତୁର୍ଥ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍‌ଟି ଜୁଲାଇ ୨୩ରୁ ଆରମ୍ଭ ହେବାର କାର୍ଯ୍ୟକ୍ରମ ରହିଛି। ଚତୁର୍ଥ ଟେଷ୍ଟ ମ୍ୟାଚ୍ ଆରମ୍ଭ ହେବା ପୂର୍ବରୁ ଭାରତର ଦୁଇ ଫାଷ୍ଟ ବୋଲର ଆକାଶ ଦୀପ୍ ଓ ଏହି ଟେଷ୍ଟରେ ଡେବ୍ୟୁ କରିବାର ଯଥେଷ୍ଟ ସମ୍ଭାବନା ଥିବା ବାମହାତୀ ଫାଷ୍ଟ ବୋଲର ଅର୍ଶଦୀପ ସିଂହ ଆହତ ହୋଇଛନ୍ତି। ଉଭୟ ବୋଲର ଓଲ୍ଡ ଟ୍ରାଫୋର୍ଡରେ ଖେଳିବାର ସମ୍ଭାବନା କମ୍। ଦଳରେ ଯଶପ୍ରୀତ୍ ବୁମ୍‌ରା ଓ ମହମ୍ମଦ୍ ସିରାଜ ଏବେ ଫିଟ୍ ବୋଲର ଭାବେ ଖେଳୁଛନ୍ତି। ଆଉ ଦୁଇ ଫାଷ୍ଟ ବୋଲର ପ୍ରସିଦ୍ଧ କ୍ରିଷ୍ଣା ଓ ଶାର୍ଦ୍ଦୁଳ ଠାକୁର ଥିଲେ ମଧ୍ୟ ଚୟନକର୍ତ୍ତାମାନେ ହରିୟାଣାର ଫାଷ୍ଟ ବୋଲର ଅଂଶୁଲ କାମ୍ବୋଜଙ୍କୁ ଦଳରେ ସାମିଲ କରିଛନ୍ତି। ନିକଟରେ ଭାରତ-ଏ' ଦଳ ପକ୍ଷରୁ କାମ୍ବୋଜ୍ ଇଂଲଣ୍ଡ ଲାୟନ୍ସ ବିପକ୍ଷରେ ୨ଟି ଯାକ ଅନ୍‌ଅଫିସିଆଲ ଟେଷ୍ଟ ଖେଳି ୫ଟି ୱିକେଟ ଅକ୍ତିଆର କରିଥିଲେ। ତାଙ୍କ ବୋଲିଂ କଞ୍ଜୁସ ହୋଇଥିଲା। ଦ୍ୱିତୀୟ ଟେଷ୍ଟରେ ତନୁଷ କୋଟିଆନ୍‌ଙ୍କ ସହ ୧୦ମ ୱିକେଟ ଯୋଡିରେ ସେ ୧୪୯ ରନ୍‌ର ଭାଗିଦାରୀ କରିଥିଲେ। ୫୧ ରନ୍ କରିଥିବା କାମ୍ବୋଜଙ୍କୁ ଜଣେ ବୋଲିଂ ଅଲରାଉଣ୍ଡର ଭାବେ ବିବେଚନା କରାଯାଉଛି। ଉପରୋକ୍ତ ଦୁଇ ଖେଳାଳି ଅନ୍‌ଫିଟ୍ ହେଲେ ଓ ବୁମ୍‌ରାଙ୍କୁ ବିଶ୍ରାମ ଦେବାକୁ ଟିମ୍ ମ୍ୟାନେଜମେଣ୍ଟ ନିଷ୍ପତ୍ତି ନେଲେ କାମ୍ବୋଜ ଓଲ୍ଡ ଟ୍ରାଫୋର୍ଡରେ ଟେଷ୍ଟ ଡେବ୍ୟୁ କରିବାର ଯଥେଷ୍ଟ ସମ୍ଭାବନା ରହିଛି। ଅନ୍ୟ ପକ୍ଷରେ ୱିକେଟ ରକ୍ଷକ ଋଷଭ ପନ୍ତ୍ ଆହତ ସମସ୍ୟାରୁ ମୁକୁଳିନାହାନ୍ତି। ଆଜି ନୀତୀଶ ରେଡ୍ଡୀ ଟ୍ରେନିଂ ବେଳେ ଆହତ ହେବା ପରେ ଭାରତ ଏବେ ଚତୁର୍ଥ ଟେଷ୍ଟ ଖେଳିବା ପୂର୍ବରୁ ଅଡୁଆରେ ପଡ଼ିଯାଇଛି।

ମାଞ୍ଚେଷ୍ଟରରେ ଖେଳାଯିବାକୁ ଥିବା ଚତୁର୍ଥ ଟେଷ୍ଟର ଫଳାଫଳ ଭାରତ ସପକ୍ଷରେ ଗଲେ ସିରିଜ୍ ବରାବର ସ୍ଥିତିକୁ ଆସିବ। କିନ୍ତୁ ଇଂଲଣ୍ଡ ସପକ୍ଷରେ ଗଲେ ଭାରତ ଆଣ୍ଡରସନ-ତେନ୍ଦୁଲକର ଟ୍ରଫିରେ ପରାଜିତ ହେବ। ଏଭଳି ସ୍ଥିତିରେ କି ପ୍ରକାର ନିଷ୍ପତ୍ତି ନେବାକୁ ପଡ଼ିବ, କିଏ ଦଳରେ ରହିବେ ଓ କିଏ ଦଳରୁ ବାଦ୍ ପଡ଼ିବେ ତାହାକୁ ନେଇ ଭାରତୀୟ ଟିମ୍ ମ୍ୟାନେଜମେଣ୍ଟ ଅଡୁଆ ସ୍ଥିତିରେ ପଡ଼ିବା ସ୍ୱାଭାବିକ୍। ଏହା ମଧ୍ୟରେ ଟିମ୍ ମ୍ୟାନେଜମେଣ୍ଟ ନିକଟରେ ଦୁଇଟି ନିଷ୍ପତ୍ତି ନେବାକୁ ବାଧ ହୋଇପାରେ ବୋଲି କୁହାଯାଇଛି। ପ୍ରଥମଟି ହେଉଛି ଚତୁର୍ଥ ଟେଷ୍ଟରେ ବୁମ୍‌ରାଙ୍କୁ ଖେଳାଇବା। ସେହିପରି ଦ୍ୱିତୀୟଟି ହେଉଛି ଋଷଭ ପନ୍ତ୍‌ଙ୍କୁ ଜଣେ ସ୍ପେଶାଲିଷ୍ଟ ବ୍ୟାଟର ଭାବେ ଓ ଧ୍ରୁବ ଜୁରେଲଙ୍କୁ ୱିକେଟ କିପର ଭାବେ ଖେଳାଇବା। ଏହା ଫଳରେ ନଂ-୩ରେ କରୁନ ନାୟାରଙ୍କୁ ନେଇ ଯେଉଁ ଦ୍ୱନ୍ଦ୍ୱ ସୃଷ୍ଟି ହୋଇଛି ତାହା ମଧ୍ୟ ଦୂର ହୋଇପାରିବ। ପନ୍ତ୍ କିମ୍ବା ଜୁରେଲଙ୍କ ମଧ୍ୟରୁ ଜଣେ ଏହି ପୋଜିସନରେ ଖେଳିପାରିବେ।

ଲର୍ଡ୍ସରେ ତୃତୀୟ ଟେଷ୍ଟ ଖେଳିବାବେଳେ ଆକାଶ ଦୀପ୍ ଆହତ ହୋଇଥିଲେ। ଦ୍ୱିତୀୟ ଟେଷ୍ଟରେ ସେ ୧୦ଟି ୱିକେଟ ନେଇ ଭାରତକୁ ଜିତାଇଥିଲାବେଳେ ତୃତୀୟ ଟେଷ୍ଟରେ ସେପରି କିଛି ପ୍ରଭାବ ପକାଇ ପାରି ନ ଥିଲେ। ଏପରିକି ସେ ତାଙ୍କ ବୋଲିଂ ରିଦିମ୍‌ରେ ଖେଳିପାରି ନ ଥିଲେ। ହ୍ୟାରୀ ବ୍ରୁକ୍‌ଙ୍କ ସହ ଧକ୍କା ଖାଇବା ପରେ ତୃତୀୟ ଟେଷ୍ଟରେ ତାଙ୍କର ଭୂମିକା କମିଯାଇଥିଲା। ତୃତୀୟ ଦିନ ନାଇଟ୍‌ୱାଚ୍‌ମ୍ୟାନ୍ ଭାବେ ବ୍ୟାଟିଂ କରିବାକୁ ଆସି ଆଉଟ ହୋଇଥିଲେ। ଚତୁର୍ଥ ଦିନ ପରଠାରୁ ସେ ପଡ଼ିଆ ଛାଡ଼ିବା ପରେ ଆଉ ଖେଳିବାକୁ ଆସି ନ ଥିଲେ। ଏବେ ସେ ଟିମ୍ ସହ ଅଭ୍ୟାସ ଲାଗି ଆଦୌ ଆସି ନ ଥିଲେ। କିନ୍ତୁ ଫିଜିଓଙ୍କ ସେ ଫିଟ୍‌ନେସ ଟ୍ରେନିଂ କରୁଥିବା ଦେଖାଯାଇଥିଲା। ଅନ୍ୟପକ୍ଷରେ ଅର୍ଶଦୀପ୍ ଜୋରଦାର ଅଭ୍ୟାସ କରୁଥିଲେ। କିନ୍ତୁ ବୋଲିଂ କଲାବେଳେ ଫଲୋ ଥ୍ରୁରେ ଫିଲ୍ଡିଂ କରିବାକୁ ଯାଇ ସେ ତାଙ୍କ ବୋଲିଂ କରୁଥିବା ବାମହାତରେ ଆହତ ପାଇଥିଲେ। ଏହା ପରେ ସେ ହାତ ବ୍ୟାଣ୍ଡେଜ୍ କରି ବସିରହିଥିଲେ। ଏଣୁ ତାଙ୍କର ଖେଳିବା ନେଇ ଆଶଙ୍କା ସୃଷ୍ଟି ହୋଇଛି। ଆକାଶ ଦୀପ୍ ଫିଟ୍ ହୋଇ ନ ଥିଲେ ଅର୍ଶଦୀପ ତାଙ୍କ ସ୍ଥାନରେ ଚତୁର୍ଥ ଟେଷ୍ଟରେ ନିଶ୍ଚିତ ଖେଳିଥାନ୍ତେ। କିନ୍ତୁ ଏବେ ଉଭୟ ଖେଳାଳିଙ୍କ ଖେଳିବା ନେଇ ଆଶଙ୍କା ପ୍ରକାଶ ପାଇବା ପରେ ଭାରତର ଟିମ୍ ମ୍ୟାନେଜ୍‌ମେଣ୍ଟ ଅଡୁଆ ପରିସ୍ଥିତିରେ ପଡ଼ିଛି।

## ପାକିସ୍ତାନ ସହ ଖେଳିବାକୁ ମନାକଲେ ଭାରତୀୟ ଖେଳାଳି

**ଲଣ୍ଡନ,୨୦।୭ (ଏଜେନ୍ସି):** ଇଂଲଣ୍ଡ କ୍ରିକେଟ ବୋର୍ଡ ଦ୍ୱାରା ସ୍ୱୀକୃତିପ୍ରାପ୍ତ ୱାର୍ଲ୍ଡ ଚାମ୍ପିଅନ୍ସ ଲିଗ୍‌ରେ ପାକିସ୍ତାନ ସହ ଖେଳିବାକୁ ଭାରତର ୬ଜଣ ଖେଳାଳି ମନା କରିବା ଫଳରେ ଉଭୟ ଦେଶ ମଧ୍ୟରେ ହେବାକୁ ଥିବା ମୁକାବିଲାକୁ ବାତିଲ କରିଦିଆଯାଇଛି। ରବିବାର ଏହି ମ୍ୟାଚ୍ ବର୍ମିଂହାମ୍‌ରେ ଖେଳାଯିବାର ଥିଲା। କିନ୍ତୁ ଭାରତୀୟ ଦଳରେ ସାମିଲ ହୋଇଥିବା ଯୁବରାଜ ସିଂହ, ସୁରେଶ ରାଇନା, ହରଭଜନ ସିଂହ, ଇର୍ଫାନ ପଠାନ ଓ ଶିଖର ଧାୱନ ପାକିସ୍ତାନ ସହ ଖେଳିବାକୁ ମନା କରିବାରୁ ଏହି ମ୍ୟାଚ୍‌କୁ ବାତିଲ କରିବାକୁ ପଡ଼ିଛି।

## କର୍ଣ୍ଣାଟକକୁ ଫେରିଲେ କରୁନ୍

**ନୂଆଦିଲ୍ଲୀ,୨୦।୭ (ଏଜେନ୍ସି):** ଭାରତ ପକ୍ଷରୁ ଇଂଲଣ୍ଡରେ ଟେଷ୍ଟ ଖେଳୁଥିବା ବ୍ୟାଟର କରୁନ ନାୟାର ଚଳିତ କ୍ରିକେଟ ଋତୁରେ ନିଜ ରାଜ୍ୟ କର୍ଣ୍ଣାଟକ ପକ୍ଷରୁ ଖେଳିବେ। ସେ ଗତ ଦୁଇବର୍ଷ ହେଲା ବିଦର୍ଭ ପକ୍ଷରୁ ଖେଳିଆସୁଛନ୍ତି। ଅନ୍ୟପକ୍ଷରେ କର୍ଣ୍ଣାଟକର ୩୨ ବର୍ଷୀୟ ଫାଷ୍ଟ ବୋଲର ବାସୁକି କୌଶିକ୍ ଏବର୍ଷ ଗୋଆ ପକ୍ଷରୁ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ମୁମ୍ବଇର ଯଶସ୍ୱୀ ଜୟସ୍ୱାଲ ଗୋଆରୁ ଖେଳିବାକୁ ରାଜି ହୋଇଥିଲେ ମଧ୍ୟ ପରେ ମନା କରିଦେଇଛନ୍ତି। ଏହା ମଧ୍ୟରେ ମହମ୍ମଦ୍ ସାମି ବେଙ୍ଗଲ ରଣଜୀ ସମ୍ଭାବ୍ୟ ଦଳରେ ସ୍ଥାନ ପାଇଛନ୍ତି।



## ବିସି ରାୟ ଟ୍ରଫିରେ ଓଡ଼ିଶା ପରାସ୍ତ

**କଟକ,୨୦।୭ (ସମିସ):** ପଞ୍ଜାବର ଅମ୍ରିତସରରେ କନିଷ୍ଠ ବାଳକ ଜାତୀୟ ଫୁଟବଲ ଚାମ୍ପିଅନସିପ୍ ଡଃ ବି.ସି ରାୟ ଟ୍ରଫି ଆଜିଠାରୁ ଆରମ୍ଭ ହୋଇଛି। ଗ୍ରୁପ-ସିରେ ସ୍ଥାନ ପାଇଥିବା ଓଡ଼ିଶା ପ୍ରଥମ ମୁକାବିଲାରେ ପରାଜୟର ସମ୍ମୁଖୀନ ହୋଇଛି। ଜିଏନଡିୟୁ ସ୍ପୋର୍ଟସ କମ୍ପ୍ଲେକ୍ସରେ କର୍ଣ୍ଣାଟକ ୩-୧ ଗୋଲରେ ବିଜୟ ହାସଲ କରିଛି। ୬ଷ୍ଠ ମିନିଟରେ ଓଡ଼ିଶା ଫରୱାର୍ଡ ଇଶାନ୍ତ କୁମାର ଦଳ ନିମନ୍ତେ ଗୋଲ ଖାତା ଖୋଲିଥିଲେ। ୭ମ ମିନିଟରେ କର୍ଣ୍ଣାଟକର ହୃଷିକେଶ ଚରଣ ଗୋଲ ଦେଇ ସ୍ଥିତି ବରାବର କରିଥିଲେ। ୧୭ତମ ମିନିଟରେ ପଭିଶ କୁମାର ଏବଂ ଅତିରିକ୍ତ ୪୮ତମ ମିନିଟରେ ହୃଷିକେଶଙ୍କ ବ୍ୟକ୍ତିଗତ ଦ୍ୱିତୀୟ ଗୋଲ ଯୋଗୁଁ କର୍ଣ୍ଣାଟକ ୩-୧ରେ ଆଗୁଆ ରହିଥିଲା। ଦ୍ୱିତୀୟାର୍ଦ୍ଧର ଖେଳ ଗୋଲ ଶୂନ୍ୟ ରହିବା ସହ କର୍ଣ୍ଣାଟକ ବିଜୟୀ ହୋଇଥିଲା। ବିବି ରତ୍ନି ସ୍ପୋର୍ଟସ ଷ୍ଟାଡିୟମରେ ୨୨ ତାରିଖରେ ଓଡ଼ିଶା ମଣିପୁର ବିପକ୍ଷରେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳିବ।



ପ୍ରସିଦ୍ଧ ମାଞ୍ଚେଷ୍ଟର ୟୁନାଇଟେଡ୍ ଖେଳାଳିଙ୍କ ସହ ଭାରତୀୟ କ୍ରିକେଟ ଦଳର ସଦସ୍ୟମାନେ

## ବ୍ୟାଡ୍‌ମିଣ୍ଟନରେ ଭାରତକୁ ଐତିହାସିକ କାଂସ୍ୟ

**ଭୁବନେଶ୍ୱର, ୨୦।୭ (ସମିସ):** ଜର୍ମାନୀରେ ଚାଲିଥିବା ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ାର ବ୍ୟାଡ୍‌ମିଣ୍ଟନରେ ଭାରତ ଐତିହାସିକ କାଂସ୍ୟ ପଦକ ବିଜୟୀ ହୋଇଛି। ରବିବାର ଅନୁଷ୍ଠିତ ମିକ୍ସଡ୍ ଟିମ୍ ସେମିଫାଇନାଲରେ ଭାରତ ୨-୩ରେ ଚାଇନିଜ ତାଇପେଇ ନିକଟରୁ ହାରି କାଂସ୍ୟ ପଦକରେ ସନ୍ତୁଷ୍ଟ ରହିଥିଲା। ଏହି ସମ୍ମାନଜନକ କ୍ରୀଡ଼ା ଇତିହାସରେ ବ୍ୟାଡ୍‌ମିଣ୍ଟନରୁ ଭାରତ ପ୍ରଥମ ପଦକ ବିଜୟୀ ହୋଇଛି। କାଂସ୍ୟ ବିଜୟୀ ଭାରତୀୟ ଦଳର ଅଧିକାଂଶ ବ୍ୟାଡ୍‌ମିଣ୍ଟନ ଖେଳାଳି କିଟ୍ ବିଶ୍ୱବିଦ୍ୟାଳୟରେ ଅନୁଷ୍ଠିତ ପ୍ରଶିକ୍ଷଣ ଶିବିରରେ ଅଂଶଗ୍ରହଣ କରିଥିଲେ। ଏହି ସଫଳତା ଲାଗି କିଟ୍ ଓ କିସ୍‌ର ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ସମସ୍ତ ଖେଳାଳିଙ୍କୁ ଅଭିନନ୍ଦନ ଜଣାଇଛନ୍ତି। କିଟ୍‌ରେ ଅଧ୍ୟୟନ କରୁଥିବା ଅନିମେଶ କୁଜୁରଙ୍କ ଉପରେ ଏବେ ସମସ୍ତଙ୍କ ନଜର ରହିଛି। ଅନିମେଶ ୧୦୦, ୨୦୦ ଓ ୪ଗୁଣା ୧୦୦ ମିଟର ରିଲେ ରେସରେ ଭାଗନେବେ।

ବିଶ୍ୱ ବିଶ୍ୱବିଦ୍ୟାଳୟ କ୍ରୀଡ଼ା

## ଆନ୍ଧ୍ରପ୍ରଦେଶରେ ଓଡ଼ିଶା ଦଳର ଫିଟ୍‌ନେସ୍ ଶିବିର

**କଟକ,୨୦।୭ (ସମିସ):** ଆନ୍ଧ୍ରପ୍ରଦେଶର ଅନନ୍ତପୁରରେ ଓଡ଼ିଶା କ୍ରିକେଟ ଦଳର ୨୦ ଦିନିଆ ଫିଟ୍‌ନେସ୍ ଓ କୌଶଳ ବିକାଶ ଶିବିର ଅନୁଷ୍ଠିତ ହେବ। ଏଥି ନିମନ୍ତେ ୨୭ ଜଣିଆ ଦଳ ଆନ୍ଧ୍ରପ୍ରଦେଶ ଯାତ୍ରା କରିଛି। ବିସିସିଆଇର ଆଗାମୀ ଘରୋଇ ସିଜନକୁ ଦୃଷ୍ଟିରେ ରଖି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ଏଭଳି ପଦକ୍ଷେପ ନେଇଛି। ୨୭ ଜଣିଆ ଦଳରେ ବରିଷ୍ଠ ବର୍ଗର ଖେଳାଳିଙ୍କ ସମେତ ୨୩ବର୍ଷରୁ କମ୍ ଏବଂ ୧୯ ବର୍ଷରୁ କମ୍ ବୟସ ବର୍ଗର ଖେଳାଳି ମଧ୍ୟ ରହିଛନ୍ତି। ରାଜ୍ୟ ବରିଷ୍ଠ ଦଳର ମୁଖ୍ୟ କୋଚ୍ ସୁରେନ୍ଦ୍ର ଭାବେ, ସହକାରୀ କୋଚ୍ ସୌରଭ ସେହଗଲ୍, ଫିଜିଓଥେରାପିଷ୍ଟ ରୋନି ଚାଟାର୍ଜୀ, ଗୌରବ କୋଶିକସହ ରତ୍ନାକର ବେହେରା ଦଳ ସହ ଯାତ୍ରା କରିଛନ୍ତି।

## ଏସ୍‌ଆର୍ ରାଜ୍ୟସ୍ତରୀୟ ସ୍କୁଲ ଚେସ୍ ଉଦ୍‌ଯାପିତ

# ଟାଇଟଲ ଜିତିଲେ ଶ୍ରଦ୍ଧାସ୍ମରଣିକା

ଭୁବନେଶ୍ୱର,୨୦।୭ (ସମିସ)]

କଟକର ଶ୍ରଦ୍ଧା ସ୍ମରଣିକା ନନ୍ଦ ଏସ୍‌ଆର୍ ରାଜ୍ୟସ୍ତରୀୟ ସ୍କୁଲ ଓପନ ଚେସ୍ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ପ୍ରତିଯୋଗିତା ଶେଷରେ ଶ୍ରଦ୍ଧା ଓ ଚନ୍ଦ୍ରଶେଖରପୁର ଡିଏଭି ସ୍କୁଲ୍‌ର ଓମ୍ ସ୍ୱରୂପ ପାଢ଼ୀ ସମାନ ୬.୫ ପଏଣ୍ଟ ଲେଖାଏଁ ସଂଗ୍ରହ କରିଥିଲେ। କିନ୍ତୁ ବୁକୋଲ୍‌ଜ୍‌ରେ ଶ୍ରଦ୍ଧା ପ୍ରଥମ ଓ ଓମ୍ ରନର୍ସ ଅପ୍ ହୋଇଥିଲେ। ଓଡିଏମ୍ ପବ୍ଲିକ୍ ସ୍କୁଲ୍‌ର ସାୟାଂଶ ଦାସ ତୃତୀୟ, ଆୟେଷା ମହାନ୍ତି ଚତୁର୍ଥ, ଡିପିଏସ୍ କଳିଙ୍ଗାର ଆଦଭିକ୍ ଅଦ୍ୱୈତ ସ୍ୱାଇଁ ୫ମ, ମଦର୍ସର ସତ୍ୟମ ସ୍ୱରୂପ ସାହୁ ୬ଷ୍ଠ, ଲଳିତ ରଞ୍ଜନ ସାହୁ ୭ମ, ରୋହିତ ମଲ୍ଲିକ ୮ମ, ସନ୍ ପବ୍ଲିକ୍‌ର ଶିବାଦିତ୍ୟ ଦାସ ୯ମ ଓ ବଲାଙ୍ଗୀର ଓଏଭିର ଦେବାଂଶ ନାଏକ ୧୦ମ ସ୍ଥାନ ଅଧିକାର କରିଛନ୍ତି।

ଓଡ଼ିଶାର ପ୍ରମୁଖ ଚେସ୍ ପ୍ରଶିକ୍ଷଣ କେନ୍ଦ୍ର ଏସ୍‌ଆର୍ ଚେସ ସେଣ୍ଟର ଓ ଡି ୱେଟ୍‌ଟରବିର୍ୱେର ମିଳିତ ସହଯୋଗରେ ଏହି ପ୍ରତିଯୋଗିତା ଅନ୍ତର୍ଜାତୀୟ ଚେସ୍ ଦିବସ ପାଳନ ଅବସରରେ ଆଜି କଟକ ତ୍ରିଶୁଳିଆସ୍ଥିତ ସେରେମୋନିୟମ ମଣ୍ଡପ ପରିସରରେ ଆୟୋଜିତ ହୋଇଥିଲା। ଏଥିରେ ସମଗ୍ର ରାଜ୍ୟରୁ ୧୭୦ ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଚାମ୍ପିଅନ୍ ଶ୍ରଦ୍ଧାଙ୍କୁ ଟ୍ରଫି ସହ ୫,୦୦୦ ଟଙ୍କା ପ୍ରଦାନ କରାଯାଇଥିଲା। ମୋଟରେ ୨୦,୦୦୦ ଟଙ୍କାର ପୁରସ୍କାର ଦିଆଯାଇଥିଲା ବୋଲି ଆୟୋଜକ ଏସ୍‌ଆର ଚେସ ସେଣ୍ଟରର ସମ୍ପାଦକ ସତ୍ୟରଞ୍ଜନ ପଟ୍ଟନାୟକ ଓ ସଭାପତି ଶୁଭାଶିଷ ପଟ୍ଟନାୟକ ଜଣାଇଛନ୍ତି।



## ଉଦୟକାନ୍ତ ଜିତିଲେ ରାଜ୍ୟ ସ୍କୁଲ ଓପନ ଚେସ୍

**ଭୁବନେଶ୍ୱର,୨୦।୭ (ସମିସ):** ଉଦୟକାନ୍ତ ନାୟକ ଓଡ଼ିଶା ରାଜ୍ୟ ଚେସ ସଂଘ ଆନୁକୂଲ୍ୟରେ ଆୟୋଜିତ ରାଜ୍ୟ ସ୍କୁଲ ଓପନ ଚେସ୍‌ରେ ଟାଇଟଲ ବିଜୟୀ ହୋଇଛନ୍ତି। ଭୁବନେଶ୍ୱର ଶାନ୍ତନୁ ଇଂଲିଶ ମିଡିୟମ୍ ସ୍କୁଲ୍‌ର ଛାତ୍ର ଶାନ୍ତନୁ ୫ରାଉଣ୍ଡରୁ ୫ ପଏଣ୍ଟ ପାଇ ପ୍ରଥମ ସ୍ଥାନରେ ରହିଥିଲେ। ଚନ୍ଦ୍ରଶେଖରପୁର ଡିଏଭି ପବ୍ଲିକ୍ ସ୍କୁଲ୍‌ର ସାତ୍ତ୍ୱିକ ସ୍ୱାଇଁ ରନର୍ସ ଅପ୍, ଲୋୟଲା ସ୍କୁଲ୍‌ର ମନୀଷ ମିଶ୍ର ତୃତୀୟ ଓ ସୁମନ ପ୍ରତୀକ ମିଶ୍ର ଚତୁର୍ଥ, ସାଇ ଇଣ୍ଟରନ୍ୟାସନାଲ ସ୍କୁଲ୍‌ର ଏଏ ଦାସ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି। ଖେଳ ଶେଷରେ ଦେବାଶିଷ ପାଣିଗ୍ରାହୀ, ସୁଦେଷ୍ଣା ନନ୍ଦ ଓ ବିରଞ୍ଚି ପାଣିଗ୍ରାହୀ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଚାମ୍ପିଅନଙ୍କୁ ଟ୍ରଫି ସହ ୧୦,୦୦୦ ଟଙ୍କା ଓ ରନର୍ସ ଅପ୍ ସାତ୍ତ୍ୱିକଙ୍କ ଟ୍ରଫି ସହ ୭,୦୦୦ ଟଙ୍କା ପୁରସ୍କାର ପ୍ରଦାନ କରାଯାଇଥିଲା।




## ସୌମ୍ୟଙ୍କୁ ୮୪ତମ ଟାଇଟଲ

**ଭୁବନେଶ୍ୱର,୨୦।୭ (ସମିସ):** ଅନ୍ତର୍ଜାତୀୟ ଚେସ ଦିବସ ଅବସରରେ ନେକ୍ସସ ଏସ୍‌ପ୍ଲାନେଡ୍ ମଲ ପରିସରରେ ରବିବାର ଆୟୋଜିତ ଟୁର୍ଣ୍ଣାମେଣ୍ଟରେ ଫିଡେ ମାଷ୍ଟର ସୌମ୍ୟରଞ୍ଜନ ମିଶ୍ର ଚାମ୍ପିଅନ ହୋଇଛନ୍ତି। ସୌମ୍ୟଙ୍କର ଏହା ୮୪ତମ ଟାଇଟଲ। ଏହି ଟୁର୍ଣ୍ଣାମେଣ୍ଟରେ ତପନ ବଡମୁଣ୍ଡି, ଫକିର ମାଝୀ, କୌସ୍ତୁଭ ଦାଶ, ମନୀନ୍ଦ୍ର କାର୍ଜୀ ଯଥାକ୍ରମେ ଦ୍ୱିତୀୟରୁ ପଞ୍ଚମ ସ୍ଥାନ ଅଧିକାର କରିଛନ୍ତି।






ଅନ୍ତର୍ଜାତୀୟ ଚେସ ଦିବସ ଅବସରରେ ଭୁବନେଶ୍ୱର ପ୍ରୋଚେସ୍‌ଟା ଆନୁକୂଲ୍ୟରେ ଆୟୋଜିତ ଟୁର୍ଣ୍ଣାମେଣ୍ଟକୁ ଉଦ୍‌ଘାଟନ କରୁଛନ୍ତି ଅଲିମ୍ପିଆନ ଅନୁରାଧା ବିଶ୍ୱାଳ

### ସାହାଣୀ କପ୍-୨୦୨୫

## ଗଜପତିକୁ ହରାଇଲା ଭୁବନେଶ୍ୱର



**କଟକ,୨୦।୭ (ସମିସ):** ଫୁଟବଲ ଆସୋସିଏସନ ଅଫ୍ ଓଡ଼ିଶା(ଫାଓ) ଏବଂ ରାଜ୍ୟ କ୍ରୀଡ଼ା ବିଭାଗ ମିଳିତ ଆନୁକୂଲ୍ୟରେ ୬୪ତମ ବରିଷ୍ଠ ପୁରୁଷ ଆନ୍ତଃଜିଲ୍ଲା ଫୁଟବଲ ଚାମ୍ପିଅନସିପ୍ ସାହାଣୀ କପ୍ ରାଜ୍ୟର ୪ଟି ଜୋନ୍‌ରେ ଖେଳାଯାଉଛି। ରବିବାର ବ୍ରହ୍ମପୁର ଜୋନରେ ଅନୁଷ୍ଠିତ ଏକ ମ୍ୟାଚରେ ଭୁବନେଶ୍ୱର ୩-୨ ଗୋଲରେ ଗଜପତିକୁ ପରାସ୍ତ କରିଥିଲା। ଖେଳର ଦ୍ୱିତୀୟ ଏବଂ ୩ୟ ମିନିଟରେ ଲଗାତର ଦୁଇଟି ଗୋଲ ସ୍କୋର କରି ଭୁବନେଶ୍ୱର ଆରମ୍ଭରୁ ପ୍ରାଧାନ୍ୟ ବିସ୍ତାର କରି ରଖିଥିଲା। ଗୁଲସନ ଡିଗଲ ଏବଂ ବିଘ୍ନେଶ ସାମଲ ପ୍ରଥମ ଦୁଇ ଗୋଲ ଦେଇଥିଲେ। ୨୯ତମ ମିନିଟରେ ଅସୀମ ଡୁଙ୍ଗଡୁଙ୍ଗ'ଙ୍କ ଗୋଲ ସହାୟତାରେ ଭୁବନେଶ୍ୱର ମ୍ୟାଚ୍‌ରେ ସ୍ଥିତିକୁ ସୁଦୃଢ଼ କରିଥିଲା। ତେବେ ଏହାର ଦୁଇ ମିନିଟ ପରେ ଗଜପତି ଗୋଟିଏ ଗୋଲ୍ ସୁଝାଇବାରେ ସକ୍ଷମ ହୋଇଥିଲା। ଖୁଡିଆ ହାଁସଦା ଏହି ଗୋଲ ସ୍କୋର କରିଥିଲେ। ୩-୧ ସ୍ଥିତିରେ ପ୍ରଥମାର୍ଦ୍ଧର ଖେଳ ସମାପ୍ତ ହୋଇଥିଲା। ପଛୁଆ ଥିବା ଗଜପତି ୬୬ତମ ମିନିଟରେ ଦ୍ୱିତୀୟ ଗୋଲ୍ ଦେଇ ମ୍ୟାଚ୍‌କୁ ପ୍ରତ୍ୟାବର୍ତ୍ତନର ବାଟ ଫିଟାଇଥିଲା। ଖୁଡିଆ ଦଳ ନିମନ୍ତେ ଦ୍ୱିତୀୟ ଗୋଲ୍ ମଧ୍ୟ ଦେଇଥିଲେ। ତେବେ ଅବଶିଷ୍ଟ ସମୟରେ କୌଣସି ଗୋଲ ନହେବା ଯୋଗୁଁ ଭୁବନେଶ୍ୱର ବିଜୟ ପଏଣ୍ଟ ହାତେଇଥିଲା। ଏହି ଜୋନରେ ଅନୁଷ୍ଠିତ ଅନ୍ୟ ଏକ ମ୍ୟାଚ୍‌ରେ ନବରଙ୍ଗପୁର ୨-୧ ଗୋଲରେ ଗଞ୍ଜାମକୁ ହରାଇଛି। କେନ୍ଦୁଝର ଜୋନରେ ଅନୁଗୋଳ ୪-୩ ଗୋଲରେ ଯାଜପୁରକୁ, ରାଉରକେଲା ଷ୍ଟିଲ ପ୍ଲାଣ୍ଟ ୧-୦ ଗୋଲରେ କେନ୍ଦୁଝରକୁ, କେନ୍ଦ୍ରାପଡ଼ା ଜୋନରେ କେନ୍ଦ୍ରାପଡ଼ା ୧-୦ ଗୋଲରେ ଜଗତସିଂହପୁରକୁ, ଝାରସୁଗୁଡା ୫-୩ ଗୋଲରେ ଭଦ୍ରକକୁ, ବୌଦ୍ଧ ଜୋନରେ ବଲାଙ୍ଗିର ୩-୧ ଗୋଲରେ ନୂଆପଡାକୁ ହରାଇଥିବା ବେଳେ ବୌଦ୍ଧ ଏବଂ କନ୍ଧମାଳ ବିପକ୍ଷ ମ୍ୟାଚ୍ ଗୋଲ୍‌ଶୂନ୍ୟ ଭାବେ ଶେଷ ହୋଇଥିଲା।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, PLOT NO.125, IRRIGATION COLONY, JEYPORE-764001, DIST: KORAPUT, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS